



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 42 •ISSUE-348 •BHUBANESWAR •MONDAY •16 JUNE 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୨ •ସଂଖ୍ୟା-୩୪୮ •ଭୁବନେଶ୍ୱର •ସୋମବାର •୧୬ ଜୁନ୍ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦



ADMISSION OPENS

+2 1ST YR Sc. (CHSE & CBSE) & NEET-2025-26

# TETRAHEDRON
## GROUP OF INSTITUTIONS

Tangi,Cuttack,

For Admission Contact :-

8093064522, 8093064525,9040363480, 7008222977

## NEET RESULTS -2025

| Marks | AIR | Category Rank | Name | Place | Mobile |
|---|---|---|---|---|---|
| 590 | AIR-2241 | 762 | SOURAV RANJAN | JAJPUR | M. : 9337135920 |
| 588 | AIR-2418 | 1329 | PRANAB KUMAR | CUTTACK | M : 9348405006 |
| 585 | AIR-2839 | 220 | AMIT ANSUMAN | JAJPUR | M : 8260552053 |
| 578 | AIR-3798 | 1414 | G.S TANISHA | BHADRAK | M : 6370203229 |
| 575 | AIR-4483 | 1714 | SOUMYA RANJAN | KENDRAPARA | M: 9853490176 |
| 574 | AIR-4690 | 113 | ASHUTOSH (SC) | SAMBALPUR | M : 9438110102 |
| 574 | AIR-4551 | 1743 | SUBHASANKAR | BALASORE | M. : 9556941413 |
| 572 | AIR-5040 | 1968 | ASHUTOSH | KENDRAPARA | M : 7735074814 |
| 571 | AIR-5170 | 2530 | SOMESH PRASAD | TALCHER, ANGUL | M. : 7849035336 |
| 568 | AIR-5836 | 2793 | SWARAJ | JAGATSINGHPUR | M. : 6372296215 |
| 567 | AIR-6281 | 2980 | MONALISHA | KEONJHAR | M. : 9938758948 |
| 567 | AIR-6262 | 590 | ANSUMAN | CUTTACK | M. :6372343040 |
| 565 | AIR-6808 | 2755 | RAJESH | JAJPUR | M : 6370895135 |
| 564 | AIR-7229 | 3377 | ARCHITA | CUTTACK | M. : 7978178553 |
| 564 | AIR-2241 | 762 | PRASANTA KU. | JAJPUR | M : 7894331492 |
| 562 | AIR-7733 | 755 | ASIS KU. | KEONJHAR | M : 9827856657 |
| 560 | AIR-6105 | 3362 | SUBHASHISH | JAJPUR | M. : 9040499240 |
| 559 | AIR-8790 | 4013 | SOVNA | JAJPUR | M : 7978917103 |
| 558 | AIR-8910 | 3873 | SATYARANJAN | CUTTACK | M. : 8249555100 |
| 555 | AIR-10001 | 4505 | KABIR | CUTTACK | M. :8917235240 |
| 553 | AIR-10868 | 4844 | IRA MOHANTY | JAJPUR | M. :9438174925 |
| 552 | AIR-11400 | 1844 | SURYASNAT | SALIPUR,CUTTACK | M. : 9439942163 |
| 552 | AIR-11200 | 4738 | SWATI SNIGDHA | BARIPADA | M. : 9040575691 |
| 551 | AIR-11844 | 5213 | SOUBHAGYA RANJAN | JAJPUR | M. : 9692767335 |
| 550 | AIR-12293 | 5263 | JAYASHREE | JAJPUR | M. : 7077298174 |
| 549 | AIR-12842 | 5591 | SANJIB KU. | CUTTCK | M. : 8658284937 |
| 549 | AIR-12780 | 1372 | PRADIPTA KU. | CUTTACK | M. :8338869928 |
| 549 | AIR-12748 | 5483 | R.S BHAKTI SWARUPA | CUTTACK(MAHANGA) | M. :9777746799 |
| 548 | AIR-13272 | 1436 | RUDRA NARAYAN | JAJPUR | M : 8908938985 |
| 548 | AIR-13018 | 1400 | RAJKUMAR | BHUBANESWAR | M. : 9692089794 |
| 548 | AIR-13377 | 5793 | AMIT KU. | JAJPUR | M : 9348601405 |
| 545 | AIR-14827 | 6475 | SUBHANKAR | JAJPUR | M. : 9310079902 |
| 544 | AIR-15048 | 6412 | AMIT KU. | CUTTACK | M. : 9692868645 |
| 542 | AIR-16115 | 6792 | RITIK NARENDRA | NAYAGARH | M. :7855924761 |
| 541 | AIR-16789 | 7429 | ANUPAMA | JAJPUR | M. :8260543757 |
| 541 | AIR-16951 | 7308 | JYOTIRANJAN | JAGATSINGHPUR | M. :9090317675 |
| 540 | AIR-17367 | 7688 | IPSITA | BARIPADA | M. : 7847007731 |
| 540 | AIR-17183 | 7614 | GYANARANJAN | JAJPUR | M. :8984012686 |
| 539 | AIR-18094 | 2014 | RAJENDRA | KENDRAPARA | M. :8249757722 |
| 539 | AIR-18150 | 7530 | SWARNAPRAVA | BHADRAK | M. : 9348538749 |
| 539 | AIR-17974 | 7990 | ASHUTOSH | JAJPUR | M. :9438213231 |
| 539 | AIR-18113 | 7518 | ARUP | ANGUL | M. : 8260114745 |
| 538 | AIR-18804 | 8370 | ASISH | KENDRAPARA | M. : 8093906398 |
| 538 | AIR-000 | 000 | ROHIT RASHMI | KHORDHA | M. : 9090478270 |
| 538 | AIR-18329 | 7603 | SARASWATA | CUTTACK | M. :9827707252 |
| 535 | AIR-20761 | 9399 | SACHITANANDA | KENDRAPARA | M. : 7978636315 |
| 535 | AIR-20362 | 6360 | PRAGYAN PARAMITA | | M. : 7008984646 |
| 534 | AIR-21361 | 9650 | DEBASMITA(SGS) | ANGUL | M. :7848987971 |
| 533 | AIR-22099 | 8971 | SUBHAM | BHADRAK | M. : 9937533036 |
| 532 | AIR-22673 | 2585 | LOKANTH | DHENKANAL | M. :8984711270 |
| 531 | AIR-23543 | 2705 | DEEPANKAR | JAJPUR | M. :7750878883 |
| 531 | AIR-23310 | 9394 | SUBHASHREE | JAJPUR | M. : 7077329698 |
| 531 | AIR-23105 | 2644 | SAIEED | JAJPUR | M. :8984303637 |

## OUR ACHIEVERS FOR AIIMS

| Marks | Name | Mobile | AIIMS |
|---|---|---|---|
| 710 | KAMALAKANTA | Mob. : 8249906661 | AIIMS,BBSR(2024) |
| 700 | RAHUL | M. : 6372741832 | AIIMS,RAIPUR(2024) |
| 697 | SUSHREE SANGITA | Mob. : 9810975701 | AIIMS,DELHI(2021) |
| 695 | OMM PRAKASH | M. : 6372521307 | AIIMS,GRORAKHAPUR(2024) |
| 695 | SWAGATIKA | M. : 7381845430 | AIIMS GORAKHAPUR(2024) |
| 680 | DEVASIS SAHOO | Mob. : 9861492793 | AIIMS BBSR(2021) |
| 675 | ASHIRBAD BISWAL | Mob. : 7846821473 | AIIMS GORAKHPUR(2023) |
| 670 | ADITYA NARAYAN | M. : 8260333635 | AIIMS MADURAI(2024) |
| 670 | ANUPAM NAYAK | Mob. : 7205755502 | AIIMS KALYANI (2023) |
| 665 | SATYAJIT NAYAK | Mob. : 8260601336 | AIIMS RAIPUR(2022) |

| 590+ MARKS | 580+ MARKS | 570+ MARKS | 560+ MARKS | 550+ MARKS | 540+ MARKS |
|---|---|---|---|---|---|
| 01 STUDENT | 03 STUDENTS | 09 STUDENTS | 17 STUDENTS | 25 STUDENTS | 38 STUDENT |

| 530+ MARKS | 520+ MARKS | 515+ MARKS | GOVT. MBBS | AIIMS | SCB |
|---|---|---|---|---|---|
| 53 STUDENTS | 65 STUDENTS | 79 STUDENTS | 95-110 EXPECTED | 10 EXPECTED | 20 EXPECTED |

TETRAHEDRON HIGHER SECONDARY SCHOOL
TETRAHEDRON WOMEN'S HIGHER SECONDARY SCHOOL
TETRAHEDRON RESIDENTIAL COACHING FOR NEET & JEE

Qualifying & Scholarship Test for NEET :
22nd JUNE 2025 (Exam from 11am. to 2.00pm.)
FOR ONLINE REGISTRATION VISIT OUR WEBSITE :
https://neet.tetrahedroncoaching.com

### Course Fees According to NEET Score -2025

- For Student Scoring 500 above : Free
- For Student Scoring 490 above : Rs. 10,000/- +(GST)
- For Student Scoring 480 above : Rs. 20,000/- +(GST)
- For Student Scoring 470 above : Rs. 30,000/- +(GST)
- For Student Scoring 460 above : Rs. 40,000/- +(GST)
- For Student Scoring 450 above : Rs. 50,000/- +(GST)
- For Student Scoring 425 above : Rs. 60,000/- +(GST)
- For Student Scoring 400 above : Rs. 65,000/- +(GST)
- For Student Scoring 350 above : Rs. 70,000/- +(GST)
- For Student Scoring 300 above : Rs. 75,000/- +(GST)

For very very poor student scoring 500+ in NEET 2025 Hostel fees also free

## OUR CHSE RESULTS -2025



581
ABINASH PANDA
R. NO. : 312CZ142
MOB. : 8926374475

| Marks | Name | R.NO. | Mobile |
|---|---|---|---|
| 578 | ANUNJAYA | 312CZ044 | M. : 9937820270 |
| 575 | HARAPRASAD | 312CZ052 | M. : 9777635809 |
| 574 | ANANYA ANUPRITA | 321CZ001 | M. : 6372522094 |
| 574 | ANANYA | 321CZ018 | M. : 9178552089 |
| 574 | PRIYADARSHINI | 321CZ020 | M. : 8456010982 |
| 574 | RUTUPURNA | 321CZ025 | M. : 8908000397 |
| 573 | ASHUTOSH | 312CZ009 | M. : 7008710810 |
| 573 | SWARNA PRAVA | 321CZ002 | M. : 9348538749 |
| 572 | SOUMYAK | 312CZ015 | M. : 6372996292 |
| 572 | SANDEEP | 312CZ021 | M. : 9438775289 |
| 571 | PRIYANKA | 321CZ016 | M. : 8328937059 |
| 570 | SWAYAM | 312CZ039 | M. : 9583495922 |

99% 1st Division

- RESULT : 99.7%
- ABOVE 95% : 13
- ABOVE 560 : 51
- ABOVE 90% : 185
- ABOVE 89% : 229
- ABOVE 88% : 280
- ABOVE 85% : 446
- ABOVE 500 : 534
- ABOVE 80% : 712
- ABOVE 75% : 902
- ABOVE 70% : 1023
- ABOVE 60% : 1120

ଆମର ମୁଖ୍ୟ strength ହେଉଛି ତ୍ରିଦେବ୍ ସାରଙ୍କ ଦ୍ୱାରା ପିଲାମାନଙ୍କୁ counselling ଏବଂ 24hour guidance, self study from morning 8.00am. to night 2.00am, super specialist teachers and completion of course before 15th December, Weekly Test, 30No. of PTS & VST, Doubt Clearing by Expert Teachers. .

One Year NEET Coaching Starts from 23rd June & 30th June 2025

# ଡେଉଁଛି ଡାଇରିଆ | ଯାଜପୁରରେ ପୁଣି ନେଲା ୩ ଜୀବନ

## ପ୍ରଶାସନ ଉପରୁ ଭରସା ତୁଟିଲା; ଗାଁ ଗାଁରେ ପୂଜାପାଠ

**ଯାଜପୁର,୧୫।୬(ସମିସ):** ଯାଜପୁରରେ ଆଜି ଝାଡ଼ାବାନ୍ତି (ଡାଇରିଆ) ପୁଣି ୩ଜଣଙ୍କ ଜୀବନ ନେଇଥିବା ବେଳେ ୯୬ ନୂଆ ରୋଗୀ ଜିଲ୍ଲାର ବିଭିନ୍ନ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୬ ସଂକଟାପନ୍ନଙ୍କୁ କଟକ ସ୍ଥାନାନ୍ତର କରାଯାଇଛି। ମୃତକମାନେ



ହେଲେ, ଯାଜପୁର ବ୍ଲକ ଖଇରାବାଦ ଗାଁର ଜୟନ୍ତୀ ସାହୁ, କମଳପୁର ଗାଁର ଜଟାଧାରୀ ସାହୁ ଓ ଯାଜପୁର ପୌରପାଳିକା ଅଧୀନ କୋଟବସନ୍ତପୁରର ମଦନମୋହନ ସେନାପତି। ଜୟନ୍ତୀ ଓ ଜଟାଧାରୀଙ୍କ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିବା ବେଳେ ମଦନମୋହନ କଟକ ଏସ୍‌ସିବି ମେଡିକାଲରେ ପ୍ରାଣ ହରାଇଛନ୍ତି।

ଗତ ୬ ଦିନ ତଳୁ ଆରମ୍ଭ ହୋଇଥିବା ଏହି ପ୍ରାଣଘାତୀ ଝାଡ଼ାବାନ୍ତି ଯୋଗୁଁ ଜିଲ୍ଲାରେ ହାହାକାର ପରିସ୍ଥିତି ସୃଷ୍ଟି ହୋଇଥିବା ବେଳେ ଏହାକୁ ନିୟନ୍ତ୍ରଣ କରିବାରେ ପ୍ରଶାସନ ପୂରା ବିଫଳ ହୋଇଛି। ଝାଡ଼ାବାନ୍ତିର ଉତ୍ପତ୍ତିସ୍ଥଳ ଏପର୍ଯ୍ୟନ୍ତ ପାଇପାରୁନାହାଁନ୍ତି। ତେଣୁ ପ୍ରଶାସନ ଓ ସରକାରଙ୍କ ଉପରୁ ଲୋକଙ୍କ ଆସ୍ଥା ତୁଟିବାରେ ଲାଗିଛି। ଏପରି ସ୍ଥିତିରେ ଗାଁଗାଁରେ ଏବେ ଲୋକ ପୂଜାପାଠ କରିବା ଆରମ୍ଭ କରିଦେଇଛନ୍ତି।

- ସ୍ଥିତି ସମୀକ୍ଷା କଲେ ସ୍ୱାସ୍ଥ୍ୟମନ୍ତ୍ରୀ
- ପାଣି ଓ ଖାଦ୍ୟ ନମୁନା ସଂଗ୍ରହ କଲା କେନ୍ଦ୍ରୀୟ ଟିମ୍

ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ମିଳିଥିବା ସୂଚନା ମୁତାବକ, ଗତକାଲି ରାତି ୧୧ଟାରୁ ରବିବାର ସକାଳ ୮ଟା ସୁଦ୍ଧା ଜିଲ୍ଲାରେ ମୋଟ ୨୨୫ ଜଣ ଚିକିତ୍ସିତ ହେଉଥିଲେ। ତେବେ ଆଜି ୯୬ ଜଣ ନୂଆ ରୋଗୀ ବିଭିନ୍ନ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ସେହିପରି, ସନ୍ଧ୍ୟା ସୁଦ୍ଧା ୫୭ ଜଣ ଡିସ୍‌ଚାର୍ଜ ହୋଇଛନ୍ତି ଏବଂ ୨୫୮ ଜଣ ଏବେ ବି ଚିକିତ୍ସିତ ହେଉଛନ୍ତି।

ଅପରପକ୍ଷେ, କେନ୍ଦ୍ରୀୟ ପ୍ରତିନିଧି ଦଳ ଆଜି ଜିଲ୍ଲାରେ ପହଞ୍ଚି ଉଭୟ ପାଣି ଓ ଖାଦ୍ୟ ନମୁନା ସଂଗ୍ରହ କରିଛନ୍ତି। ରିପୋର୍ଟ ଆସିବା ପରେ ହଇଜାର ପ୍ରକୃତ କାରଣ ଜଣାପଡ଼ିବ ବୋଲି ମନ୍ତ୍ରୀ କହିଛନ୍ତି। ଜିଲ୍ଲାରେ ମୃତ୍ୟୁବରଣ କରିଥିବା ରୋଗୀ ସଂଖ୍ୟା ସଂପର୍କରେ ସର୍ଭେ କରାଯାଉଛି ବୋଲି କହିଥିଲେ। ଜିଲ୍ଲାରେ ଥିବା ପ୍ରତ୍ୟେକ ସରକାରୀ ଓ ବେସରକାରୀ ନଳକୂପ, କୂପ ଓ ଓଭରହେଡ ଟାଙ୍କି ଥିବା ଜଳ ଉତ୍ସଗୁଡ଼ିକୁ ବିଭାଗୀୟ କର୍ମଚାରୀମାନଙ୍କ ଦ୍ୱାରା ବିଶୋଧନ କରାଯାଉଛି।

## କେନ୍ଦ୍ରାପଡ଼ାରେ ଗଡ଼ିଲା ପ୍ରଥମ ମୁଣ୍ଡ

**ଡେରାବିଶ,୧୫।୬(ସମିସ):** ଯାଜପୁରରୁ ବ୍ୟାପିଥିବା ଡାଇରିଆ ଏବେ କେନ୍ଦ୍ରାପଡ଼ା ଜିଲ୍ଲାରେ ପଶିଛି। ଡେରାବିଶ ବ୍ଲକ୍‌ରେ ଏହାର ପ୍ରଭାବ ଦେଖିବାକୁ ମିଳିଛି। ଆଜି ସକାଳୁ ଡାଇରିଆରେ ଆକ୍ରାନ୍ତ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ, ଡେରାବିଶ ବ୍ଲକ୍ ଅନ୍ତର୍ଗତ ଏଣ୍ଡର ପଞ୍ଚାୟତ ଶ୍ୟାମସୁନ୍ଦରପୁର ଗ୍ରାମର ସଜନୀ ମଲିକ (୬୧)। ଗତକାଲି ତାଙ୍କୁ ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଆଜି ସେଠାରେ ତାଙ୍କର ମୃତ୍ୟୁ ହୋଇଯାଇଛି। ଅପରପକ୍ଷେ, ଡାଇରିଆରେ ୬ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ ହୋଇ କେନ୍ଦ୍ରାପଡ଼ା ଓ କଟକ ମେଡିକାଲରେ ଚିକିତ୍ସିତ ହେଉଛନ୍ତି। ସେମାନେ ହେଲେ, ସଜନୀଙ୍କ ପୁଅ ଭାଗୀରଥି (୪୩) ଓ ନିରଞ୍ଜନ (୩୦) ଏବଂ ଗ୍ରାମର ରଙ୍ଗଲତା ମଲିକ (୪୫), ତପନ ମଲିକ (୪୬), କୁଞ୍ଜବିହାରୀ ମଲିକ (୭୫), ରଶ୍ମିତା ମଲିକ (୪୬)। ସମସ୍ତଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

ଏହି ଖବର ପଦାକୁ ଆସିବା ପରେ ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ଦେଖାଦେଇଛି। ଘଟଣାସ୍ଥଳରେ କେନ୍ଦ୍ରାପଡ଼ା ଜିଲ୍ଲା ପବ୍ଲିକ ହେଲ୍‌ଥ ଅଫିସର ଡାକ୍ତର ନିରୁପମା ଶତପଥୀ ଓ ଡେରାବିଶର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡାକ୍ତର ଚିତ୍ତରଞ୍ଜନ ବେହେରାଙ୍କ ନେତୃତ୍ୱରେ ଡକ୍ତରୀ ଟିମ୍ ପହଞ୍ଚିଛନ୍ତି। ଏଥିସହ ସ୍ଥାନୀୟ ଆଶା, ଅଙ୍ଗନବାଡ଼ି କର୍ମୀ ପହଞ୍ଚିଛନ୍ତି। ସ୍ୱାସ୍ଥ୍ୟ ବିଭାଗ ଟିମ୍ ଆକ୍ରାନ୍ତଙ୍କ ଘରକୁ ଯାଇ ରୋଗ ଉତ୍ପତ୍ତିର କାରଣ ଖୋଜିଛନ୍ତି। ସ୍ୱାସ୍ଥ୍ୟ ବିଭାଗ ଟିମ୍ ସହ ଏଣ୍ଡର ସରପଞ୍ଚ ଦୁର୍ଯ୍ୟୋଧନ ମଲିକ ଓ ସମାଜସେବୀ ମହେନ୍ଦ୍ର ମଲିକ ଉପସ୍ଥିତ ରହି ଗ୍ରାମର ସମସ୍ତ ଘରକୁ ଯାଇ ଲୋକମାନଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଥିଲେ ଓ ଲୋକଙ୍କୁ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଥିଲେ।





■ ଭଦ୍ରକରେ ମାଡୁଛି

## ଧାମନଗରରେ ୬୦, ଭଣ୍ଡାରିପୋଖରୀରେ ୬ ଆକ୍ରାନ୍ତ

**ବାରିକପୁର/ଧାମନଗର:** ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ, ଧାମନଗରରେ ଝାଡ଼ାବାନ୍ତି ଅଣାୟତ୍ତ ହେବାରେ ଲାଗିଛି। ଏବେ ୬୦ ଆକ୍ରାନ୍ତ ଧାମନଗର ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ମେଡିକାଲରୁ ସେମାନଙ୍କୁ ସାଲାଇନ ଓ ଔଷଧ ଦିଆଯାଇ ଛଡ଼ାଯାଇଛି। ପ୍ରତିଦିନ ଆକ୍ରାନ୍ତଙ୍କ ସଂଖ୍ୟା ବଢୁଛି ବୋଲି ଡାକ୍ତର ସୂଚନା ଦେଇଛନ୍ତି। ରାଧାବଲ୍ଲଭପୁରର ବନ୍ଧଟିଆ ଯେନା ସାହି ଗ୍ରାମର ୪ଟି ପରିବାରରଲୋକ କାଲିଠାରୁ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇଛନ୍ତି। ଗାଁ ନଳକୂଅରୁ ପାଣି ପିଇଥିଲେ। କାଲି ସକାଳୁ ଘରର ୩ ପିଲାଙ୍କର ଝାଡ଼ାବାନ୍ତି ଆରମ୍ଭ ହୋଇଥିଲା। ଅପରାହ୍ନକୁ ବାପା ମାଆଙ୍କର ଝାଡ଼ାବାନ୍ତି ଆରମ୍ଭ ହୋଇ ଯାଇଥିଲା। ସମସ୍ତଙ୍କୁ ପଡ଼ିଶା ଘର ଲୋକେ ଧାମନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ।

ସେହିପରି ଭଣ୍ଡାରିପୋଖରୀ ବ୍ଲକ ମାଳଦା ଓ ଷୋଳମପୁର ପଞ୍ଚାୟତ ଅଞ୍ଚଳରେ ଗତ ଚାରି ପାଞ୍ଚ ଦିନ ହେବ ଝାଡ଼ାବାନ୍ତି ବ୍ୟାପୁଥିବା ଜଣାପଡ଼ିଛି। ଏହାରି ଭିତରେ କିଛି ଆକ୍ରାନ୍ତ ଚିକିତ୍ସା ହୋଇ ଘରକୁ ଫେରିଥିବା ବେଳେ ଆହୁରି କିଛି ଯାଜପୁର ଓ କଟକ ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ପଞ୍ଚାୟତ ଅଧୀନ ରାଢୋ ଗ୍ରାମର ମହିଳା ଓ ପୁରୁଷଙ୍କୁ ମିଶାଇ ୬/୭ ଜଣ ଦୁଇ ଦିନ ମଧ୍ୟରେ ଆକ୍ରାନ୍ତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୪ଜଣ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଠାରେ ଚିକିତ୍ସିତ ହେଉଥିବା ବେଳେ ଜଣେ କଟକ ଓ ଅନ୍ୟ ଜଣେ ଯାଜପୁର ମେଡ଼ିକାଲରେ ଚିକିତ୍ସିତ ହେଉଛନ୍ତି। ଜଣେ ମାତ୍ର ସୁସ୍ଥ ହୋଇ ଘରକୁ ଫେରିଥିବା ଜଣାପଡିଛି। ଗାଆଁରେ ଏଯାଏଁ ମେଡିକାଲ ଟିମ୍ ପହଞ୍ଚି ନଥିବା ଅଭିଯୋଗ ହୋଇଛି।

## ଅସ୍ତରଙ୍ଗରେ ଦିନକୁ ୨୦ ଆକ୍ରାନ୍ତ

**ଅସ୍ତରଙ୍ଗ,୧୫।୬(ସମିସ):** ଦିନକୁ ଦିନ ଡାଇରିଆ ତା'ର କାୟା ବିସ୍ତାର କରି ଜିଲ୍ଲା ପରେ ଜିଲ୍ଲାକୁ ବ୍ୟାପି ଚାଲିଥିବାବେଳେ ସେଥିରେ ସାମିଲ୍ ହୋଇଛି ପୁରୀ ଜିଲ୍ଲାର ଅସ୍ତରଙ୍ଗ ଅଞ୍ଚଳ। ଦୀର୍ଘ ବର୍ଷ ଧରି ଯାହା ଦେଖିବାକୁ ମିଳି ନ ଥିଲା, ତାହା ଏବେ ବିଭିନ୍ନ ଜିଲ୍ଲାର ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଲାଣି। ଅସ୍ତରଙ୍ଗ ବ୍ଲକ୍‌ର ବିଭିନ୍ନ ପଞ୍ଚାୟତରୁ ପ୍ରତିଦିନ ୧୫ରୁ ୨୦ ଜଣ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ଡାକ୍ତରଖାନାରେ ଭର୍ତ୍ତି ହେଉଛନ୍ତି। ଡାକ୍ତର ବିଶ୍ୱଭାରତ ମହାଲିକଙ୍କଠାରୁ ମିଳିଥିବା ସୂଚନା ଅନୁସାରେ, ପ୍ରତିଦିନ ଝାଡ଼ାବାନ୍ତି ରୋଗୀ ଆସୁଛନ୍ତି। ଯେଉଁମାନେ ଆସୁଛନ୍ତି ଚିକିତ୍ସା ପରେ ସୁସ୍ଥ ହେଉଛନ୍ତି, ବର୍ତ୍ତମାନ ସୁଦ୍ଧା କେହି ଗୁରୁତର ହୋଇନାହାନ୍ତି। ପ୍ରତିବର୍ଷ ଏହି ସମୟରେ ଏମିତି ସଂକ୍ରମିତ ରୋଗୀ ଆସନ୍ତି। ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ହଇଜାରେ ୧୪ଜଣ ପ୍ରାଣ ହରାଇଥିବା ବେଳେ ରାଜ୍ୟ ସରକାର ଏହାକୁ ଅତି ହାଲୁକା ଭାବେ ନେବା ସମସ୍ତଙ୍କୁ ବେଶ୍ ଚକିତ କରୁଛି। ଲୋକଙ୍କ ଜୀବନକୁ ଆଉ ବିପଦକୁ ନ ଠେଲି ସରକାର ସଜାଗ ହୋଇ ଜନସଚେତନତା କରିବା ସହିତ ଉତ୍ତମ ଚିକିତ୍ସା ସୁବିଧା, ସାଲାଇନ, ଔଷଧ ପର୍ଯ୍ୟାପ୍ତ ପରିମାଣରେ ମହଜୁଦ ରଖିବା ଏବଂ ଝାଡ଼ାବାନ୍ତି ରୋକିବା ପାଇଁ ବିହିତ ପଦକ୍ଷେପ ଗ୍ରହଣ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ଭୁବନରେ ଆତଙ୍କ | ବଢୁଛି ରୋଗୀ ସଂଖ୍ୟା

**ଭୁବନ,୧୫।୬ (ସମିସ):** ଢେଙ୍କାନାଳ ଜିଲ୍ଲା ଭୁବନ ଏନ୍‌ଏସିର ସହିତ ବିଭିନ୍ନ ୱାର୍ଡରେ ଡାଇରିଆ ଆତଙ୍କ ସୃଷ୍ଟି କରିଛି। ପଡ଼ୋଶୀ ଯାଜପୁରରୁ ଏହା ବ୍ୟାପୁଥିବା ଆଶଙ୍କା କରାଯାଇଛି। ଗତକାଲି ଡାଇରିଆରେ ଜଣେ ବ୍ୟକ୍ତି ମୃତ୍ୟୁବରଣ କରିଥିବା ବେଳେ ଆକ୍ରାନ୍ତଙ୍କ ସଂଖ୍ୟା ୫୦ ଟପି ଯାଇଛି। ମୃତ ବ୍ୟକ୍ତିଜଣଙ୍କ ହେଲେ, ଏନ୍‌ଏସି ୱାର୍ଡ ନମ୍ବର ୧୨ ଦଳିତ ବସ୍ତିର କୃପାସିନ୍ଧୁ ମଳିକ। ଝାଡ଼ାବାନ୍ତି ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିବା ପରିବାରଲୋକ ଅଭିଯୋଗ କରୁଥିବା ବେଳେ ଡାକ୍ତର ଏହାକୁ ଖଣ୍ଡନ କରିଛନ୍ତି। ସମସ୍ତ ରୋଗୀଙ୍କୁ ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସେହିପରି ବହୁ ଡାଇରିଆ ଆକ୍ରାନ୍ତ ଘରେ ରହି ଚିକିତ୍ସିତ ହେଉଥିବା ଦେଖିବାକୁ ମିଳିଛି।

ସ୍ଥାନୀୟ ଆଶାକର୍ମୀ ଓ ଅଙ୍ଗନୱାଡ଼ି କର୍ମୀମାନେ ପ୍ରାଥମିକ ଚିକିତ୍ସାରେ ସହଯୋଗ କରିଛନ୍ତି। କେଉଁ କାରଣ ଯୋଗୁଁ ବିଭିନ୍ନ ୱାର୍ଡରେ ଝାଡ଼ାବାନ୍ତି ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି ତାହା ଅସ୍ପଷ୍ଟ ରହିଛି। ଖବର ପାଇ ତୁରନ୍ତ ସ୍ୱାସ୍ଥ୍ୟ ବିଭାଗ ଟିମ ପହଞ୍ଚି ରୋଗୀଙ୍କ ଚିକିତ୍ସାରେ ସହଯୋଗ କରୁଛନ୍ତି। ଘଟଣାସ୍ଥଳରେ ମୁଖ୍ୟ ଚିକିତ୍ସା ଅଧିକାରୀ ସଞ୍ଜୟ କୁମାର ମହାପାତ୍ର, କାମାକ୍ଷାନଗର ଉପଜିଲ୍ଲାପାଳ ଦିନମଣି ନାଇକ, ତହସିଲଦାର ସୂର୍ଯ୍ୟ ଶଙ୍କର ଦାସ, ବିଧାୟକ ଶତ୍ରୁଘ୍ନ ଜେନା ନଗରପାଳ ଶୁଭେନ୍ଦୁ କୁମାର ସାହୁ, ନିର୍ବାହି ଅଧିକାରୀ ପ୍ରଦାତ ସାହୁ, ମୁଖ୍ୟ ଡାକ୍ତର ରମେଶ ଚନ୍ଦ୍ର ସାହୁ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ଜନସ୍ୱାସ୍ଥ୍ୟ ବିଭାଗର ଯନ୍ତ୍ରୀଙ୍କ ଅନୁପସ୍ଥିତିକୁ ନେଇ ପ୍ରଶାସନ ଚିନ୍ତା ପଡ଼ିଯାଇଛି।



## କାର୍ ଦୁର୍ଘଟଣାରେ ପୂର୍ବତନ ମୁଖ୍ୟମନ୍ତ୍ରୀ ହେମାନନ୍ଦଙ୍କ ପତ୍ନୀ, ଝିଅ, ନାତୁଣୀ ଗୁରୁତର

### ପୂର୍ବତନ ବିଧାୟକ ଅମର ଓ ପ୍ରଭାତ ଆହତ

**କିଶୋରନଗର/ବଇଣ୍ଡା, ୧୫।୬ (ସମିସ):** କଟକ-ସମ୍ବଲପୁର ୫୫ନମ୍ବର ଜାତୀୟ ରାଜପଥର ହଣ୍ଡପା ଥାନା ହଣ୍ଡପା ବଜାର ନିକଟରେ ରବିବାର ଦୁଇଟି କାର୍ ପଛକୁ ପଛ ଧକ୍କା ହେବାରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ହେମାନନ୍ଦ ବିଶ୍ୱାଳଙ୍କ ସ୍ତ୍ରୀ ଉର୍ମିଳା ବିଶ୍ୱାଳ(୭୮), ଝିଅ ଅନିତା ବିଶ୍ୱାଳ(୩୮), ନାତୁଣୀ ଅନବିକା ଧାମେ(୧୧)ଙ୍କ ସମେତ ଗାଡ଼ି ଚାଳକ ସଞ୍ଜୟ ବେଉରା ଗୁରୁତର ଆହତ ହୋଇଛନ୍ତି।



ସେହିପରି ଅନ୍ୟ ଏକ କାର୍‌ରେ ବସିଥିବା ପୂର୍ବତନ ବିଧାୟକ ଅମର ଶତପଥୀ ଓ ପ୍ରଭାତ ତ୍ରିପାଠୀ ମଧ୍ୟ ସାମାନ୍ୟ ଆହତ ହୋଇଛନ୍ତି। ହଣ୍ଡପା ଥାନା ଆଇଆଇସି ନମିତା ନାୟକଙ୍କ ନେତୃତ୍ୱରେ ପୁଲିସ୍ ଟିମ୍ ସମସ୍ତଙ୍କୁ ଉଦ୍ଧାର କରି ଅନୁଗୋଳ ଜିଲ୍ଲା ମୁଖ୍ୟ ଡାକ୍ତରଖାନାରେ ଭର୍ତ୍ତି କରାଇଛି। ସୂଚନାନୁଯାୟୀ, ପୂର୍ବତନ ବିଧାୟକ ଅମର ଶତପଥୀ ଓ ପ୍ରଭାତ ତ୍ରିପାଠୀ ଏକ ଇନୋଭାରେ ସମ୍ବଲପୁରରୁ ଭୁବନେଶ୍ୱର ଅଭିମୁଖେ ଯାଉଥିବା ବେଳେ ପଛରେ ଅନ୍ୟ ଏକ କାର୍‌ରେ ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ବିଶ୍ୱାଳଙ୍କ ପରିବାରଲୋକେ ଭୁବନେଶ୍ୱର ଯାଉଥିଲେ। ହଣ୍ଡପା ବଜାର ନିକଟରେ ଭାରସାମ୍ୟ ହରାଇ ଇନୋଭା ପଛରେ କାର୍ ଧକ୍କା ହୋଇଥିଲା।

## କାଳ ହେଲା ରଜ ମଉଜ | ପାଣିରେ ବୁଡ଼ି ୩ ସାଙ୍ଗ ମୃତ, ୨ ନିଖୋଜ

**ବାରିପଦା, କୋଷାଗୁମୁଡ଼ା/ ଜଗତସିଂହପୁର/ଏରସମା, ୧୫।୬(ସମିସ):** କାଳ ହେଲା ରଜ ମଉଜ। ବିଭିନ୍ନ ସ୍ଥାନରେ ଆଜି ପାଣିରେ ବୁଡ଼ି ଆଜି ରାଜ୍ୟରେ ୩ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ୨ଜଣ ନିଖୋଜ ହୋଇଯାଇଛନ୍ତି। ମୟୂରଭଞ୍ଜ ଜିଲ୍ଲା ଦେଇ ଯାଇଥିବା ପଳପଳା ନଦୀରେ ବୁଡ଼ି ୨ସାଙ୍ଗ ପ୍ରାଣ ହରାଇଥିବା ବେଳେ ଜଗତସିଂହପୁର ଜିଲ୍ଲା ଶିଆଳି ବେଳାଭୂମି ନିକଟରେ ସମୁଦ୍ରରେ ବୁଡ଼ି ଜଣଙ୍କର ମୃତ୍ୟୁ ହୋଇଛି। ଅପରପକ୍ଷେ, ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ାସ୍ଥିତ ଗୁଲମି ଜଳପ୍ରପାତ ବୁଲିବାକୁ ଯାଇଥିବା ୨ ସାଙ୍ଗ ପାଣିରେ ବୁଡ଼ି ନିଖୋଜ ହୋଇଯାଇଛନ୍ତି।

ସୂଚନାନୁଯାୟୀ, ବାରିପଦା ସହରରୁ ୨୦କିମି ଦୂର ଶିମିଳିପାଳ ପାଦଦେଶ ଲୁଲୁଙ୍ଗ ନିକଟ ପଳପଳା ନଦୀରେ ବୁଡ଼ି ରବିବାର ୨ ସାଙ୍ଗଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକଦ୍ୱୟ ହେଲେ, ଭଞ୍ଜପୁର ଥାନା ଅଧୀନ ମୁର୍ଗାବାଡ଼ି ଅଞ୍ଚଳର ଅଙ୍କିତ କୁମାର ଭୁଜବଳ (୨୦) ଓ ରଘୁନାଥପୁର ଅଞ୍ଚଳର ଅଂଶୁମାନ ନାଏକ (୨୦)। ଉଭୟ ଭୁବନେଶ୍ୱରର ଏକ ଘରୋଇ ଶିକ୍ଷାନୁଷ୍ଠାନରେ ପଢ଼ନ୍ତି। ରଜ ଛୁଟିରେ ଘରକୁ ଆସିଥିଲେ। ଅନ୍ୟ ୫ଜଣ ସାଙ୍ଗଙ୍କ ସହ ସେମାନେ ଆଜି ବଣଭୋଜି କରିବାକୁ ଲୁଲୁଙ୍ଗ ଯାଇଥିଲେ। ସେଠାରେ ସମସ୍ତେ ପଳପଳା ନଦୀକୁ ଗାଧୋଇବାକୁ ଯାଇଥିଲେ। ୪ଜଣ ନଦୀ ଭିତରକୁ ପଶିବା ବେଳେ ଅସାବଧାନତାବଶତଃ ପଥରରେ ଗୋଡ଼ ଖସିଯିବାରୁ ନଦୀର ଗଭୀର ଜଳରାଶିକୁ ଚାଲିଯାଇଥିଲେ। ଉପରେ ଥିବା ୩ ସାଙ୍ଗ ୨ଜଣଙ୍କୁ ଉଦ୍ଧାର କରିଥିଲେ ହେଁ ଅଂଶୁମାନ ଓ ଅଙ୍କିତ ନିଖୋଜ ହୋଇଯାଇଥିଲେ। ଅଗ୍ନିଶମ ବାହିନୀ ସେଠାରେ ପହଞ୍ଚି ସେମାନଙ୍କୁ ଉଦ୍ଧାର କରିବା ବେଳକୁ ଦୁହିଁଙ୍କ ମୃତ୍ୟୁ ହୋଇସାରିଥିଲା।



ସେହିପରି କୋଷାଗୁମୁଡ଼ା ସଦର ମହକୁମାର ମିରଗାନ ସାହିର ଦୁଇ ନାବାଳକ ଚାନ୍ଦିଲି ନିକଟସ୍ଥ ଗୁଲମି ଜଳପ୍ରପାତରେ ଭାସି ଯାଇଛନ୍ତି। ସ୍ଥାନୀୟ ପୁଲିସ ଓ ଅଗ୍ନିଶମ ବାହିନୀ ସେମାନଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ କରୁଛି। କିନ୍ତୁ ସଂଧ୍ୟା ସୁଦ୍ଧା ସେମାନଙ୍କର କୌଣସି ଖବର ମିଳି ପାରିନାହିଁ। ସୂଚନା ଅନୁସାରେ ରବିବାର ଅପରାହ୍ଣରେ ୫ ଜଣ ସାଙ୍ଗ ଦୁଇ ବାଇକ୍‌ରେ ଜଳପ୍ରପାତ ନିକଟକୁ ବୁଲି ଯାଇଥିଲେ। ସେଠାରେ ସେମାନେ ଗାଧେଇବା ବେଳେ ଦୁଇଜଣ ବାଳକ ଅଲୋକ ସୁନା ଓ କିରଣ ନାୟକ ଭାସି ଯାଇଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ସେମାନଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ ଚଳାଇଛି। ଦୁଇ ସାଙ୍ଗ ଚଳିତ ବର୍ଷ ୧୦ମ ଶ୍ରେଣୀରେ ପଢୁଛନ୍ତି। ଏହାକୁ ନେଇ କୋଷାଗୁମୁଡ଼ାରେ ଏକ ଦୁଃଖର ବାତାବରଣ ଖେଳିଯାଇଛି।

ଅପରପକ୍ଷେ, ଜଗତସିଂହପୁର ଜିଲ୍ଲା ଏରସମା ବ୍ଲକ୍ ଅନ୍ତର୍ଗତ ଶିଆଳି ବେଳାଭୂମିରେ ସମୁଦ୍ରରେ ଗାଧୋଇବା ବେଳେ ଜଣେ ଯୁବକ ଜୁଆରରେ ଭାସି ପ୍ରାଣ ହରାଇଛନ୍ତି। ମୃତ ଯୁବକ ହେଲେ, ବାଲିକୁଦା ଥାନା ଅଧୀନ ତିତିରା ପଞ୍ଚାୟତ ବେଗୁନିଆ ଗ୍ରାମର ଗୌତମ ପରିଜାଙ୍କ ପୁଅ ଦୀପ୍ତିରଞ୍ଜନ ପରିଜା ଓରଫ୍ ବବୁଲ (୨୨)। ବାଲିକୁଦା ଥାନା ତିତିରା ପଞ୍ଚାୟତ ବେଗୁନିଆ ଗ୍ରାମର ୬ଜଣ ଯୁବକ ଆଜି ମଧ୍ୟାହ୍ନରେ ଶିଆଳି ଯାଇଥିଲେ। ସେଠାରେ ଗାଧୋଉଥିବା ବେଳେ ସେମାନଙ୍କ ମଧ୍ୟରୁ ୪ଜଣଙ୍କୁ ଜୁଆର ଟାଣି ନେଇଥିଲା। ୩ଜଣଙ୍କୁ ସ୍ଥାନୀୟ ଲୋକ ଉଦ୍ଧାର କରିଥିବା ବେଳେ ବବୁଲଙ୍କ ପତ୍ତା ମିଳିନଥିଲା। କିଛି ସମୟ ପରେ ନିକଟସ୍ଥ ରାମତରା ନିକଟରେ ବବୁଲ ଭାସୁଥିବା ଦେଖି ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଏରସମା ମେଡିକାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

## ମୌସୁମୀକୁ ଟାଣିଲା ଘୂର୍ଣ୍ଣିବଳୟ

**ଭୁବନେଶ୍ୱର, ୧୫।୬ (ସମିସ):** ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଅନ୍ୟପଟେ ଘୂର୍ଣ୍ଣିବଳୟ ଯୋଗୁଁ ମୌସୁମୀ ସକ୍ରିୟ ହେବାକୁ ପାଗ ଅନୁକୂଳ ହୋଇଛି। ତେଣୁ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ଅନ୍ୟ କିଛି ଜିଲ୍ଲାକୁ ମୌସୁମୀ ଅଗ୍ରସର ହେବାର ସମ୍ଭାବନା ରହିଛି। ଫଳରେ ଆସନ୍ତା ୭ ଦିନ ଯାଏଁ ରାଜ୍ୟରେ ମୌସୁମୀ ବର୍ଷା ହୋଇପାରେ ବୋଲି ଅକଳନ କରାଯାଇଛି। ମୌସୁମୀ ଅଗ୍ରସର ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଥିବା ବେଳେ ଆସନ୍ତା ୧୯ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିବା ନେଇ ଆକଳନ କରାଯାଇଛି। ସୋମବାର ବିଶେଷ କରି ଉତ୍ତର, ଉତ୍ତର ଉପକୂଳ ଓ ଉତ୍ତର ପଶ୍ଚିମ ଜିଲ୍ଲା ମାନଙ୍କରେ ଅଧିକ ବର୍ଷା ନେଇ ଅନୁମାନ କରାଯାଇଛି। ଏହି ସମୟରେ ସୁନ୍ଦରଗଡ଼, ଝାରସୁଗୁଡା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୋଳ, ବରଗଡ଼ ଜିଲ୍ଲାର ଗୋଟିଏ ୨ଟି ସ୍ଥାନରେ ପ୍ରବଳ ବର୍ଷାର ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ଛତ୍ରପୁରରେ ୩୭, କେନ୍ଦୁଝରରେ ୩୨, ଅନୁଗୁଳ ୨୧, ଖୋର୍ଦ୍ଧା ୧୮, ବୌଦ୍ଧ ୧୬, ପୁରୀ ଓ ନୟାଗଡ଼ରେ ୧୦ ମିମି ଲେଖାଏଁ ବର୍ଷା ରେକର୍ଡ ହୋଇଛି।

### ଓଡ଼ିଆରେ ନିଟ୍-ୟୁଜି ପରୀକ୍ଷା ଦେଲେ ମାତ୍ର ୧.୩୭%

## ଓଡ଼ିଆ ପ୍ରତି ଅନାଗ୍ରହୀ ଓଡ଼ିଶା ଛାତ୍ରଛାତ୍ରୀ

**ଭୁବନେଶ୍ୱର,୧୫।୬(ସମିସ):** ଡ଼ାକ୍ତରୀ ପଢ଼ିବାପାଇଁ ଓଡ଼ିଆ ଭାଷାରେ ପରୀକ୍ଷା ଦେବାକୁ ଓଡ଼ିଆ ଛାତ୍ରଛାତ୍ରୀ ରାଜି ହେଉ ନାହାନ୍ତି। ନିଟ୍ ୟୁଜି ପରୀକ୍ଷାରେ ଓଡ଼ିଆ ଭାଷାରେ ପରୀକ୍ଷା ଦେବାକୁ ବିକଳ୍ପ ରହିଥିଲେ ମଧ୍ୟ ଛାତ୍ରଛାତ୍ରୀମାନେ ଆଗ୍ରହ ପ୍ରକାଶ କରୁନାହାନ୍ତି। ଚଳିତ ବର୍ଷ ମାତ୍ର ୧.୩୭ ପ୍ରତିଶତ ପିଲା ଓଡ଼ିଆରେ ପରୀକ୍ଷା ଦେଇଛନ୍ତି। ସରକାର ବିଭିନ୍ନ ପାଠ୍ୟକ୍ରମକୁ ଜାତୀୟ ଶିକ୍ଷାନୀତି ଆଧାରରେ ଆଞ୍ଚଳିକ ଭାଷା ଓଡ଼ିଆରେ ଅନୁବାଦ କରିବାକୁ ପଦକ୍ଷେପ ନେଉଥିବାବେଳେ ଓଡ଼ିଆ ଭାଷାରୁ ଛାତ୍ରଛାତ୍ରୀମାନେ ମୁହଁ ମୋଡ଼ିବା ଚିନ୍ତା ବଢ଼ାଇଛି।

ଚଳିତବର୍ଷ ଓଡ଼ିଶାରୁ ସମୁଦାୟ ୬୧,୧୧୧ ପିଲା ନିଟ୍-ୟୁଜି ପରୀକ୍ଷା ଦେବାକୁ ପଞ୍ଜିକରଣ କରିଥିଲେ। ତନ୍ମଧ୍ୟରୁ ୫୯,୨୩୮ ଜଣ ପରୀକ୍ଷା ଦେଇଥିବାବେଳେ ପ୍ରାୟ ୫୩% ଅର୍ଥାତ୍ ୩୧,୬୭୩ ଛାତ୍ରଛାତ୍ରୀ କୃତକାର୍ଯ୍ୟ ହୋଇଛନ୍ତି। ପ୍ରାୟ ୬୦ ହଜାର ପରୀକ୍ଷାର୍ଥୀଙ୍କ ମଧ୍ୟରୁ ଚଳିତ ବର୍ଷ ମାତ୍ର ୧.୩୭ ପ୍ରତିଶତ ବା ୮୧୨ ଜଣ ପିଲା ଓଡ଼ିଆରେ ପରୀକ୍ଷା ଦେଇଛନ୍ତି। ଯାହା ସର୍ବକାଳୀନ ସର୍ବନିମ୍ନ ବୋଲି ଜଣାପଡ଼ିଛି। ୨୦୧୭ ମସିହାରୁ ଓଡ଼ିଆ ଭାଷାରେ ନିଟ୍-ୟୁଜି ପରୀକ୍ଷା ହେଉଛି। ପ୍ରଥମ ୩ବର୍ଷ ଓଡ଼ିଆ

**ଓଡ଼ିଆରେ ପାଠ୍ୟପୁସ୍ତକ ଅଭାବ ଓ ଶିକ୍ଷାଦାନ ପ୍ରମୁଖ ପ୍ରତିବନ୍ଧକ**

ଭାଷାରେ ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଉତ୍ସାହ ଦେଖାଦେଇଥିଲା। ଏପରିକି ପ୍ରାୟ ୫୦% ଲେଖାଏଁ ଓଡ଼ିଆରେ ପରୀକ୍ଷା ଦେଉଥିଲେ। ୨୦୧୯ ମସିହାରେ ୩୧,୪୯୦ ପିଲା ଓଡ଼ିଆରେ ପରୀକ୍ଷା ଦେଇଥିଲେ। ଏହାପରେ କ୍ରମାଗତ ଭାବେ ଓଡ଼ିଆ ପ୍ରତି ଅନାଦର ବଢୁଛି। ୨୦୨୦ରୁ ୨୦୨୩ ପର୍ଯ୍ୟନ୍ତ ପ୍ରାୟ ହଜାରେ ଲେଖାଏଁ ପିଲା ଓଡ଼ିଆରେ ପରୀକ୍ଷା ଦେଉଥିବାବେଳେ ୨୦୨୪ରେ ୧୩୧୨ ଜଣ ଓଡ଼ିଆରେ ପରୀକ୍ଷା ଦେଇଥିଲେ। ଚଳିତ ବର୍ଷ ଏହି ଗ୍ରାଫ୍ ଆହୁରି ତଳମୁହାଁ ହେବା ସହ ୮୧୨ରେ ପହଞ୍ଚିଛି।

ଓଡ଼ିଆ ଭାଷାରେ ପରୀକ୍ଷାର୍ଥୀଙ୍କ ସଂଖ୍ୟା କମିବାରେ ଓଡ଼ିଆ ପାଠ୍ୟକ୍ରମ ଓ ଶିକ୍ଷାଦାନର ଘୋର ଅଭାବ ବୋଲି ବିଶେଷଜ୍ଞମାନେ ମତବ୍ୟକ୍ତ କରିଛନ୍ତି। ଶିକ୍ଷାବିତ୍ ଡ. ଶରତ କରଙ୍କ କହିବା ଅନୁଯାୟୀ, ଓଡ଼ିଆ ଭାଷାରେ ଡ଼ାକ୍ତରୀ ପାଠ୍ୟକ୍ରମ ପାଇଁ ପର୍ଯ୍ୟାପ୍ତ ପାଠ୍ୟପୁସ୍ତକ ନାହିଁ। ମୁଖ୍ୟତଃ ଓଡ଼ିଶାର ବିଭିନ୍ନ ଇଂରାଜୀ ମାଧ୍ୟମ ବିଦ୍ୟାଳୟ ଓ କୋଚିଂ ସେଣ୍ଟରରେ ମଧ୍ୟ ଓଡ଼ିଆ ଭାଷାରେ ପଢ଼ାଯାଉ ନାହିଁ। ଫଳରେ ଇଂରାଜୀରେ ପଢ଼ିଥିବା ପିଲା ଓଡ଼ିଆରେ ପରୀକ୍ଷା ଦେବାକୁ ଆଗ୍ରହୀ ହେଉ ନାହାନ୍ତି। ଅପରପକ୍ଷରେ ଓଡ଼ିଆରେ ପରୀକ୍ଷା ଦେଇ ସଫଳତା ପାଉଥିବା ଛାତ୍ରଛାତ୍ରୀଙ୍କ ସଫଳ କାହାଣୀଗୁଡ଼ିକୁ ମଧ୍ୟ ପ୍ରୋତ୍ସାହିତ କରାଯାଉନାହିଁ। ଏଣୁ ଅନ୍ୟ ଛାତ୍ରଛାତ୍ରୀମାନେ ଓଡ଼ିଆ ପ୍ରତି ଆଗ୍ରହ ପ୍ରକାଶ କରୁନାହାନ୍ତି। ସେହିପରି ଗୁଗୁଲ୍ ଟ୍ରାନ୍ସଲେସନ୍ ଅନ୍ୟତମ କାରଣ ବୋଲି ମଧ୍ୟ ମତ ପ୍ରକାଶ ପାଉଛି। ଡ଼ାକ୍ତରୀ ପାଇଁ ଯେଉଁ ହାତଗଣତି ପାଠ୍ୟପୁସ୍ତକ ରହିଛି ସେସବୁକୁ ଗୁଗୁଲ୍ ଟ୍ରାନ୍ସଲେଟର୍ ପକାଇ ପ୍ରସ୍ତୁତ କରାଯାଇଛି। ଫଳରେ ଓଡ଼ିଆ ଲିପିରେ ଲେଖା ହୋଇଥିଲେ ମଧ୍ୟ ଭାବାର୍ଥ ବୁଝାପଡୁନାହିଁ। ପରୀକ୍ଷାରେ ମଧ୍ୟ ଟ୍ରାନ୍ସଲେସନ୍ ହୋଇ ପ୍ରଶ୍ନ ଆସୁଥିବାରୁ ବହୁ ପ୍ରଶ୍ନ ବୁଝାପଡୁନାହିଁ। ଯେଉଁଠି ଓଡ଼ିଆ ଭାଷା ବୁଝି ନ ହେବ ବା ଭାବାର୍ଥରେ ସାମଞ୍ଜସ୍ୟ ଥିବ ତାହେଲେ ଇଂରାଜୀ ଭାଷାରେ ପଢ଼ିଥିବା ପ୍ରଶ୍ନକୁ ସଠିକ୍ ବୋଲି ଧରାଯିବ ବୋଲି ଉଲ୍ଲେଖ ରହୁଛି। ଏଣୁ ଓଡ଼ିଆରେ ପରୀକ୍ଷା ଦେଇ ଅସୁବିଧାରେ ପଡ଼ିବା ଅପେକ୍ଷା ମୂଳରୁ ଇଂରାଜୀ ଭାଷାରେ ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀମାନେ ପସନ୍ଦ କରୁଛନ୍ତି। ଓଡ଼ିଆ ଭାଷାରେ ପାଠ୍ୟକ୍ରମ ଓ ନିୟମିତ ଶିକ୍ଷାଦାନ ହେଲେ ଓଡ଼ିଆ ଭାଷା ପ୍ରତି ଛାତ୍ରଛାତ୍ରୀଙ୍କ ଆଗ୍ରହ ବଢ଼ିବ ବୋଲି ବିଶେଷଜ୍ଞମାନେ ପ୍ରକାଶ କରିଛନ୍ତି।

## ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଯାଜପୁର ଜିଲ୍ଲା ଗସ୍ତ ଉପରଠଉରିଆ: କଂଗ୍ରେସ

**ଭୁବନେଶ୍ୱର,୧୫।୬(ସମିସ):** ଯାଜପୁର ଜିଲ୍ଲାରେ ହଇଜା ଚିହ୍ନଟ ହେବା ଏବଂ ରାଜ୍ୟର ୮ଟି ଜିଲ୍ଲାକୁ ଝାଡ଼ାବାନ୍ତି ବ୍ୟାପିଥିବାବେଳେ ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଏବେ ଚୁପ୍ ବସିଛି। ରାଜ୍ୟ ସ୍ୱାସ୍ଥ୍ୟମନ୍ତ୍ରୀ ଉପରଠଉରିଆ ଭାବେ ଯାଜପୁର ଜିଲ୍ଲା ଗସ୍ତ କରି ତାଙ୍କ ପାରିବାପଣିଆ ଦେଖାଇଛନ୍ତି। ଝାଡ଼ାବାନ୍ତି ବ୍ୟାପିବାର ୭ଦିନ ପରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କର ରୋଗୀମାନଙ୍କ ସ୍ୱାସ୍ଥ୍ୟାବସ୍ଥା କଥା ମନେପଡ଼ିଲା। ରାଜ୍ୟର ସ୍ୱାସ୍ଥ୍ୟ ସେବା ବ୍ୟବସ୍ଥାକୁ ନେଇ ଆଜି ଏଭଳି ଢଙ୍ଗରେ ସରକାରଙ୍କ ଉପରେ ବର୍ଷିଛି ରାଜ୍ୟ ଯୁବ କଂଗ୍ରେସ।

ରାଜ୍ୟ ଯୁବ କଂଗ୍ରେସ ସାଧାରଣ ସମ୍ପାଦକ ସୁଦୀପ ସାମଲ ଏକ ପ୍ରେସ ବିଜ୍ଞପ୍ତିରେ କହିଛନ୍ତି ଯେ ଯାଜପୁର ଜିଲ୍ଲାରେ ୧୦ରୁ ଅଧିକ ଲୋକ ଏହି ରୋଗରେ ଜୀବନ ହାରିଥିବାବେଳେ ଶତାଧିକ ଲୋକ ପ୍ରଭାବିତ ଅଛନ୍ତି। ରାଜ୍ୟ ସରକାର ଏ ଦିଗରେ ପୂର୍ବରୁ ଉପଯୁକ୍ତ ଧ୍ୟାନ ଦେଲେ ନାହିଁ। ଯାହାଫଳରେ ଯାଜପୁରରେ ଦେଖାଦେଇଥିବା ଝାଡ଼ାବାନ୍ତି ଆଜି ଭଦ୍ରକ, କେନ୍ଦୁଝର, କଟକ, କେନ୍ଦ୍ରାପଡ଼ା, ଢେଙ୍କାନାଳ ଓ ଖୋର୍ଦ୍ଧା ଭଳି ଜିଲ୍ଲାକୁ ବ୍ୟାପିଲାଣି। ରାଜ୍ୟ ସରକାର ସ୍ୱାସ୍ଥ୍ୟ ବ୍ୟବସ୍ଥାରେ ବାଃ ବାଃ ନେବାର ଡିଣ୍ଡିମ ପିଟୁଥିବାବେଳେ ଆଜିର ଦିନରେ ରାଜ୍ୟରେ ହଇଜା ଭଳି ରୋଗ ବ୍ୟାପୁଛି। ଏଭଳି ପରିସ୍ଥିତି କାହିଁକି ଆସିଲା, ରାଜ୍ୟ ସରକାର ତା'ର ସ୍ପଷ୍ଟୀକରଣ ଦିଅନ୍ତୁ ବୋଲି ଶ୍ରୀ ସାମଲ ଦାବି କରିଛନ୍ତି।

ଶ୍ରୀ ସାମଲ ଆହୁରି କହିଛନ୍ତି ଯେ ଏହି ରୋଗ ବ୍ୟାପିଥିବା ଜିଲ୍ଲାଗୁଡ଼ିକୁ ସରକାର ତୁରନ୍ତ ଚିକିତ୍ସକ ଦଳ ପଠାଇ ରୋଗ ନିୟନ୍ତ୍ରଣ କରିବା ଉପରେ ମୁଖ୍ୟମନ୍ତ୍ରୀ ତୁରନ୍ତ ପଦକ୍ଷେପ ନେବା ଆବଶ୍ୟକ। ପ୍ରଭାବିତ ଜିଲ୍ଲାରେ କେନ୍ଦ୍ରୀୟ ଟିମ୍ ଆସି ସ୍ଥିତି ଅନୁଧ୍ୟାନ କରିବା ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବ୍ୟବସ୍ଥାର ବିକଳ ଚିତ୍ରକୁ ଦର୍ଶାଉଛି। ଆଜିର ଦିନରେ ଆମ ରାଜ୍ୟର ସ୍ୱାସ୍ଥ୍ୟ ବିଭାଗ ଅପରାଗ ବୋଲି ରାଜ୍ୟ ସରକାର ପ୍ରମାଣିତ କରିଥିବା ଶ୍ରୀ ସାମଲ ପ୍ରେସ୍ ବିଜ୍ଞପ୍ତିରେ ପ୍ରକାଶ କରିଛନ୍ତି।

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-348 ♦BHUBANESWAR ♦MONDAY ♦16 JUNE 2025 ♦PAGE-12 ♦₹ 6.00

♦ବର୍ଷ-୪୨ ♦ସଂଖ୍ୟା-୩୪୮ ♦ଭୁବନେଶ୍ୱର ♦ସୋମବାର ♦୧୬ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦





୪୦୦ ମ୍ୟାଚ୍ କ୍ଲବ୍‌ରେ ମନ୍‌ପ୍ରୀତ୍

▶ପୃଷ୍ଠା ୧୨ ଦେଖନ୍ତୁ...



## ଦୁଃଖଦ



## ପୁଣେରେ ପୋଲ ଭୁଶୁଡ଼ି ୫ ମୃତ; ୩୦ ନିଖୋଜ

■ **ପୁଣେ, ୧୫।୬ (ଏଜେନ୍ସି):** ମହାରାଷ୍ଟ୍ରର ପୁଣେ ନିକଟରେ ଆଜି ଇନ୍ଦ୍ରାୟଣୀ ନଦୀ ଉପରେ ନିର୍ମିତ ଏକ ପୁରୁଣା ପୋଲ ଭୁଶୁଡ଼ି ପଡ଼ିବାରୁ ୨୦ରୁ ୩୦ ଜଣ ବ୍ୟକ୍ତି ଭାସିଯାଇଛନ୍ତି । ଏଥିରେ ୫ ଜଣ ପ୍ରାଣ ହରାଇଛନ୍ତି ଏବଂ ୧୩ ଜଣଙ୍କୁ ଉଦ୍ଧାର କରାଯାଇଥିବା ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡ଼ନାଭିସ ସୂଚନା ଦେଇଛନ୍ତି । ଅନ୍ୟମାନଙ୍କୁ ଉଦ୍ଧାର କରିବା ଲାଗି ଉଦ୍ୟମ ଚାଲିଛି । ପାଣିର ସ୍ରୋତ ପ୍ରଖର ହୋଇଥିବା ଦୃଷ୍ଟିରୁ ମୃତ୍ୟୁ ସଂଖ୍ୟା ବଢ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଉଛି । ଉଦ୍ଧାର ପାଇଥିବା ଲୋକମାନଙ୍କ ମଧ୍ୟରୁ ୬ ଜଣଙ୍କୁ ଗୁରୁତର ଅବସ୍ଥାରେ ମେଡିକାଲରେ ଭର୍ତ୍ତି କରାଯାଇଛି । ଯାନବାହନ ପାଇଁ ଏହି ପୋଲକୁ ବନ୍ଦ ରଖାଯାଇଥିଲେ ମଧ୍ୟ ବନ୍ୟା ପାଣି ଦେଖିବା ଲାଗି ୨୦ରୁ ୩୦ ଜଣ ଲୋକ ଏହି ବିପଦଶଙ୍କୁଳ ପୋଲ ଉପରେ ଭିଡ଼ ଜମାଇଥିଲେ । ଏହି ସମୟରେ ପୋଲ ଭୁଶୁଡ଼ି ପଡ଼ିଥିଲା । ବନ୍ୟା ପାଣିର ପ୍ରଖର ସ୍ରୋତରେ ସେମାନେ ଭାସିଯାଇଥିଲେ । ସେମାନଙ୍କୁ ଉଦ୍ଧାର କରିବା ଲାଗି ବଡ଼ ଧରଣର ଅଭିଯାନ ଆରମ୍ଭ ହୋଇଥିଲା । ୧୩ ଜଣ ଉଦ୍ଧାର ହୋଇଥିଲେ ମଧ୍ୟ ପୋଲ ଉପରେ କେତେ ଲୋକ ଥିଲେ ତାହା ନିର୍ଦ୍ଦିଷ୍ଟ ଭାବେ ଜଣାପଡ଼ି ନାହିଁ । ତେଣୁ ନଦୀରେ ଉଦ୍ଧାର ଅଭିଯାନ ଜାରି ରହିଛି । ପ୍ରକାଶଥାଉକି କିଛି ଦିନ ତଳେ ସରକାର ଏହି ବିପଦଶଙ୍କୁଳ ଏହି ପୋଲ ଉପରେ ଯାତାୟତକୁ ବାରଣ କରିଥିଲେ ।

## କେଦାରନାଥରେ ଖସିପଡ଼ିଲା ହେଲିକପ୍ଟର୍; ୭ ମୃତ

■ **ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି):** ଉତ୍ତରାଖଣ୍ଡର ଗୌରିକୁଣ୍ଡ ଜଙ୍ଗଲରେ ଆଜି ସକାଳେ ଏକ ହେଲିକପ୍ଟର ଦୁର୍ଘଟଣାରେ ପାଇଲଟଙ୍କ ସମେତ ୭ ଜଣ ପ୍ରାଣ ହରାଇଛନ୍ତି । ହେଲିକପ୍ଟର ଆଜି ସକାଳ ୫ଟା ୧୭ ମିନିଟରେ କେଦାରନାଥ ଧାମରୁ ଗୁପ୍ତକାଶୀ ଯାଉଥିବା ବେଳେ ଖରାପ ପାଗ ଯୋଗୁଁ ଜଙ୍ଗଲ ଭିତରେ ଖସିପଡ଼ିଥିଲା । ହେଲିକପ୍ଟର ଉଡ଼ିଲା ବେଳକୁ କିଛି ଦେଖାଯାଉନଥିଲା ଏବଂ ପାଗ ମଧ୍ୟ ଅନୁକୂଳ ନଥିଲା । ଏହାସତ୍ତ୍ୱେ ପାଇଲଟ ଗୁପ୍ତକାଶୀ ଆଡ଼କୁ ଅଗ୍ରସର ହୋଇଥିଲେ । ଖବର ପାଇ ଏନ୍‌ଡିଆର୍‌ଏଫ୍‌ର ସ୍ୱତନ୍ତ୍ର ଟିମ୍ ଦୁର୍ଘଟଣାଗ୍ରସ୍ତ ଅଞ୍ଚଳକୁ ଯାଇଛନ୍ତି । ଏହି ଦୁର୍ଘଟଣା ପରେ ଚାର ଧାମ ଅଞ୍ଚଳରେ ଆସନ୍ତାକାଲି ପର୍ଯ୍ୟନ୍ତ ହେଲିକପ୍ଟର ସେବାକୁ ବନ୍ଦ କରିଦିଆଯାଇଛି । ଉତ୍ତରାଖଣ୍ଡରେ ଗତ ୬ ସପ୍ତାହ ମଧ୍ୟରେ ଏହା ହେଉଛି ପଞ୍ଚମ ହେଲିକପ୍ଟର ଦୁର୍ଘଟଣା । ମୁଖ୍ୟମନ୍ତ୍ରୀ ପୁଷ୍କର ସିଂହ ଧାମି କହିଛନ୍ତି ଯେ ଏଭଳି ପ୍ରତିକୂଳ ପାଗରେ ହେଲିକପଟର ଉଡ଼ାଇବାରେ ପାଇଲଟଙ୍କର ପୂର୍ବ ଅଭିଜ୍ଞତା ଥିଲା । କେଉଁ ପରିସ୍ଥିତିରେ ଏହି ଦୁର୍ଘଟଣା ଘଟିଲା, ତାହାର ଯାଞ୍ଚ କରାଯିବ । ତେବେ ହେଲିକପ୍ଟର ଉଡ଼ାଣ ପାଇଁ ଯେଉଁ ଗାଇଡଲାଇନ୍ସ ରହିଛି ତାହାର ଅନୁପାଳନ ଲାଗି ସେ ହେଲିକପ୍ଟର ସେବା ଯୋଗାଉଥିବା ସଂସ୍ଥା ଏବଂ ପାଇଲଟମାନଙ୍କୁ ପରାମର୍ଶ ଦେଇଛନ୍ତି ।

# ବାଡ଼ିବୁଢ଼ୀ ନେଲାଣି ୨୦ ମୁଣ୍ଡ

### କେନ୍ଦ୍ରାପଡ଼ା ଓ ପୁରୀ ଜିଲ୍ଲାକୁ ମାଡ଼ିଲା ଝାଡ଼ାବାନ୍ତି

### ଡେରାବିଶରେ ଡାଇରିଆ ନେଲା ପ୍ରଥମ ମୁଣ୍ଡ

### ଯାଜପୁର ଜିଲ୍ଲାରେ ଆଖି ବୁଜିଲେ ଆଉ ୩ ରୋଗୀ

### କଣାସ ଘଟଣାରୁ କିଛି ଶିଖିଲେନି ରାଜ୍ୟ ସରକାର

### ଝାଡ଼ାବାନ୍ତି ବ୍ୟାପିବା ପଛରେ ଦୂଷିତ ପାନୀୟ ଜଳ

### ଫୁରସତ୍ ମିଳିବା ପରେ ପ୍ରଭାବିତ ଅଞ୍ଚଳରେ ମନ୍ତ୍ରୀ

■ **ଭୁବନେଶ୍ୱର, ୧୫।୬ (ସମିସ):** ମାତିଛି ବାଡ଼ିବୁଢ଼ୀ । ଯାଜପୁରରୁ ଆରମ୍ଭ କରି ଗୋଟିକ ପରେ ଗୋଟିଏ ଜିଲ୍ଲାରୁ ମୁଣ୍ଡ ଗୋଟାଉଛି । ପ୍ରଥମେ ଯାଜପୁରରୁ ଆରମ୍ଭ ହୋଇଥିବା ଝାଡ଼ାବାନ୍ତି ଏବେ କେନ୍ଦୁଝର, ଭଦ୍ରକ, କଟକ, ଖୋର୍ଦ୍ଧା, ପୁରୀ, କେନ୍ଦ୍ରାପଡ଼ା ଜିଲ୍ଲାକୁ ମାଡ଼ିଗଲାଣି । ସେହିପରି ପଶ୍ଚିମ ଓଡ଼ିଶାର ବରଗଡ଼ ଜିଲ୍ଲାରେ ମଧ୍ୟ ଝାଡ଼ାବାନ୍ତି ବ୍ୟାପିଥିବା ଖବର ଆସିଛି । ଅବିଭକ୍ତ କଟକ ଓ ଅବିଭକ୍ତ ପୁରୀ ଜିଲ୍ଲାରେ ପରିସ୍ଥିତି ଅଣାୟତ୍ତ ହେବାକୁ ବସିଛି । ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଆରମ୍ଭରୁ ଘଟଣାକୁ ଗୁରୁତ୍ୱ ନ ଦେବାର ପରିଣାମ ଏବେ ସାଧାରଣ ଲୋକଙ୍କୁ ଭୋଗିବାକୁ ପଡ଼ିଛି । ଯାଜପୁର ଜିଲ୍ଲାର ଡାକ୍ତରଖାନାଗୁଡ଼ିକ କେବଳ ଝାଡ଼ାବାନ୍ତି ରୋଗୀରେ ଭର୍ତ୍ତି ହୋଇଯାଇଛି । ପ୍ରତିଦିନ ରୋଗୀ ସଂଖ୍ୟା ବଢ଼ିବଢ଼ି ଚାଲିଛି । ଯାଜପୁର, କେନ୍ଦୁଝର, ଭଦ୍ରକ, ଢେଙ୍କାନାଳ ଓ କେନ୍ଦ୍ରାପଡ଼ା ଜିଲ୍ଲାରେ ମୃତ୍ୟୁସଂଖ୍ୟା ୨୦ରେ ପହଞ୍ଚିଲାଣି । ଏହାକୁ ରୋକିବାରେ ପ୍ରଶାସନଠାରୁ ଆରମ୍ଭ କରି ରାଜ୍ୟ ସରକାର ସଂପୂର୍ଣ୍ଣ ଫେଲ୍ ମାରିଛନ୍ତି । ଏବେ ବର୍ଷପୂର୍ତ୍ତି ଉତ୍ସବରୁ ଫୁରସତ୍ ମିଳିବା ପରେ ସ୍ୱାସ୍ଥ୍ୟମନ୍ତ୍ରୀ ପ୍ରଭାବିତ ଯାଜପୁର ଓ କେନ୍ଦୁଝର ଜିଲ୍ଲାରେ ପହଞ୍ଚିଛନ୍ତି ।




ପାଞ୍ଚ ମାସ ତଳେ ପୁରୀ ଜିଲ୍ଲା କଣାସରେ ଡାଇରିଆ ସ୍ଥିତି ପୂରା ଅଣାୟତ୍ତ ହୋଇଥିଲା । ଶତାଧିକ ଲୋକ ଆକ୍ରାନ୍ତ ହୋଇଥିବାବେଳେ ୬ଜଣ ମୃତ୍ୟୁବରଣ କରିଥିଲେ । ଦୂଷିତ ପାନୀୟ ଜଳ ଯୋଗାଣରୁ ଏହି ଘଟଣା ଘଟିଥିବା ସେତେବେଳେ ଜଣାପଡ଼ିଥିଲେ ହେଁ ସରକାର କୌଣସି ଦୃଷ୍ଟାନ୍ତମୂଳକ ପଦକ୍ଷେପ ନେଲେ ନାହିଁ; ଫଳସ୍ୱରୂପ ଏବେ ଉପକୂଳ ଓଡ଼ିଶା ସମେତ ଦକ୍ଷିଣ ଓ ପଶ୍ଚିମ ଓଡ଼ିଶାକୁ ଡାଇରିଆ ବ୍ୟାପିଛି । ଏବେଠାରୁ ସଜାଗ ନ ହେଲେ ଆଗକୁ ଆହୁରି ଭୟଙ୍କର ସ୍ଥିତି ହେବ ବୋଲି ସ୍ୱାସ୍ଥ୍ୟ ବିଶେଷଜ୍ଞ ଚେତାବନୀ ଦେଇଛନ୍ତି ।

ଡାଇରିଆ ବ୍ୟାପିବା ପଛରେ ଦୂଷିତ ପାଣି ଓ ଖାଦ୍ୟ ମୂଳ କାରଣ ବୋଲି କୁହାଯାଉଛି । ରାଜ୍ୟର ଲୋକମାନଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଣ ପାଇଁ ତତ୍କାଳୀନ ରାଜ୍ୟ ସରକାର ଆରମ୍ଭ କରିଥିବା ପାନୀୟ ଜଳ ପ୍ରକଳ୍ପଗୁଡ଼ିକର କାମ ବନ୍ଦ କରି ଦିଆଯାଇଛି । ଏହି ପ୍ରକଳ୍ପ କେବେ ଶେଷ ହେବ ତାହା ଅନିଶ୍ଚିତ । ସେହିପରି ରାଜ୍ୟରେ ଜଳର ଗୁଣବତ୍ତା ପରୀକ୍ଷା ପାଇଁ ପ୍ରତି ଜିଲ୍ଲାରେ ପରୀକ୍ଷାଗାର ଥିବା ବେଳେ ଏ ସମ୍ପର୍କରେ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ । ସ୍ୱାସ୍ଥ୍ୟ ବିଭାଗ, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ମଧ୍ୟରେ ତାଳମେଳ ଅଭାବ ଯୋଗୁଁ ଏବେ ଲୋକମାନେ ଜୀବନ ହରାଉଛନ୍ତି । ଓଡ଼ିଶାରେ ୨୦୧୩ ମସିହାରୁ ୨୦୧୭ ମସିହା ପର୍ଯ୍ୟନ୍ତ କେହି କଲେରା ଆକ୍ରାନ୍ତ ଚିହ୍ନଟ ହୋଇ ନ ଥିଲେ । ୨୦୧୮ ▶ପୃଷ୍ଠା-୭

## ଅବହେଳାକୁ ନେଇ ନବୀନଙ୍କ କ୍ଷୋଭ

### ଚକିତ ଓ ବିଚଳିତ କରିଛି ରାଜ୍ୟ ସରକାରଙ୍କ ନିଷ୍କ୍ରିୟତା

### ଲୋକଙ୍କ ଜୀବନକୁ ବିପଦରେ ନ ପକାଇବାକୁ ପରାମର୍ଶ




■ **ଭୁବନେଶ୍ୱର, ୧୫।୬ (ସମିସ):** ଯାଜପୁର ଜିଲ୍ଲାରେ ଡାଇରିଆ ସଂଗୀନ ସ୍ଥିତି ସୃଷ୍ଟି କରିଥିବା ବେଳେ ରବିବାର ସୁଦ୍ଧା ରାଜ୍ୟର ୮ ଜିଲ୍ଲା ଏଥିରେ ପ୍ରଭାବିତ ହୋଇଛି । ଡାଇରିଆ ଓ କଲେରା ମୁକାବିଲା କ୍ଷେତ୍ରରେ ପ୍ରଶାସନର ବିଳମ୍ବିତ ପଦକ୍ଷେପ ଏବଂ ସ୍ୱାସ୍ଥ୍ୟ ବିଭାଗର ନିଷ୍କ୍ରିୟତାକୁ ସାଧାରଣରେ ତୀବ୍ର ସମାଲୋଚନା କରାଯାଉଛି । ଅନ୍ୟପକ୍ଷରେ ବିରୋଧୀଦଳ ନେତା ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ବ୍ୟାପୁଥିବା ଡାଇରିଆକୁ ନେଇ ଉଦ୍‌ବେଗ ଓ କ୍ଷୋଭ ପ୍ରକାଶ କରିଛନ୍ତି । ରାଜ୍ୟରେ ହଇଜା ବ୍ୟାପୁଥିବାବେଳେ ସରକାର ଏହାକୁ ହାଲୁକାରେ ନେବା ସମସ୍ତଙ୍କୁ ଚକିତ ଓ ବିଚଳିତ କରିଥିବା ଉଲ୍ଲେଖ କରି ତୁରନ୍ତ ଦୃଢ଼ ପଦକ୍ଷେପ ଗ୍ରହଣ ନିମନ୍ତେ ପରାମର୍ଶ ଦେଇଛନ୍ତି ।

ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ରାଜ୍ୟରେ ହଇଜା ଲୋକଙ୍କ ଜୀବନକୁ ସଙ୍କଟରେ ପକାଇଲାଣି । ଦୀର୍ଘ ବର୍ଷ ଧରି ଯାହା ରାଜ୍ୟରେ ଦେଖିବାକୁ ମିଳି ନ ଥିଲା ତାହା ଏବେ ବିଭିନ୍ନ ଜିଲ୍ଲାର ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି । ଯାଜପୁର, କେନ୍ଦ୍ରାପଡ଼ା, ଭଦ୍ରକ, ପୁରୀ, କଟକ ଓ କେନ୍ଦୁଝର ଆଦି ଜିଲ୍ଲାରେ ହଇଜା ଭୟଙ୍କର ରୂପ ନେଉଥିବା ବେଳେ ଅନ୍ୟ ଜିଲ୍ଲାକୁ ମଧ୍ୟ ଏହା ବ୍ୟାପିବାକୁ ଲାଗିଲାଣି । ବର୍ତ୍ତମାନ ସୁଦ୍ଧା ହଇଜାରେ ୧୪ ଜଣ ପ୍ରାଣ ହରାଇବା ମୋତେ ବ୍ୟଥିତ କରିଛି । ସେମାନଙ୍କ ପରିବାରବର୍ଗ ଓ ଆତ୍ମୀୟସ୍ୱଜନଙ୍କ ପ୍ରତି ମୋର ସମବେଦନା ଜଣାଉଛି । ତେବେ ରାଜ୍ୟର ଏତେବଡ଼ ସ୍ପର୍ଶକାତର ପ୍ରସଙ୍ଗକୁ ରାଜ୍ୟ ସରକାର ଏହାକୁ ହାଲୁକା ଭାବେ ନେବା ସମସ୍ତଙ୍କୁ ବେଶ୍ ଚକିତ ଓ ବିଚଳିତ କରୁଛି ବୋଲି ନବୀନ ଉଲ୍ଲେଖ କରିଛନ୍ତି ।

# ଘମାଘୋଟ ଲଢ଼େଇ

### ଇରାନରେ ୭୮, ଇସ୍ରାଏଲରେ ୧୩ ମୃତ



■ **ତେହରାନ, ୧୫।୬(ଏଜେନ୍ସି):** ଗତ ଶୁକ୍ରବାର ଇରାନ ଉପରେ ଇସ୍ରାଲର ପ୍ରଚଣ୍ଡ ଆକ୍ରମଣ ପରେ ଦୁଇ ଦେଶ ମଧ୍ୟ ଯୁଦ୍ଧ ଆରମ୍ଭ ହୋଇଯାଇଛି । ତିନି ଦିନ ଧରି ଉଭୟ ଦେଶ ପରସ୍ପର ଉପରେ ଜୋରଦାର ଆକ୍ରମଣ ଚଳାଇଛନ୍ତି । ଆକ୍ରମଣରେ କେବଳ ସାମରିକ ପ୍ରତିଷ୍ଠାନ ନୁହେଁ, ତୈଳ ବିଶୋଧନାଗାର ଏବଂ ଆବାସିକ ଅଞ୍ଚଳକୁ ମଧ୍ୟ ଟାର୍ଗେଟ କରାଯାଇଛି । ଗତକାଲି ଇରାନର ସର୍ବବୃହତ୍ ତୈଳ ବିଶୋଧନାଗାର ଉପରେ ଇସ୍ରାଏଲ ଆକ୍ରମଣ କରିବା ପରେ ଇରାନ ଇସ୍ରାଏଲ ଉପରେ ଜବାବୀ ହମଲା କରିଛି । ଇରାନ ମଧ୍ୟ ଇସ୍ରାଏଲର ତୈଳ ବିଶୋଧନାଗାର ଉପରେ ଆକ୍ରମଣ କରିଛି । ଇସ୍ରାଏଲ ପକ୍ଷରୁ ଏହି ସୂଚନା ଦେଇ କୁହାଯାଇଛି ଯେ ଗତ ରାତି ତମାମ ଇରାନ ପକ୍ଷରୁ ଇସ୍ରାଏଲ ଉପରେ କ୍ଷେପଣାସ୍ତ୍ର ମାଡ଼ କରାଯାଇଛି । ଆଜି ସନ୍ଧ୍ୟାର ଇରାନ ପୁଣି ଥରେ ଇସ୍ରାଏଲ ରାଜଧାନୀ ତେଲ ଆଭିଭ୍ ଉପରେ ବାଲିଷ୍ଟିକ କ୍ଷେପଣାସ୍ତ୍ର ମାଡ଼ କରିଥିବା ଜଣାପଡ଼ିଛି । ଇରାନ ବୈଦେଶିକ ମନ୍ତ୍ରୀ କହିଛନ୍ତି ଯେ ଇସ୍ରାଏଲ ଆକ୍ରମଣ ବନ୍ଦ ନକରିବା ପର୍ଯ୍ୟନ୍ତ ଇରାନ ସାମରିକ କାର୍ଯ୍ୟାନୁଷ୍ଠାନ ଜାରି ରଖିବ । ଦୁଇ ଦେଶ ମଧ୍ୟରେ ଯୁଦ୍ଧ ଉଗ୍ର ରୂପ ଧାରଣ କରୁଥିବା ବେଳେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ କହିଛନ୍ତି ଯେ ଦୁଇ ଦେଶ ମଧ୍ୟରେ କଥାବାର୍ତ୍ତା ଚାଲିଛି ଏବଂ ଯୁଦ୍ଧ ଖୁବଶୀଘ୍ର ବନ୍ଦ ହୋଇଯିବ । ଏହାସହିତ ଇରାନକୁ ସେ ଧମକ ଦେଇଛନ୍ତି, ଆମେରିକାର କୌଣସି ପ୍ରତିଷ୍ଠାନ ଉପରେ ଆକ୍ରମଣ ହେଲେ ଇରାନକୁ ଧ୍ୱଂସ କରିବା ଲାଗି ତାଙ୍କ ଦେଶ ସମସ୍ତ ଶକ୍ତି ଖଟାଇବାକୁ ପଛାଇବ ନାହିଁ ।

### ▶▶ ଥରୁଛି ତେହେରାନ୍, ତେଲ୍-ଆଭିଭ୍

### ▶▶ ଯୁଦ୍ଧବିରତି ଖୁବ୍‌ଶୀଘ୍ର: ଡୋନାଲ୍ଡ ଟ୍ରମ୍ପ

ଯୁଦ୍ଧ ମଇଦାନରୁ ମିଳିଥିବା ସୂଚନା ଅନୁଯାୟୀ ଇରାନର ପରମାଣୁ କେନ୍ଦ୍ର, ସାମରିକ ପ୍ରତିଷ୍ଠାନ ଏବଂ ଏୟାର ଡିଫେନ୍ସ ସିଷ୍ଟମ ଉପରେ ଇସ୍ରାଏଲ ଆକ୍ରମଣ ଜାରି ରଖିଛି । ଏଥିରେ ୭୮ ଜଣ ପ୍ରାଣ ହରାଇଥିବା ବେଳେ ୬ ଜଣ ବରିଷ୍ଠ ସେନା ଅଧିକାରୀ ଏଥିରେ ସାମିଲ ଅଛନ୍ତି । ▶ପୃଷ୍ଠା-୭

## ବଜ୍ରପାତ ନେଲା ୪ ଜୀବନ

■ **କଳାବାଡ଼ିଆ/ନୂଆପଡ଼ା/ବରଗଡ଼/କେନ୍ଦ୍ରାପଡ଼ା/ମହାକାଳପଡ଼ା/ତୁରୁମୁଙ୍ଗା,୧୫।୬(ସମିସ):** ରାଜ୍ୟର ବିଭିନ୍ନ ସ୍ଥାନରେ ବଜ୍ରପାତ ଘଟି ଆଜି ୪ ଜଣଙ୍କ ଜୀବନ ଯାଇଥିବା ବେଳେ ୧୦ରୁ ଊର୍ଦ୍ଧ୍ୱ ଗୁରୁତର ଆହତ ହୋଇଛନ୍ତି । ମୃତକମାନେ ହେଲେ, ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷି ବ୍ଲକ୍ ଅନ୍ତର୍ଗତ ଭୋଳାଗଡ଼ିଆ ଗ୍ରାମର ଭୀମ ମାଣ୍ଡି (୨୫), କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଅନ୍ତର୍ଗତ ବାଉଁଶୁଳି ଗ୍ରାମର ଶୈଳେନ୍ଦ୍ରୀ ନାଏକ (୫୪), ବରଗଡ଼ ଜିଲ୍ଲା ପାଇକମାଳ ବ୍ଲକ୍ ଅନ୍ତର୍ଗତ ବାରପାଳିଆ ଗ୍ରାମର ବଳଦେବ ମାଝୀ (୪୩), ଓ କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ଅନ୍ତର୍ଗତ ଷାଠିଏବାଟି ଗ୍ରାମର ପ୍ରଶାନ୍ତ ଦାସ (୪୫) ।

ସୂଚନାନୁଯାୟୀ, ଭୋଳାଗଡ଼ିଆ ଗ୍ରାମର ଭୀମ ଓ ଜଗନ୍ନାଥ ମାଣ୍ଡି (୪୦) ଆଜି ଦିନ ପ୍ରାୟ ୧ଟା ବେଳେ ଗୋରୁ ଆଣିବା ପାଇଁ ଗୋହିରାପାଳ ଜାହିରାକୁ ଯାଇଥିବା ବେଳେ ହଠାତ୍ ବର୍ଷା, ପବନ ହୋଇଥିଲା । ଦୁହେଁ ଏକ ଗଛ ମୂଳେ ଆଶ୍ରୟ ନେଇଥିବା ବେଳେ ସେଠାରେ ବଜ୍ରପାତ ହେବାରୁ ଏଥିରେ ଭୀମଙ୍କ ମୃତ୍ୟୁ ହୋଇଯାଇଥିଲା । ସ୍ଥାନୀୟ ଲୋକ ଗୁରୁତର ଅବସ୍ଥାରେ ▶ପୃଷ୍ଠା-୭

## ଖୁବ୍‌ଶୀଘ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ

# ୬ ପଦ ପାଇଁ ୬୦ ଆଶାୟୀ

■ **ଭୁବନେଶ୍ୱର, ୧୫।୬ (ସମିସ):** ରାଜ୍ୟରେ ବିଜେପି ସରକାର ପ୍ରଥମ ବର୍ଷ ପୂରଣ କରିଛି । ବିନା ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳରେ ସରକାର ଯେନେତେନ ପ୍ରକାରେ ପ୍ରଥମ ବର୍ଷର ଶାସନ ପୂରଣ କରି ନିଜ ପିଠି ନିଜେ ଥାପୁଡ଼ଉଛନ୍ତି । ବର୍ତ୍ତମାନ ରାଜ୍ୟବ୍ୟାପୀ ସରକାର ନିଜର ପ୍ରଥମ ବର୍ଷ ଶାସନ ଉତ୍ସବ ପାଳନ କରୁଥିବା ବେଳେ ଆସନ୍ତା ୨୦ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶା ଆସୁଛନ୍ତି । ଏହି ଅବସରରେ ରାଜ୍ୟ ସରକାର ପ୍ରଧାନମନ୍ତ୍ରୀଙ୍କୁ ପ୍ରଥମ ବର୍ଷ ଶାସନର ରିପୋର୍ଟ କାର୍ଡ ବିଧିବଦ୍ଧ ଭାବେ ପ୍ରଦାନ କରିବେ । ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ କରାଯାଇପାରେ ବୋଲି ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି । ତେବେ ରଥଯାତ୍ରା ପୂର୍ବରୁ କି ବାହୁଡ଼ା ଯାତ୍ରା ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବ ତାହା ଚୂଡ଼ାନ୍ତ ହୋଇ ପାରିନାହିଁ । ରାଜ୍ୟ ସରକାରଙ୍କ ମନ୍ତ୍ରୀମାନେ ସେମାନଙ୍କର ବାର୍ଷିକ ରିପୋର୍ଟ କାର୍ଡ ମୁଖ୍ୟମନ୍ତ୍ରୀଙ୍କୁ ପ୍ରଦାନ କରିସାରିଛନ୍ତି । ସେହି ଆଧାରରେ କେଉଁମାନେ ମନ୍ତ୍ରିମଣ୍ଡଳରେ ସ୍ଥାନ ବଜାୟ ରଖିବେ ଓ କେଉଁମାନେ ବାଦ ପଡ଼ିବେ ତାହା ମୁଖ୍ୟମନ୍ତ୍ରୀ ସ୍ଥିର କରିବେ । ତେବେ ଏହି ▶ପୃଷ୍ଠା-୭

### ▶▶ ସମ୍ପ୍ରସାରଣରେ ମୋହନଙ୍କର ରହିବ ସର୍ବାଧିକ ଭୂମିକା

### ▶▶ ମନ୍ତ୍ରିମଣ୍ଡଳରେ ବୃଦ୍ଧି ପାଇବ ମହିଳାଙ୍କ ଭାଗିଦାରୀ

### ▶▶ ବିଦା ହେବେ ୩, ବଦଳିବ ଅନେକ ମନ୍ତ୍ରୀଙ୍କ ବିଭାଗ

### ▶▶ ସମ୍ପ୍ରସାରଣ ପରେ ନିଗମ ଓ ବୋର୍ଡ ଥଇଥାନ ପ୍ରକ୍ରିୟା

## ଜଳଭଣ୍ଡାରକୁ ଡେଇଁ ପ୍ରେମୀଯୁଗଳଙ୍କ ଆତ୍ମହତ୍ୟା



■ **ନନ୍ଦପୁର, ୧୫।୬ (ସମିସ):** ପ୍ରେମରେ ବିଫଳ ହେବାରୁ ନାବାଳକ ପ୍ରେମୀଯୁଗଳ ଜଳଭଣ୍ଡାର ଭିତରକୁ ଡେଇଁ ଆତ୍ମହତ୍ୟା କରିଛନ୍ତି । ଉଭୟଙ୍କର ହାତବନ୍ଧା ହୋଇଥିବା ଅବସ୍ଥାରେ ଶବ ଉଦ୍ଧାର ହୋଇଛି । ଘଟଣାଟି ଘଟିଛି, କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକ ପାଡୁଆ ଥାନା ଅଧୀନସ୍ଥ ଅତଣ୍ଡା ଗ୍ରାମ ପଞ୍ଚାୟତର ବନୁର ଗ୍ରାମରେ । ଶନିବାର ସନ୍ଧ୍ୟାରେ ଏହି ନାବାଳକ ପ୍ରେମୀଯୁଗଳ ଏଭଳି ଚରମ ନିଷ୍ପତ୍ତି ନେଇଥିବା ଜଣାପଡ଼ିଛି । ସୂଚନାନୁସାରେ, ନାବାଳିକାଜଣଙ୍କ ସ୍ଥାନୀୟ ଏକ ହାଇସ୍କୁଲ୍‌ରେ ୧୦ମ ଶ୍ରେଣୀରେ ପାଠ ପଢୁଥିବା ବେଳେ ନାବାଳକଜଣଙ୍କ ନନ୍ଦପୁର ସିନ୍ଧେଦେବୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଯୁକ୍ତ ଦୁଇବର୍ଷର ଛାତ୍ର । ଉଭୟଙ୍କ ମଧ୍ୟରେ ▶ପୃଷ୍ଠା-୭

# କଟକରେ ଡାଇରିଆ ଭୟ

କଟକ, ୧୫।୬(ସମିସ)

କଟକର ଗୋଟିଏ ପରେ ଗୋଟିଏ ବ୍ଲକରେ ଏବେ ଡାଇରିଆ ଆକ୍ରାନ୍ତ ଦେଖିବାକୁ ମିଳିଲେଣି। କଟକ ସଦର ଏବଂ ବାଙ୍କୀ ପରେ ଆଜି ଟାଙ୍ଗୀ-ଚୌଦ୍ୱାର ଅଞ୍ଚଳରେ ଝାଡାବାନ୍ତି ଆକ୍ରାନ୍ତ ଜଣାପଡ଼ିଛନ୍ତି। ଏଠାକାର ସଫା ପଞ୍ଚାୟତର ୧୧ଜଣ ଝାଡାବାନ୍ତିରେ ଆକ୍ରାନ୍ତ ହୋଇଥିବା ବେଳେ ଏମାନଙ୍କ ଭିତରୁ ଜଣେ ଗୁରୁତର ଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଆକ୍ରାନ୍ତଙ୍କ ସଂଖ୍ୟା ବୃଦ୍ଧିକୁ ଦୃଷ୍ଟିରେ ରଖି ସ୍ୱାସ୍ଥ୍ୟବିଭାଗ ବ୍ୟାପକ ପଦକ୍ଷେପ ଗ୍ରହଣ କରିଛି ବୋଲି ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ(ସିଡିଏମଓ) ଡାକ୍ତର ପ୍ରଶାନ୍ତ କୁମାର ହୋତା ସୂଚନା ଦେଇଛନ୍ତି।

ସିଡିଏମଓ ଡାକ୍ତର ହୋତାଙ୍କ କହିବା ମୁତାବକ, ବର୍ତ୍ତମାନ ସୁଦ୍ଧା କଟକ ଜିଲ୍ଲାର ୩ଟି ବ୍ଲକରେ ଝାଡାବାନ୍ତି ଆକ୍ରାନ୍ତ ଜଣାପଡ଼ିଲେଣି। ବେଣ୍ଟକାର ଅଞ୍ଚଳରେ ମୋଟ ୨୬ଜଣ ଝାଡାବାନ୍ତିରେ ଆକ୍ରାନ୍ତ ହୋଇଥିଲେ। ସେଠାରେ ଏକ ଡାକ୍ତରୀ ଦଳ ସ୍ୱତନ୍ତ୍ର ଭାବେ ନିୟୋଜିତ ହୋଇଥିଲା। ତେବେ ସମସ୍ତ ଆକ୍ରାନ୍ତ ଗୋଟିଏ ସ୍ଥାନରେ ଭୋଜି ଖାଇବା ପରେ ଝାଡାବାନ୍ତିରେ ପୀଡ଼ିତ ହୋଇଥିବା ସ୍ପଷ୍ଟ ହୋଇଛି। ବେଣ୍ଟକାରରେ

**● ଟାଙ୍ଗୀ ଅଞ୍ଚଳକୁ ବ୍ୟାପିଲା ଝାଡ଼ାବାନ୍ତି**
**● ଘୋଲପୁରରେ ଆକ୍ରାନ୍ତଙ୍କ ସଂଖ୍ୟା ୪୦ ଛୁଇଁଲା**
**● ଭୋଜି ଖାଇ ବେଣ୍ଟକାରରେ ଝାଡ଼ାବାନ୍ତି ବ୍ୟାପିଥିଲା**

ଆଜି ନମୁନା ପରୀକ୍ଷା କରାଯାଇଥିଲେ ମଧ୍ୟ ଆଉ ଆକ୍ରାନ୍ତ ଜଣାପଡ଼ିନାହାନ୍ତି। ସେଠାରେ ସ୍ଥିତି ସ୍ଥିର ଥିବା ସିଡିଏମଓ ଡାକ୍ତର ହୋତା କହିଛନ୍ତି। ସେହିପରି ବାଙ୍କୀ ବ୍ଲକ ଅନ୍ତର୍ଗତ ଘୋଲପୁର ଗ୍ରାମରେ ଆକ୍ରାନ୍ତଙ୍କ ସଂଖ୍ୟା ବୃଦ୍ଧି ପାଇଛି। ଗତକାଲି ୨୬ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। ଆଜି ଆଉ ୧୬ଜଣ ଝାଡାବାନ୍ତିରେ ଆକ୍ରାନ୍ତ ହୋଇଛନ୍ତି। ସେଠାକାର ଆକ୍ରାନ୍ତମାନେ କୌଣସି ଭୋଜିଭାତରେ ସାମିଲ ହୋଇ ନଥିବା ଜଣାପଡ଼ିଛି। ଘୋଲପୁରରୁ ଜଳନମୁନା ସଂଗ୍ରହ କରାଯାଇଛି। ଟାଙ୍ଗୀ ସଫା ପଞ୍ଚାୟତରେ ମଧ୍ୟ ୧୧ଜଣ ଝାଡାବାନ୍ତିରେ ଆକ୍ରାନ୍ତ ହୋଇଛନ୍ତି। ଏଭଳି ପରିସ୍ଥିତିକୁ ଦୃଷ୍ଟିରେ ରଖି ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସ୍ଥାନୀୟ ବିଡିଓମାନଙ୍କୁ ଲୋକଙ୍କ ସଚେତନ କରିବା ନିମନ୍ତେ ପରାମର୍ଶ ଦିଆଯାଇଛି। ଆକ୍ରାନ୍ତ ଚିହ୍ନଟ ଅଞ୍ଚଳରେ ପରିମଳ ବ୍ୟବସ୍ଥାକୁ ଗୁରୁତ୍ୱ ଦିଆଯାଇଥିବା ବେଳେ ଡାକ୍ତରୀ ଦଳ ନିୟମିତ ନିରୀକ୍ଷଣରେ ଯାଉଛନ୍ତି ବୋଲି ସିଡିଏମଓ ଡାକ୍ତର ହୋତା କହିଛନ୍ତି। ସେହିପରି ଜନସ୍ୱାସ୍ଥ୍ୟ ବିଭାଗର ସହଯୋଗରେ ଆକ୍ରାନ୍ତ ଚିହ୍ନଟ ଅଞ୍ଚଳରେ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଇ ଦିଆଯାଉଛି।

# ମୌଳିକ ସୁବିଧାରୁ ବଞ୍ଚିତ ମହାତାବନ୍ଧ ଗ୍ରାମବାସୀ

## ଗ୍ରାମରେ ପାନୀୟଜଳ, ସ୍ୱାସ୍ଥ୍ୟ, ଶିକ୍ଷା ଓ ରାସ୍ତା ସମସ୍ୟା

ବଡମ୍ବା, ୧୫।୬(ସମିସ): ବଡମ୍ବା ବ୍ଲକ ସଦର ମହାକୁମା ଠାରୁ ପ୍ରାୟ ୨୦କିଲୋମିଟର ଦୂରରେ ରହିଛି ମାଳତୀଗ୍ରାମ ପଞ୍ଚାୟତର ମହତାବନ୍ଧ ଗ୍ରାମ। ଗ୍ରାମଟି ପ୍ରାକୃତିକ ପରିବେଶ ମଧ୍ୟରେ ୪୨ଟି ପରିବାରକୁ ନେଇ ପ୍ରାୟ ୩୦୦ରୁ ଉର୍ଦ୍ଧ୍ୱ ପୁରୁଷ ମହିଳା ଓ କୋମଳମତି ଶିଶୁ ବସବାସ କରୁଛନ୍ତି। ଉକ୍ତ ଗ୍ରାମର ମୁଖ୍ୟ ଜୀବିକା କହିଲେ କୃଷି ଓ ଜଙ୍ଗଲ ଉପରେ ନିର୍ଭରଶୀଳ ଅଟନ୍ତି। ସ୍ୱାଧୀନତାର ୭୮ ବର୍ଷ ଦେଶ ପାଳୁଥିବା ବେଳେ ସରକାରଙ୍କ ବିକାଶମୂଳକ ଯୋଜନା ସମ୍ପୂର୍ଣ୍ଣ ରୂପେ ପହଞ୍ଚିପାରିନି ମହତାବନ୍ଧ ଗ୍ରାମକୁ। ନା ଅଛି ଉକ୍ତ ଗ୍ରାମକୁ ପକ୍କା ସଡ଼କଟିଏ, ନା ଅଛି ବିଶୁଦ୍ଧ ପାନୀୟ ଜଳ ବ୍ୟବସ୍ଥା, ନା ପହଞ୍ଚିପାରୁଛି ଜରୁରୀ ମେଡିକାଲ ସୁବିଧା, ଶିକ୍ଷା କଥା ଯଦି କହିବା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ଗ୍ରାମକୁ ଯିବାକୁ ହେଲେ ବିପର୍ଯ୍ୟସ୍ତ ରାସ୍ତା ଦେଇ ଅତିକ୍ରମ କରିବାକୁ ପଡ଼ିଥାଏ। ଗ୍ରାମର କୋମଳମତି ବାଳକ ବାଳିକାମାନେ ପାଠ ପଢ଼ିବା ପାଇଁ ଦୀର୍ଘ ୪ କିଲୋମିଟର ବିପଦପୂର୍ଣ୍ଣ ରାସ୍ତା ଓ କେନାଲ ଦେଇ ପାଠ ପଢ଼ିବାକୁ ଯାଇଥାନ୍ତି। ଜଙ୍ଗଲ ପାହାଡ଼ର ପାଦ ଦେଶରେ ଗ୍ରାମଟି ଥିବାରୁ ଜଙ୍ଗଲ ଜନ୍ତୁଙ୍କ ଭୟ ମଧ୍ୟ ସବୁବେଳେ ଲାଗିଥାଏ। ରାସ୍ତା ସମସ୍ୟା ଥିବାରୁ କୋମଳମତି ଛାତ୍ରଛାତ୍ରୀମାନେ ପାଠ ପଢ଼ିବାରୁ ବି ବଞ୍ଚିତ ହେଉଛନ୍ତି। ସରକାର ଶିକ୍ଷା ବ୍ୟବସ୍ଥାରେ ସମସ୍ତ ସୁବିଧା ଯୋଗାଉଥିବା ବେଳେ ଏଥିରୁ ବାଦ ପଡ଼ିଛନ୍ତି ମହତାବନ୍ଧର ଅନେକ କୋମଳମତି ଶିଶୁ। ଗ୍ରାମର ମୁଖ୍ୟ ସମସ୍ୟା କହିଲେ ବିଶୁଦ୍ଧ ପାନୀୟ ଜଳ ଯୋଗାଣ। ଗ୍ରାମରେ ଦୁଇଟି ନଳକୂପ



ଓ ଗୋଟିଏ କୂଅ ଥିବା ବେଳେ ଏହା ଉପରେ ଗ୍ରାମର ୩୦୦ ଲୋକ ନିର୍ଭର କରି ଚଳିଥାନ୍ତି। କିନ୍ତୁ ଉକ୍ତ ଗ୍ରାମରେ ଜଳର ଉତ୍ସକୁ ବ୍ୟବହାର କରି ଗ୍ରାମର ୩୫ରୁ ଉର୍ଦ୍ଧ୍ୱ ଲୋକ ଅକାଳରେ ମୃତ୍ୟୁବରଣ କରିସାରିଲେଣି। ଏହି କାରଣ ପାଇଁ ଗ୍ରାମର ଅଧିକାଂଶ ମହିଳା ବିଧବା। କିନ୍ତୁ ପ୍ରଧାନମନ୍ତ୍ରୀଙ୍କ ମିଶନ ଜଳ ଯୋଜନାରେ ଗ୍ରାମକୁ ସାମିଲ କରାଯାଇଛି ସତ କିନ୍ତୁ ବାସ୍ତବରେ ତାହା କାଗଜ କଲମରେ ସୀମିତ ରହିଯାଇଛି। ରାଜ୍ୟ ସରକାରଙ୍କ ତହବିଲରୁ କୋଟି କୋଟି ଟଙ୍କା ପାନୀୟ ଜଳ ବ୍ୟୟବରାଦରେ ଖର୍ଚ୍ଚ କରାଯାଇଛି କିନ୍ତୁ ଏହି ଗ୍ରାମକୁ ଦେଖିଲେ ସମ୍ପୂର୍ଣ୍ଣ ଓଲଟା ଜଣାପଡୁଛି। ପ୍ରତ୍ୟକ ଘରେ ଏଲ୍ ଆଣ୍ଡ ଟି ପକ୍ଷରୁ ପାଣି ଟ୍ୟାପ ଲାଗିବା ସହ ଗ୍ରାମର ଉପର ମୁଣ୍ଡରେ ବୃହତ ପାନୀୟ ଜଳ ସଂରକ୍ଷଣ ବ୍ୟବସ୍ଥା ଥିଲେ ସୁଧା ତାହା କାର୍ଯ୍ୟରେ ଆସୁ ନାହିଁ। ଗ୍ରାମବାସୀଙ୍କ କହିବା କଥା ନିର୍ବାଚନ ଆସିଲେ ଅନେକ ନେତା ଗାଁକୁ ଆସନ୍ତି, ବଡ଼ ବଡ଼ ଭାଷଣ ଦେଇ ଲୋକଙ୍କୁ ପ୍ରଲୋଭନ ଦେଖାନ୍ତି, ପର ମୁହୂର୍ତ୍ତରେ ଭୁଲି ଯାଆନ୍ତି ବୋଲି ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି। ଏନେଇ ମାଳତୀ ଗ୍ରାମପଞ୍ଚାୟତର ସରପଞ୍ଚ ରତ୍ନାକର ବେହେରାଙ୍କ ସହ ଯୋଗଯୋଗ କରିବାରୁ ସେ ଅଭିଯୋଗ ନିଛକ ସତ୍ୟ ବୋଲି ପରିପ୍ରକାଶ କରିବା ସହିତ ଅନ୍ୟ ସମସ୍ୟାର ସମାଧାନ ହୋଇପାରିବ କିନ୍ତୁ ପାଣି ପାଇଁ ସମସ୍ତ ଚେଷ୍ଟା ବିଫଳ ହେଉଛି ବୋଲି ପ୍ରକାଶ କରିଛନ୍ତି। ଏନେଇ ବଡମ୍ବା ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ ଯୋଗାଯୋଗ କରିବାରୁ ଯୋଗାଯୋଗ ସମ୍ଭବ ପର ହୋଇପାରି ନାହିଁ।

# ଖୁଣ୍ଟକଟାରେ ରକ୍ତଦାନ ଶିବିର




ବଡମ୍ବା, ୧୫।୬(ସମିସ): ବଡମ୍ବା ବ୍ଲକ ଖୁଣ୍ଟକଟା ଗ୍ରାମ ପଞ୍ଚାୟତରେ ରକ୍ତଦାନ ଶିବିର ପ୍ରରୁପ ଲିଟିଲ୍ ଷ୍ଟେପର ପ୍ରତିଷ୍ଠାତା ପ୍ରଦ୍ଯୁଦତ୍ତ ଧଳଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଖୁଣ୍ଟକଟା ପଞ୍ଚାୟତର ଯୁବଗୋଷ୍ଠୀଠୁ ଆରମ୍ଭ କରି ଅନେକ ବୁଦ୍ଧିଜୀବୀ ସାମିଲ ହୋଇ ରକ୍ତଦାନ କରିଥିଲେ। ଏହି ଶିବିରରୁ ୪୦ୟୁନିଟ ରକ୍ତ ସଂଗ୍ରହ କରାଯାଇଛି। ସ୍ଥାନୀୟ ଅଞ୍ଚଳର ଯୁବକମାନେ ଏହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏହି ଅବସରରେ ଯୁବ ଗୋଷ୍ଠୀ ରକ୍ତଦାନକୁ ଜୀବନର ବ୍ରତ କରିବାକୁ ସ୍ଥାନୀୟ ବୁଦ୍ଧିଜୀବୀମାନେ ପରାମର୍ଶ ଦେଇଥିଲେ। ଆଗକୁ ବଡମ୍ବା ନରସିଂହପୁର ଅଞ୍ଚଳର ବିଭିନ୍ନ ଅଞ୍ଚଳରେ ଏପରି ରକ୍ତଦାନ ଶିବିର ଆୟୋଜନ କରାଯିବ ବୋଲି ପ୍ରରୁପ ଲିଟିଲ୍ ଷ୍ଟପର ପ୍ରତିଷ୍ଠାତା କହିଛନ୍ତି।

# ମହିଳାଙ୍କ ଅନ୍ତିମ ସଂସ୍କାର କଲେ ସ୍ୱେଚ୍ଛାସେବୀ

ଆଠଗଡ଼, ୧୫।୬(ସମିସ): ଆଠଗଡ଼ ଅଞ୍ଚଳର ସ୍ୱେଚ୍ଛାସେବୀ ସଂଗଠନ ଜଷ୍ଟ ଫର ୟୁ ପକ୍ଷରୁ ଆଠଗଡ଼ ଏନଏସିର ୭ନମ୍ବର ୱାର୍ଡର ନିରାଶ୍ରୟ ମହିଳା କନକ ବାରିକଙ୍କୁ ୩ ଦିନ ପୂର୍ବରୁ ଆଚାର୍ଯ୍ୟ ହରିହର କର୍କଟ ରୋଗ ମେଡିକାଲରେ ଚିକିତ୍ସା କରାଯାଉଥିବା ସମୟରେ ଦେହାନ୍ତ ହୋଇଥିଲା। ଜଷ୍ଟ ଫର ୟୁ ର ସ୍ୱେଚ୍ଛସେବୀମାନେ ସମ୍ପୃକ୍ତ ନିରାଶ୍ରୟା ମହିଳାଙ୍କ ଶବଦାହ କରି ଆଠଗଡ଼ ତଥା ବିଭିନ୍ନ ମହଲରେ ପ୍ରଶଂସିତ ହୋଇଛନ୍ତି। କନକ ବହୁ ଦିନରୁ କର୍କଟ ରୋଗରେ ପୀଡିତା ଥିଲେ। କୌଣସି ସମ୍ପର୍କୀୟ ତଥା ପରିବାର ଲୋକ ନ ଥିବାରୁ ଘରେ ପଡ଼ି ରହିଥିଲେ। ଏ ସମ୍ପର୍କରେ ଖବର ପାଇ ସ୍ୱେଚ୍ଛାସେବୀ ଅନୁଷ୍ଠାନର କର୍ମକର୍ତ୍ତା



ସହଯୋଗର ହାତ ବଢ଼ାଇଥିଲେ। କନକଙ୍କୁ ପ୍ରଥମେ ଆଠଗଡ଼ ଉପଖଣ୍ଡ ସରକାରୀ ମେଡିକାଲ ଓ ପରେ କଟକ ସ୍ଥାନାନ୍ତର କରାଯାଇଥିଲା। ଚିକିତ୍ସିତ ଅବସ୍ଥାରେ ସେଠାରେ ତାଙ୍କର ମୃତ୍ୟୁ ହୋଇ ଯାଇଥିଲା। ଜଷ୍ଟ ଫର ୟୁ ସେବା ସଂଘ ସଭାପତି ତଥା ପ୍ରତିଷ୍ଠାତା ସୁଧାଂଶୁ ଶେଖର ସାହୁଙ୍କ ନେତୃତ୍ୱରେ କଟକ ସ୍ଥିତ ଖାନନଗରର ସ୍ୱର୍ଗଧାମ ଠାରେ ମରଶରୀରକୁ ନେଇ ଅନ୍ତିମ ସଂସ୍କାର କରା ଯାଇଥିଲା। ଏହି ଅବସରରେ ବରିଷ୍ଠ ସମାଜସେବୀ ଲକ୍ଷ୍ମୀନାରାୟଣ ଭଞ୍ଜ, ଅଭିମନ୍ୟୁ ଦାସ, ଲଳିତ ରାୟ ପ୍ରମୁଖ ଉପସ୍ଥିତ ଥିଲେ। କେହି ସମ୍ପର୍କୀୟ ନ ଥିବାରୁ ସ୍ୱେଚ୍ଛାସେବି ରୁନି ପ୍ରଧାନ ମୁଖାଗ୍ନି ଦେଇଥିଲେ। ସମାଜସେବୀ ଶ୍ରୀ ଭଞ୍ଜଙ୍କ ସହଯୋଗରେ ସଂଗଠନ ପକ୍ଷରୁ ତାଙ୍କର ଶୁଦ୍ଧିକ୍ରିୟା କରାଯିବ ବୋଲି ପ୍ରତିଷ୍ଠାତା ଶ୍ରୀ ସାହୁ କହିଛନ୍ତି।

# ବେସରକାରୀ ଅଧ୍ୟାପକ ଓ କର୍ମଚାରୀ ସଂଘ ପକ୍ଷରୁ ପଥପ୍ରାନ୍ତ ସଭା

**● ଅପ୍ରୀତିକର ପରିସ୍ଥିତି ପାଇଁ ସରକାର ଦାୟୀ ରହିବେ; କର୍ମଚାରୀଙ୍କ ଚେତାବନୀ**

ତିଗିରିଆ, ୧୫।୬(ସମିସ): ରବିବାର ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ ଓ କର୍ମଚାରୀ ସଂଘ, ଓଡ଼ିଶା, ଭୁବନେଶ୍ୱର ରାଜ୍ୟ ସଂଘର ସଭାପତି ବିଶ୍ୱରଞ୍ଜନ ଦାସଙ୍କ ଆହ୍ୱାନକ୍ରମେ ଆଠଗଡ଼ ଖଣ୍ଡ ସଂଯୋଜକ ରଞ୍ଜିତ କୁମାର ସ୍ୱାଇଁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପଥପ୍ରାନ୍ତ ସଭା ଆଠଗଡ଼ ମହିଳା ମହାବିଦ୍ୟାଳୟ ଛକଠାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲା ସଂଯୋଜକ କେଶବ ଚନ୍ଦ୍ର ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ଦୀର୍ଘ ୧୫ ବର୍ଷ ଧରି କର୍ମଚାରୀମାନେ କଲେଜରୁ ୨ ହଜାରରୁ ୫ ହଜାର ଭିତରେ ପାରିଶ୍ରମିକ ପାଇଁ କଲେଜର




ସମସ୍ତ କାର୍ଯ୍ୟ କରିବା, ନିର୍ବାଚନ ଠାରୁ ଆରମ୍ଭ କରି କଲେଜର ରକ୍ଷଣାବେକ୍ଷଣ ଦାୟିତ୍ୱ ତୁଲାଇଥାନ୍ତି। କିନ୍ତୁ ଦୁଃଖ ଓ ପରିତାପର ବିଷୟ ଭୁବନେଶ୍ୱର ଲୋୟାର ପିଏମଜୀ ଠାରେ ୪୯୭ ଦିନ ଅହୋରାତ୍ର ଧାରଣା ଦେଇଥିଲେ ମଧ୍ୟ ବିଗତ ସରକାର ପ୍ରତିଶ୍ରୁତି ଦେଇଥିଲେ ଇଲେକ୍ସନ ପୂର୍ବରୁ ନୂତନ ଜିଆଇଏ ବାହାରିବ କିନ୍ତୁ ତାହା କାର୍ଯ୍ୟରେ ପରିଣତ ହୋଇପାରି ନ ଥିଲା। ଏ ସମ୍ପର୍କରେ ବର୍ତ୍ତମାନର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ମଧ୍ୟ ବହୁବାର ଦେଖା କରିକି ଏବଂ ଶିକ୍ଷା ମନ୍ତ୍ରୀଙ୍କୁ ମଧ୍ୟ ବହୁବାର ସଂଘ ଦେଖା କରିକି ଦାବିପତ୍ର ଦେଇଥିଲେ ମଧ୍ୟ କିଛି ଫଳପଦ ହେଉନାହିଁ। ତେଣୁ ଏବେ ସଂଘ ତରଫରୁ ସମଗ୍ର ରାଜ୍ୟରେ ସବୁ ବ୍ଲକରେ ପଥପ୍ରାନ୍ତ ସଭା ଆରମ୍ଭ ହୋଇଛି। ଯଦି ସରକାର ୨୦୦୮ରୁ ୨୦୧୮ ପର୍ଯ୍ୟନ୍ତ ନୂତନ ଅନୁଦାନ ନୀତି (ଜିଆଇଏ) ନ ବାହାର କରନ୍ତି ଆଗାମୀ ଦିନରେ ଯାହା ଅପ୍ରୀତିକର ପରିସ୍ଥିତି ରାଜରାସ୍ତାରେ ସୃଷ୍ଟି ହେବ ସେଥିପାଇଁ ସରକାର ଦାୟୀ ରହିବେ ବୋଲି ଜିଲ୍ଲା ସଂଯୋଜକ କେଶବ ଚନ୍ଦ୍ର ସାହୁ ପ୍ରକାଶ କରିଛନ୍ତି। କାର୍ଯ୍ୟକ୍ରମରେ ଆଠଗଡ଼ ଖଣ୍ଡରେ ଥିବା ୧୪ଟି କଲେଜର ପ୍ରାୟ ସମସ୍ତେ ପରିଚାଳନା କମିଟି ଦ୍ୱାରା ନିଯୁକ୍ତି ପାଇଥିବା ଅଧ୍ୟାପକ, ଅଧ୍ୟାପିକା ଓ କର୍ମଚାରୀ ସରିତା ଆଚାର୍ଯ୍ୟ, ପୁଷ୍ପାଞ୍ଜଳି ବାରିକ, ଅପରାଜିତା ଜେନାମଣି, ପ୍ରତିମା ସାହୁ, ପ୍ରଶାନ୍ତ ନାଏକ, ମୁରଲୀଧର ବେହେରା, ଜ୍ୟୋତି ରଞ୍ଜନ ପଟ୍ଟନାୟକ, ମାମିନା ତରାଇ, ସୋନି ଦାସ ଓ ଅନ୍ୟାନ ଅଧ୍ୟାପକ ଓ ଅଧ୍ୟାପିକା ଓ କର୍ମଚାରୀମାନେ ଯୋଗଦେଇଥିଲେ।

# ପ୍ରାଣଯୋଗ ପ୍ରତିଷ୍ଠାନ ପକ୍ଷରୁ ବିଶ୍ୱ ପିତୃ ଦିବସ

ବଡମ୍ବା, ୧୫।୬(ସମିସ): ପ୍ରାଣଯୋଗ ପ୍ରତିଷ୍ଠାନ ପକ୍ଷରୁ ରବିବାର ମହର୍ଷି ଦୟାନନ୍ଦ ଯଜ୍ଞ ମଣ୍ଡପରେ ବିଶ୍ୱ ପିତୃ ଦିବସ ପାଳିତ ହୋଇଛି। ପ୍ରତିଷ୍ଠାନର ଅଧ୍ୟକ୍ଷ ବିଜ୍ଞାନ କବି ଚନ୍ଦ୍ରଶେଖର ମହାନ୍ତିଙ୍କ



ପୌରୋହିତ୍ୟରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ସନବାରସିଂହ ଅନନ୍ତ ମାଟି ଉଚ୍ଚବିଦ୍ୟାଳୟ ସେବା ନିବୃତ ପ୍ରଧାନ ଶିକ୍ଷୟିତ୍ରୀ ପୁଷ୍ପଲତା ରାଉତ, ମୁଖ୍ୟବକ୍ତା ଭାବେ ମୋହନ ସୁବୁଦ୍ଧି ମହାବିଦ୍ୟାଳୟ ରାଜନୀତି ବିଜ୍ଞାନ ବିଭାଗ ଅଧ୍ୟାପକ ରାମଚନ୍ଦ୍ର ସ୍ୱାଇଁ, ସମ୍ମାନିତ ଅତିଥିଭାବେ ଆଇନଜୀବୀ ଦିଲ୍ଲୀପ କୁମାର ସାମନ୍ତ ଯୋଗଦେଇଥିଲେ। କାର୍ଯ୍ୟକାରୀ ଅଧ୍ୟକ୍ଷ ବେଦ ଆଚାର୍ଯ୍ୟ ପ୍ରବୀଣା ମହାନ୍ତି କାର୍ଯ୍ୟକ୍ରମ ସଂଯୋଜନା କରି ସ୍ୱାଗତ ସମ୍ଭାଷଣ ଓ ଅତିଥି ପରିଚୟ ଦେଇଥିଲେ। ଟିଏସଜି ଗୁରୁକୁଳ ଅଧ୍ୟକ୍ଷ ଶେଷଦେବ ସାହୁ, ସ୍ନେହଲତା ସାହୁ, ସୁନାପାଳ ଉଚ୍ଚ ବିଦ୍ୟାଳୟ ଶିକ୍ଷୟିତ୍ରୀ ମିନତୀ ବେହେରା, ଜ୍ୟୋସ୍ନାରାଣୀ ପାଟଶାଣୀ, ଜୟନ୍ତ ମଲ୍ଲିକ, ସୋମେନ୍ଦ୍ର ତାରାସିଂୟ, କୁସିଚନ୍ଦ୍ର ମହାରଣା, ବୈଜୟନ୍ତୀ ମହାରଣା, ଜହ୍ନରୂପା ମଲ୍ଲିକ, ବାସନ୍ତୀ ଦେଇ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଅଧୀକ୍ଷକ ବାଲୁଙ୍କେଶ୍ୱର ରାଉତ ଧନ୍ୟବାଦ ଦେଇଥିଲେ।

# ଖାଦ୍ୟର ମାନ ଯାଞ୍ଚ କଲେ ଅଧିକାରୀ

କଟକ, ୧୫।୬(ସମିସ): ବାଙ୍କୀ ଉପଜିଲ୍ଲାପାଳ ପ୍ରଣବ କୁମାର ବେହେରାଙ୍କ ନିର୍ଦ୍ଦେଶ ଅନୁସାରେ ଶନିବାର ପହିଲି ରଜ ଅବସରରେ ଉଭୟ ନୂଆ ବଜାର ଓ କଚେରୀ ପଡ଼ିଆ ବଜାରରେ ମିଳୁଥିବା ଖାଦ୍ୟର ମାନ ଯାଞ୍ଚ କରିବା ପାଇଁ ଆଜି କଟକ ଖାଦ୍ୟ ନିରାପତ୍ତା ଅଧିକାରୀ ଅମିତା ଦାସ ରଜ ଅବସରରେ ଖୋଲା ଯାଇଥିବା ସମସ୍ତ ଖାଦ୍ୟ ପଦାର୍ଥ ଷ୍ଟଲକୁ ଯାଇ ଖାଦ୍ୟ ପଦାର୍ଥର ମାନ ଯାଞ୍ଚ କରିବା



ସହିତ ବ୍ୟବସାୟୀଙ୍କୁ ସ୍ୱଚ୍ଛତା, ନକଲି ସାମଗ୍ରୀ ବିକ୍ରି ନ କରିବା, ରଙ୍ଗ ମିଶା ଅସ୍ୱାସ୍ଥ୍ୟକର ତଥା ବାସି ଖାଦ୍ୟ ବିକ୍ରି ନ କରିବାକୁ ତାଗିଦ କରିଛନ୍ତି ଏବଂ ବିଭିନ୍ନ ବେନାମୀ ବ୍ରାଣ୍ଡର ପାଣି ବୋତଲ ନମୁନା ସଂଗ୍ରହ କରିବା ସହିତ ଉପସ୍ଥିତ ଗ୍ରାହକ ତଥା ଜନସାଧାରଣଙ୍କୁ ମଧ୍ୟ ସଚେତନ କରିଛନ୍ତି। ଆଗାମୀ ଦିନରେ ମଧ୍ୟ ବିଭାଗ ପକ୍ଷରୁ ଚଢଉ କରାଯିବା ସହିତ ନିୟମ ଖିଲାପ କରୁଥିବା ଅସାଧୁ ବ୍ୟବସାୟୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମତ ପ୍ରକାଶ କରିଛନ୍ତି।

# ବାଙ୍କୀ ମହୋତ୍ସବ ପ୍ରସ୍ତୁତି ବୈଠକ



କଟକ, ୧୫।୬(ସମିସ): କଟକ ଜିଲ୍ଲାର ବାଙ୍କୀର ଗଣ ପର୍ବ ବାଙ୍କୀ ମହୋତ୍ସବ ୨୦୨୫ ଚଳିତ ବର୍ଷ ସର୍ବାଙ୍ଗ ସୁନ୍ଦର କରିବା ସହିତ ରୌପ୍ୟ ଜୟନ୍ତୀ ସମାରୋହ ପାଳନ କରିବା ପାଇଁ ବୈଠକରେ ଅଧ୍ୟକ୍ଷତା କରୁଥିବା ବାଙ୍କୀ ମହୋତ୍ସବର ପ୍ରତିଷ୍ଠାତା ସଭାପତି ପ୍ରଭାତ ତ୍ରିପାଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ପ୍ରତିବର୍ଷ ଭଳି ଚଳିତ ବର୍ଷର ୨୦୦୦ ମସିହାର ପହିଲି ରଜ ଯେଉଁ ପହିଲି ରଜ ଦିନ ଶୁଭାରମ୍ଭ ହୋଇଥିଲା। ସେହି କ୍ରମରେ ଆଜି ପହିଲି ରଜରେ ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ। ମହୋତ୍ସବର ସାଧାରଣ ସମ୍ପାଦକ ଡ. ଗଣେଶ୍ୱର ସ୍ୱାଇଁ ପ୍ରାରମ୍ଭିକ ସୂଚନା ଦେଇଥିଲେ। ୨୦୦୦ ମସିହାରୁ ଶୁଭାରମ୍ଭ ହୋଇଥିବା ବାଙ୍କୀ ଉପଜିଲ୍ଲାପାଳ ପ୍ରଣବ କୁମାର ବେହେରା, ବାଙ୍କୀ ବିଜ୍ଞାପିତ ଅଞ୍ଚଳ ପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଫୁଲ୍ଲ କୁମାର ବିଶ୍ୱାଳ, ଏନଏସି ଅଧ୍ୟକ୍ଷା ମାଣିକ ସାହୁ, ବାଙ୍କୀ ବ୍ଲକ ଅଧ୍ୟକ୍ଷା ପୁଷ୍ପଲତା ସାମନ୍ତ, ବାଙ୍କୀ ଡମପଡ଼ା ବ୍ଲକ ଅଧ୍ୟକ୍ଷ ପ୍ରଣବ କିଶୋର ପଟେଲ ଯୋଗଦେଇଥିଲେ। ସାହିତ୍ୟିକ ଜ୍ଞାନେନ୍ଦ୍ର ମୋହନ ମିଶ୍ର, ଶ୍ରୀନିବାସ ମହାପାତ୍ର, ସମରେନ୍ଦ୍ର ମହାପାତ୍ର, ସରପଞ୍ଚ ସୁରଞ୍ଜନ ପଣ୍ଡା ପ୍ରମୁଖ ଉଦବୋଧନ ଦେଇଥିଲେ। ସମ୍ବିଧାନ ଅନୁଯାୟୀ ଚଳିତ ବର୍ଷ ଠାରୁ ବାଙ୍କୀ ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ ମହୋତ୍ସବର ସ୍ଥାୟୀ ସଭାପତି ହେବାର ସର୍ବସମ୍ମତି କ୍ରମେ ଅନୁମୋଦନ ଲାଭ କରିଛି। ଉପସଭାପତି ସନାତନ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

# ଦିବାକର ଓ ବଂଶୀଧର ମେମୋରିଆଲ ତାସ୍ ପ୍ରତିଯୋଗିତା

ଆଠଗଡ଼, ୧୫।୬(ସମିସ): ଆଠଗଡ଼ ଏନଏସି ଅନ୍ତର୍ଗତ ରାସରସିକପୁର ଗିରିଗୋବର୍ଦ୍ଧନ ମଣ୍ଡପଠାରେ ଦିବାକର ବାରିକ ଓ ବଂଶୀଧର ଗୋଚ୍ଛାୟତ ପ୍ରଥମ ମେମୋରିଆଲ ଦିନିକିଆ ତାସ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଉଭୟ ବାରିକ ପରିବାର ଓ ଗୋଚ୍ଛାୟତ ପରିବାର ପକ୍ଷରୁ ସମସ୍ତ ବ୍ୟବସ୍ଥା କରାଯାଇଥିବା ବେଳେ ଆୟୋଜକ ରାସରସିକପୁର ଯୁବକ ସଂଘର କର୍ମକର୍ତ୍ତା, ଅବସରପ୍ରାପ୍ତ ବରିଷ୍ଠ ସ୍ତ୍ରୀ ଓ ପ୍ରସୂତି ବିଭାଗ ଡାକ୍ତର ଭୁବନାନନ୍ଦ ଦାସ, ସମାଜସେବୀ ସଦାନନ୍ଦ ପଟ୍ଟନାୟକ ଯୋଗଦେଇ ତାସ ପ୍ରତିଯୋଗିତାକୁ ଫିତାକାଟି ଉଦଘାଟନ କରିଥିଲେ। ଉଭୟ ପରିବାର ମା' ରଶବତୀ ବାରିକ ଓ ନଳିନୀ ଗୋଚ୍ଛାୟତ ଉପସ୍ଥିତ ଥିବା ବେଳେ ଯୁବକ ସଂଘର ଖେଳ ପରିଚାଳନା କରୁଥିଲେ ଦିବ୍ୟଜ୍ୟୋତି ବେହେରା, ବିଭୁ ପ୍ରସାଦ ଜେନା, ଲକ୍ଷ୍ମୀଧର ସାହୁ, ଦିପୁନା ପ୍ରଧାନ। ପ୍ରାଣବନ୍ଧୁ ବାରିକ, ସୁରେଶ ଚନ୍ଦ୍ର ନାୟକ ସହାୟତା ପ୍ରଦାନ କରିଥିଲେ। ପ୍ରତିଯୋଗିତାରେ ଏନଏସି ସହିତ ଆଖପାଖ ପଞ୍ଚାୟତରୁ ୧୬ଟି ତାସ ଟିମ ଭାଗ ନେଇଥିଲେ। ଫାଇନାଲକୁ ବିରକିଶୋରପୁର ଟିମର ପ୍ରିୟରଞ୍ଜନ ପଣ୍ଡା ସାଥି ବଟକୃଷ୍ଣ ଜେନା ଓ କାନ୍ତୋଲ ଟିମର ଶରତ କୁମାର ଦଳେଇ ସାଥି କାର୍ତ୍ତିକ ଘଡେଇ ଉତ୍ତୀର୍ଣ୍ଣ ହୋଇଥିଲେ। ବିରକିଶୋରପୁର



ଟିମର ପ୍ରିୟରଞ୍ଜନ ପଣ୍ଡା ସାଥି ବଟକୃଷ୍ଣ ଜେନା ବିଜୟୀ ହୋଇଥିଲେ। ଖେଳାଳିଙ୍କୁ ଆଠଗଡ଼ ସାମ୍ବାଦିକ ସଂଘର ସମ୍ପାଦକ ବିଭୂତି ଭୂଷଣ ଖଟୁଆ, ରାସରସିକପୁର ସାହି ସମ୍ପାଦକ ଲକ୍ଷ୍ମୀଧର ସ୍ୱାଇଁ ଓ ଶିଶିର କୁମାର ମାନସିଂ ବିଜୟୀ ଖେଳାଳିଙ୍କୁ ଟ୍ରଫି ଓ ପୁରସ୍କାର ରାଶି ପ୍ରଦାନ କରିଥିଲେ। ଶିକ୍ଷକ ପ୍ରଦୀପ ବାରିକ, ଜିତୁ ଗୋଚ୍ଛାୟତ, ଦିଲ୍ଲୀପ ବାରିକ, ସୁଶୀଲ ମହାରଣା ଓ ଶିକ୍ଷକ ବଟକୃଷ୍ଣ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବିଭିନ୍ନ ଲୁଟ୍ ଘଟଣାର ପର୍ଦ୍ଦାଫାସ କଲା ସାଲେପୁର ପୁଲିସ


# ୩ ଆନ୍ତଃଜିଲ୍ଲା ଡକାୟତ ସହ ୪ ଗିରଫ

ସାଲେପୁର, ୧୫।୬(ସମିସ): ଶିକ୍ଷୟିତ୍ରୀଙ୍କ ଘରେ ପଶି ବନ୍ଧୁକ ଲଗାଇ ଲୁଟ୍ ଘଟଣା ଓ ପେଟ୍ରୋଲ ପମ୍ପ ଡକାୟତି ଘଟଣାରେ ସାଲେପୁର ପୁଲିସକୁ ବଡ଼ ସଫଳତା ମିଳିଛି। ପୁଲିସ ସିସିଟିଭିକୁ ଆଧାର କରି ଏହି ଘଟଣାରେ ୪ ଜଣଙ୍କୁ ଗିରଫ କରିଥିବାବେଳେ ସେମାନଙ୍କ ନିକଟରୁ ସୁନାରୂପା ଅଳଙ୍କାର, ଏକ ଖେଳଣା ବନ୍ଧୁକ, ଭୁଜାଲି, କଟୁରୀ, ଏକ ମୋଟରସାଇକଲକୁ ପୁଲିସ ଜବତ କରିଥିବା ଆଜି ସାମ୍ବାଦିକ ସମ୍ମିଳନୀରେ ଗ୍ରାମାଞ୍ଚଳ ଏସ୍‌ପି ପ୍ରତୀକ ସିଂହ ପ୍ରକାଶ କରିଛନ୍ତି। ପ୍ରକାଶ ଯେ, ଗତ ୨ ତାରିଖ ଦିନ ତେନ୍ତୋଳ ପଞ୍ଚାୟତର ନାଦୋଳ ରାସ୍ତାକଡ଼ରେ ମାନି ସିଂହଙ୍କ ଘରେ ପଶି ପରିବାର ଲୋକଙ୍କୁ ଖେଳଣା ବନ୍ଧୁକ ଓ ମାରଣାସ୍ତ୍ର ଦେଖାଇ ସେମାନଙ୍କୁ ଭୟଭୀତ କରି ସୁନାରୂପା ଅଳଙ୍କାର ଓ ନଗଦ ଟଙ୍କା ଲୁଟି ନେବା ଓ ଉକ୍ତ ଦିନ ରାତିରେ କଟକ-ସାଲେପୁର ରାସ୍ତାର ନାଦୋଳଗଡ଼ା ନିକଟରେ ଏକ




**ସୁନାରୁପା ଅଳଙ୍କାର, ନଗଦ ଟଙ୍କା, ମାରଣାସ୍ତ୍ର ସହ ବାଇକ୍ ଜବତ**

ଇଣ୍ଡିଆନ୍ ଅଏଲ୍ ପେଟ୍ରୋଲ ପମ୍ପରେ ପହଞ୍ଚି ରାତ୍ର ଡ୍ୟୁଟି କରୁଥିବା ସେଲ୍‌ସମ୍ୟାନଙ୍କୁ ବନ୍ଧୁକ ଦେଖାଇ ଭୟଭୀତ କରି ଟଙ୍କା ଲୁଟି ନେଇଥିଲେ। ଏ ସମ୍ପର୍କରେ ସାଲେପୁର ଥାନାରେ ୨ଟି ମାମଲା ରୁଜୁ ହୋଇଥିଲା। ଏହି ଅଭିଯୁକ୍ତଙ୍କୁ ଧରିବା ପାଇଁ ସାଲେପୁର ଏସ୍‌ଡିପିଓ ବିରଞ୍ଚି ନାରାୟଣ ପତିଙ୍କ ନେତୃତ୍ୱରେ ସାଲେପୁର ଆଇଆଇସି ଅନୀତା ସାହୁ, ନିଶ୍ଚିନ୍ତକୋଇଲି ଆଇଆଇସି ଯୁଗଳ କିଶୋର ଦାସ, ମାହାଙ୍ଗା ଆଇଆଇସି ତପନ କୁମାର ରାଉତଙ୍କୁ ନେଇ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଥିଲା। ପୁଲିସ ସିସିଟିଭିକୁ ଆଧାର କରି ଏହି ଘଟଣାରେ କେନ୍ଦ୍ରାପଡ଼ା ଜିଲ୍ଲା ମାର୍ଶାଘାଇ ଥାନା ଅଞ୍ଚଳର ମୁଖ୍ୟ ଅଭିଯୁକ୍ତ ହୃଷିକେଶ ମଲ୍ଲିକ, ଜ୍ୟୋତିପ୍ରକାଶ ମଲ୍ଲିକ, ବଡ଼ପାଳ ଗ୍ରାମର ହେମନ୍ତ ଆଚାର୍ଯ୍ୟଙ୍କୁ ଗିରଫ କରିଥିବାବେଳେ ସେମାନଙ୍କ ନିକଟରୁ ଚୋରି ହୋଇଥିବା ୬ ହଳ ସୁନା ଚୁଡ଼ି, ୧ଟି ସୁନା ମୁଦି, ନଗଦ ୭ ହଜାର ଟଙ୍କା, ରୂପା ପାଉଁଜି, ରୂପା ଚେନ୍, ଭୁଜାଲି, କଟୁରୀ, ଟିଭିଏସ୍ ମୋଟର ସାଇକଲ୍‌କୁ ପୁଲିସ ଜବତ କରିଥିବାବେଳେ ଚୋରା ଅଳଙ୍କାର କ୍ରୟ କରିଥିବା ଅଭିଯୋଗରେ କେନ୍ଦ୍ରାପଡ଼ା ଜିଲ୍ଲା ବଡ଼ଗାଁ ଗ୍ରାମର ରାମଚନ୍ଦ୍ର ସାହୁଙ୍କୁ ଗିରଫ କରି ପୁଲିସ କୋର୍ଟ ଚାଲାଣ କରିଥିବା ଆଜି ସାଲେପୁର ଥାନା ପରିସରରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଗ୍ରାମାଞ୍ଚଳ ଏସ୍‌ପି ପ୍ରତୀକ ସିଂହ ପ୍ରକାଶ କରିଛନ୍ତି। ସାଲେପୁର ପୁଲିସର ସଫଳତା ନେଇ ଶିକ୍ଷୟିତ୍ରୀ ମାନି ସିଂହ ପୁଲିସକୁ ସାଧୁବାଦ ଜଣାଇବା ସହ ସାଲେପୁର ପୁଲିସର ଉଦ୍ୟମରେ ଚୋରି ହୋଇଥିବା ଅଳଙ୍କାର ମୁଁ ଫେରି ପାଇଛି ବୋଲି ସେ ପ୍ରକାଶ କରିଛନ୍ତି। ଆଜିର ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ସାଲେପୁର ଏସ୍‌ଡିପିଓ ବିରଞ୍ଚି ନାରାୟଣ ପତି, ଆଇଆଇସି ଅନିତା ସାହୁ, ଶ୍ରଦ୍ଧାଞ୍ଜଳି ସେନାପତି, ଶୁଭେନ୍ଦୁ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ। ଗିରଫ ହୋଇଥିବା ଅଭିଯୁକ୍ତମାନଙ୍କ ନାମରେ କେନ୍ଦ୍ରାପଡ଼ା, କଟକ, ଜଗତ୍‌ସିଂହପୁର ସମେତ ବିଭିନ୍ନ ଜିଲ୍ଲାର ଏକାଧିକ ସ୍ଥାନରେ ବହୁ ଚୋରି ଡକାୟତି ମାମଲା ରହିଥିବା ଜଣାଯାଇଛି। ସମ୍ପୃକ୍ତ ଅପରାଧୀମାନେ ଗତ ମାସ ୨୮ ତାରିଖରେ ଜେଲରୁ ଜାମିନ୍‌ରେ ଆସିଥିବାବେଳେ ପୁନର୍ବାର ଚଳିତ ମାସ ୧ତାରିଖ ରାତିରେ ସାଲେପୁର ଥାନା ଅଞ୍ଚଳରେ ଏହି ୨ଟି ଘଟଣା ଘଟାଇଥିବା ସାମ୍ବାଦିକ ସମ୍ମିଳନୀରେ ପୁଲିସ ପ୍ରକାଶ କରିଛି। ଏହି ଘଟଣାରେ ଅନ୍ୟ ଅଭିଯୁକ୍ତ ମଧ୍ୟ ସମ୍ପୃକ୍ତ ଥିବାବେଳେ ଖୁବ୍‌ଶୀଘ୍ର ସେମାନଙ୍କୁ ଗିରଫ କରାଯିବ ବୋଲି ଗ୍ରାମାଞ୍ଚଳ ଏସ୍‌ପି ପ୍ରତୀକ ସିଂହ ପ୍ରକାଶ କରିଛନ୍ତି।



# କଟକ ସିଟି



## କଟକିଆ ପାଳିଲେ ରଜ ସଂକ୍ରାନ୍ତି

# ମଝି ରଜରେ ଜମିଲା ବୁଲାବୁଲି







**କଟକ, ୧୫।୬(ସମିସ)**

ଦିନରେ ଅସହ୍ୟ ଗୁଳିଗୁଳିରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡ଼ିଥିବା ବେଳେ ଅପରାହ୍ନରେ ରଜ ପାଗ ଦେଇଥିଲା। ପିଠା, ମିଠା, ମନ୍ଦିର ଦର୍ଶନ ଏବଂ ସେଲ୍ଫି-ଫିରେ ଜମିଛି ରଜ ସଂକ୍ରାନ୍ତି। ଆଜି ସାରା ସହରରେ ବିଭିନ୍ନ ଅନୁଷ୍ଠାନ ଏବଂ ସାହିତ୍ୟିକରେ ଧୁମଧାମରେ ପାଳନ କରାଯାଇଥିଲା ରଜର ଦ୍ୱିତୀୟ ଦିନ। ମନ୍ଦିର ଦର୍ଶନରୁ ଆରମ୍ଭ କରି ସିନେମା ଦେଖା ପର୍ଯ୍ୟନ୍ତ, ଦୋଳି ଝୁଲିବା ଠାରୁ ଆରମ୍ଭ କରି ଫିଜଦ୍ୱରେ ବୁଲାବୁଲି ଯାଏଁ ଏବଂ ସାହିତ୍ୟିକରେ ଏକତ୍ରିତ ହୋଇ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମରେ ରଙ୍ଗାରଙ୍ଗ କାର୍ଯ୍ୟକ୍ରମ ପରିବେଷଣ ଭିତରେ ରଜର ମହକ ବାରି ହୋଇ ପଡ଼ିଥିଲା। ଯୁବକ/ଯୁବତୀମାନେ ସହରରେ ରଜ ଅବସରରେ ବୁଲାବୁଲି କରିଥିଲେ। ନେତାଜୀ ମ୍ୟୁଜିୟମ୍, ବାରବାଟୀ ଦୁର୍ଗ, ବାଲିଯାତ୍ରା ପଡ଼ିଆ, ଯୋବ୍ରା ମାରିଟାଇମ୍ ମ୍ୟୁଜିୟମ୍, ମହାନଦୀ ନୌକା ବିହାର ଭଳି ସହରର ବିଭିନ୍ନ ଦର୍ଶନୀୟସ୍ଥାନରେ ପ୍ରବଳ ଗହଳି ଲାଗିଥିଲା। ସେହିପରି ଆଜି ସକାଳୁ ଚଣ୍ଡି ମନ୍ଦିର, ଗଡ଼ଗଡ଼େଶ୍ୱର ମନ୍ଦିର, ଚାନ୍ଦିନୀଚୌକ ଜଗନ୍ନାଥ ମନ୍ଦିର, ଖାନନଗର ଜଗନ୍ନାଥ ମନ୍ଦିର, ଯୋବ୍ରା ପାରେଶ୍ୱର ମନ୍ଦିର ଭଳି ସାରା ସହରରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିରରେ ସହରବାସୀ ରଜ ସଂକ୍ରାନ୍ତି ଉପଲକ୍ଷେ ପୂଜାର୍ଚ୍ଚନା କରିଥିଲେ। ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ଖୋଟି ପକାଇବା, ସଙ୍ଗୀତ ପ୍ରତିଯୋଗିତା, ସାହିତ୍ୟ ଆସର ଏବଂ ଖେଳକୁଦ ପ୍ରତିଯୋଗିତା କରାଯାଇଥିଲା। ବିଶେଷ କରି ବସ୍ତି ଗୁଡ଼ିକରେ ରଜପର୍ବ ଉପଲକ୍ଷେ ବିଭିନ୍ନ ପ୍ରତିଯୋଗିତା ସହିତ ରଜଦୋଳିର ମଜ୍ଜା ନେଇଥିଲେ ଯୁବତୀ ତଥା ମହିଳାମାନେ। ପାଦରେ ଅଳତା, ମଥାରେ କୁଙ୍କୁମ ଏବଂ ନବବସ୍ତ୍ର ପରିଧାନ କରି ରଜପର୍ବର ମଜା ନେଥିଲେ। ଫଁବନ୍ଧ ସମେତ ସହରର ବିଭିନ୍ନ ସ୍ଥାନରେ ରଜପାନର ସ୍ୱାଦ ନେବାକୁ ଦୋକାନରେ ଗ୍ରାହକଙ୍କ ଭିଡ଼ ଜମିଥିଲା। ମଝି ରଜ ବା ରଜ ସଂକ୍ରାନ୍ତିରେ ନିରାମିଷ ଭୋଜନ କରାଯାଇଥାଏ। ତେଣୁ ଘରେ ଘରେ ପିଠାପଣା ସହିତ ନିରାମିଷ ବ୍ୟାଞ୍ଜନ ପରସା ଯାଇଥିବା ଦେଖିବାକୁ ମିଳିଥିଲା। ବିଭିନ୍ନ ସ୍ଥାନରେ ତାସ୍, ଲୁଡୁ ଓ ବାଗୁଡ଼ି ତଥା କବାଡି ଖେଳର ଆସର ଜମିଥିଲା।

**ଅପରାହ୍ନରେ ରଜ ପାଗ; ଭିଜିଲା କଟକ**

**ଆଜି ଭୂମି ଦହନ, ଶେଷ ରଜ**

ସୋମବାର ହେଉଛି ଶେଷ ରଜ ବା ଭୂମି ଦହନ। ମଙ୍ଗଳବାର ବସୁମତୀ ସ୍ନାନ ପାଳନ କରାଯିବ। ଏହା ଧରାସ୍ନାନ, ମହାଲକ୍ଷ୍ମୀ ସ୍ନାନ, ମହାଲକ୍ଷ୍ମୀ ଗାଧୁଆ ବା ଶୁଦ୍ଧ ସ୍ନାନ ନାମରେ ବିବେଚିତ। ଭୋର ସମୟରେ ଶିଳପୁଆରେ ହଳଦୀ କନା ଗୁଡ଼ାଇ ସିନ୍ଦୂର, କଜ୍ଜଳ ଦେଇ ଧରଣୀ ମାତାଙ୍କ ପ୍ରତିରୂପକୁ ବଢ଼ାଇ ପିଢ଼ା ଉପରେ ଉପସ୍ଥାପନା କରି କ୍ଷୀର ଦେଇ ସ୍ନାନ କରାଯିବ।



ମାସିକ ଧର୍ମର ବିଧି ଅନୁସାରେ ଧରଣୀ ମାତା ୩ଦିନ ବିଶ୍ରାମ କରିବା ପରେ ସ୍ନାନ କରି ଶୁଦ୍ଧ ତଥା ପବିତ୍ର ହୋଇଥାଆନ୍ତି। ମାର୍ଗଶୀର ଶେଷ ଗୁରୁବାର ଦିନ ବନ୍ଦ ହୋଇଥିବା ମହାଲକ୍ଷ୍ମୀଙ୍କ ପେଡ଼ି ଏହି ଦିନ ଖୋଲା ଯାଇଥାଏ। ରଜସ୍ୱଳା ନାରୀ ସଦୃଶ୍ୟ ୩ଦିନ ଅସ୍ପୃଶ୍ୟ ହୋଇ ରହିବା ପରେ ୪ର୍ଥ ଦିନ ପ୍ରାତଃକାଳରେ ଏହି ସ୍ନାନପର୍ବକୁ ପ୍ରତ୍ୟେକ ଓଡ଼ିଆ ଘରର ନାରୀମାନେ ପୂଜାବିଧି ଅନୁସାରେ ପାଳନ କରିଥାଆନ୍ତି। ଏହି ଦିନଟି ରଜପର୍ବର ଆନନ୍ଦ ଓ ଉଲ୍ଲାସ ମଉଳି ଯାଇ ଆଧ୍ୟାତ୍ମିକତାର ସ୍ଥାନ ନେଇଥାଏ। ଏହି ବସୁମତୀ ସ୍ନାନ ଦିବସରେ ଧରଣୀ ମାତା ପ୍ରତି ଭକ୍ତିଭାବ ଜାଗ୍ରତ ହୋଇଥାଏ। ବସୁମାତା ରଜସ୍ୱଳା ହୋଇ ଶୁଦ୍ଧସ୍ନାନ ପରେ ସୃଜନ କ୍ଷମତାଶୀଳ ଅର୍ଥାତ ଶସ୍ୟ ବୀଜ ଧାରଣକାରିଣୀ ହୋଇ କରିଥାଆନ୍ତି। ଏମିତି ରୀତିନୀତି ଅନୁସାରେ ଶେଷ ରଜ ସହରବାସୀ ପାଳନ କରିବେ। ବର୍ଷକୁ ଥରେ ଆସୁଥିବା ଏହି ରଜପର୍ବ ଏଥର ଶେଷ ହୋଇଯିବ। ପୁଣି ଆର ବର୍ଷକୁ ଅପେକ୍ଷା।

## ୨ୟ ରଜରେ ନନ୍ଦନକାନନ ବୁଲିଲେ ରେକର୍ଡ ସଂଖ୍ୟକ ପର୍ଯ୍ୟଟକ

**ବାରଙ୍ଗ, ୧୫।୬(ସମିସ):** ନନ୍ଦନକାନନ ପ୍ରାଣୀଉଦ୍ୟାନକୁ ଦ୍ୱିତୀୟ ରଜରେ ରେକର୍ଡ ସଂଖ୍ୟକ ପର୍ଯ୍ୟଟକ ବୁଲିଛନ୍ତି। ଉଦ୍ୟାନର ପ୍ରାକୃତିକ ପରିବେଶ ସାଙ୍ଗକୁ ବିରଳ ଜୀବଜନ୍ତୁ ପାଖରେ ଦେଖି ବେଶ୍ ମଜା ଉଠାଇଛନ୍ତି ପର୍ଯ୍ୟଟକ। ପହିଲି ରଜରେ ଉଭୟ ଉଦ୍ୟାନକୁ ୨୪, ୮୫୬ ଜଣ ପର୍ଯ୍ୟଟକ ବୁଲିବାକୁ ଆସିଥିବା ବେଳେ ୨ୟ ରଜରେ ୩୯, ୫୮୨ ଜଣ ପର୍ଯ୍ୟଟକ ବୁଲିବାକୁ ଆସିଛନ୍ତି। ଗତ ୨୦୨୩ ମସିହା ୨ୟ ରଜରେ ୨୧, ୫୫୧ ପର୍ଯ୍ୟଟକ, ୨୦୨୪ ବର୍ଷ ୨ୟ ରଜରେ ୨୮, ୫୨୦ ଜଣ ପର୍ଯ୍ୟଟକ ବୁଲିବାକୁ ଆସିଥିବା ବେଳେ ଚଳିତ ବର୍ଷ ୧୧, ୦୬୨ ଜଣ ଅଧିକ ପର୍ଯ୍ୟଟକ ବୁଲିବାକୁ ଆସିଛନ୍ତି। ପ୍ରାଣୀଉଦ୍ୟାନ ଭିତରେ ଥିବା ବାଘ, ସିଂହ, ଭାଲୁ, ଜିରାଫ୍, ସିମ୍ପାଜି, ପାଦଚଲା ବିହଙ୍ଗ ସରଣୀ ସହ ସଫାରୀର ମଜା ଉଠାଇଥିଲେ। ଶିଶୁ ଉଦ୍ୟାନ ମଧ୍ୟ ପିଲାମାନେ ଗହଳି ଲାଗି ରହିଥିଲା। ସେହିପରି ରାଜ୍ୟ ଉଦ୍ଭିଦ ଉଦ୍ୟାନକୁ ଗତ ୨୦୨୪ ମସିହାରେ ୧୮୮୭ ଜଣ ପର୍ଯ୍ୟଟକ ବୁଲିବାକୁ ଆସିଥିବା ବେଳେ ଚଳିତ ବର୍ଷ ୨ୟ ରଜରେ ୨୪୭୪ ଜଣ ପର୍ଯ୍ୟଟକ ବୁଲିବାକୁ ଆସିଥିବା ନନ୍ଦନକାନନ କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି।

## ବିକାଶ ଭବନରେ ରଜ ପାଳିଲେ ବସ୍ତି ପିଲା

**କଟକ, ୧୫।୬(ସମିସ):** କଟକ ମହାନଗର ନିଗମ ବିକାଶ ଭବନଠାରେ କଟକ ମହାନଗର ନିଗମ ପକ୍ଷରୁ ରଜ ମହୋତ୍ସବ ଆୟୋଜିତ ହୋଇଯାଇଛି। ମେୟର ସୁବାସ ସିଂହ କଟକ ସହରର ବିଭିନ୍ନ ବସ୍ତିର କୁନି କୁନି ପିଲା ଓ ଛୋଟ ଝିଅ ପିଲାଙ୍କ ସହିତ ଗଣପର୍ବ ରଜ ପାଳନ କରିଥିଲେ। ଏହି ସ୍ଥାନରେ ମେୟର ଶ୍ରୀ ସିଂ କୁନି ପିଲାଙ୍କ ସହିତ ଦୋଳି ଝୁଲିବା ସହିତ ନାନାଦି ପ୍ରକାରର ଓଡ଼ିଆ ପିଠା, ମିଠା ଖାଇଥିଲେ ଓ ରଜ ପାନର ମଜା ମଧ୍ୟ ନେଇଥିଲେ। ସୂଚନା ଅନୁସାରେ ଆମନ୍ତ୍ରିତ ବସ୍ତିର କୁନି କୁନି ପିଲା ଓ ଛୋଟ ଝିଅ ପିଲାଙ୍କୁ ମହାନଗର ନିଗମ ପକ୍ଷରୁ ନୂତନ ପୋଷାକ, ସହିତ ସଜବାଜ ସାମଗ୍ରୀ ପ୍ରଦାନ କରାଯାଇଥିଲା। ଏହି ଅବସରରେ ମେୟର ଶ୍ରୀ ସିଂହଙ୍କ ସହିତ ଷ୍ଟାଣ୍ଡିଙ୍ଗ କମିଟି ଅଧ୍ୟକ୍ଷ ପ୍ରଦୀପ ରାଉତ, ଷ୍ଟାଣ୍ଡିଙ୍ଗ କମିଟି ଅଧ୍ୟକ୍ଷା ପ୍ରଳୟା ବେଉରା, କର୍ପୋରେଟର ବନଲତା ପ୍ରଧାନ, ସୁମିତ୍ରା ବସ୍ତିଆ, ଉପ ଆୟୁକ୍ତ ସ୍ୱାତି ମିଶ୍ର, ବିନୋଦ ପଣ୍ଡା, ଦେବେନ୍ଦ୍ର ପାଣିଗ୍ରାହୀ, ବହୁ ବସ୍ତିବାସିନ୍ଦା, ସିଏମସି କର୍ମଚାରୀ ଓ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।




## ବସ୍ତିରେ ରଜପର୍ବ ପାଳନ

କଟକ, ୧୫।୬(ସମିସ): ଓଡ଼ିଶାର ଗଣପର୍ବ ରଜ ଧୁମଧାମରେ ପାଳନ କରାଯାଉଛି। ହେଲେ ସମାଜରେ ସବୁଠାରୁ କମ ଆୟ କରୁଥିବା ଆଦିବାସୀ ପରିବାରର ପିଲାଙ୍କ ପାଇଁ ରଜ ପର୍ବ ସ୍ୱପ୍ନ ପାଲଟି ଯାଇଛି। ସେମାନଙ୍କୁ ଏହି ଗଣପର୍ବରେ ସାମିଲ କରି ସେମାନଙ୍କ ପରିବାର ଓ ପିଲାଙ୍କ ମୁହଁରେ ହସ ଫୁଟାଇବା ପାଇଁ ପ୍ରଗତି ଫାଉଣ୍ଡେସନ ଏକ ନିଆରା ପ୍ରଚେଷ୍ଟା କରିଛି। ଖୁଣ୍ଟୁଣୀ ଥାନା ଅନ୍ତର୍ଗତ କଣ୍ଡରେଇ ପଞ୍ଚାୟତର ଆଦିବାସୀ ବହୁଳ ଗ୍ରାମ କଂସର ଠାରେ ରଜ ଉତ୍ସବ ଧୁମ ଧାମରେ ପାଳନ କରାଯାଇଛି। ଏଥିରେ କଂସର, ଧଣ୍ଡିସାହିର ଆଦିବାସୀ ଓ ମୁଣ୍ଡା ପରିବାରର ୧୦ ବର୍ଷରୁ କମ୍ ଶତାଧିକ ପୁଅ ଝିଅ ଓ ସେମାନଙ୍କ ପରିବାର ସଦସ୍ୟ ସାମିଲ ହୋଇଥିଲେ। ଫାଉଣ୍ଡେସନ ପକ୍ଷରୁ ସମସ୍ତ ଝିଅଙ୍କୁ ନୂତନ ପୋଷାକ ଚପଲ ଓ ଆବଶ୍ୟକୀୟ କସମେଟିକ ସାମଗ୍ରୀ ବଣ୍ଟନ କରାଯାଇଥିଲା। ଆୟୋଜିତ ଉତ୍ସବରେ ଫାଉଣ୍ଡେସନର ସଭାପତି ପ୍ରଦୀପ କୁମାର ନାୟକ ସଭପତିତ୍ୱ କରିଥିବା ବେଳେ ମୁଖ୍ୟଅତିଥି ଭାବେ ସାମାଜିକ କର୍ମୀ ବିଷ୍ଣୁଚରଣ ପରିଡ଼ା, ମୁଖ୍ୟବକ୍ତା ଓଡ଼ିଶା ଉଚ୍ଚ ନ୍ୟାୟାଳୟର ଆଇନଜୀବୀ ଆଲୋକ ପ୍ରସାଦ ନନ୍ଦ, ସମ୍ମାନିତ ଅତିଥି ଭାବେ ଶିଳ୍ପପତି ପ୍ରବୋଧ କୁମାର ଜେନା, ଖବରଦାତା ସଚ୍ଚିଦାନନ୍ଦ ପଣ୍ଡା, ଖୁଣ୍ଟୁଣୀ ଥାନାର ଏଏସଆଇ ଶେଷଦେବ ରାଜ ଓ ଫାଉଣ୍ଡେସନ କାର୍ଯ୍ୟକାରୀ ସଭାପତି ଦିଲ୍ଲୀପ କୁମାର ଛତାର ପ୍ରମଖ ଯୋଗ ଦେଇଥିଲେ। ଏହି ଉପଲକ୍ଷେ ପ୍ରତିନିଧି ପଣ୍ଡା, ବିରୂପାକ୍ଷ ପ୍ରଧାନ, ଦିଲ୍ଲୀପ କୁମାର ଦାସ, ରଜନୀକାନ୍ତ ଜେନାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମକୁ ହରିହର ବେଉରା, ନୀଳକଣ୍ଠ ମହାନ୍ତି, ଅଙ୍କିତ ଜେନା, ଶାଶ୍ୱତ ରାଉତରାୟ, ପ୍ରକାଶ ବେହେରା ପ୍ରମୁଖ ପରିଚାଳନା କରିଥିଲେ।




## ଇପିଏଫ୍ ପେନ୍‌ସନ ବୃଦ୍ଧି ଦାବିକୁ ହିନ୍ଦ ମଜଦୁର ସଭାର ସମର୍ଥନ

**କଟକ, ୧୫।୬(ସମିସ):** ଅଲ ଓଡ଼ିଶା ଇପିଏଫ ପେନସନର୍ସ ଆସୋସିଏସନ ସମେତ ଜାତୀୟ ଇପିଏଫ ପେନସନର୍ସ ସଂଘମାନଙ୍କ ଦୀର୍ଘଦିନର ଦାବି ସର୍ବନିମ୍ନ ପେନସନ ୯ ହଜାର ଟଙ୍କାକୁ ବୃଦ୍ଧି ସହିତ ମହଙ୍ଗା ଭତ୍ତା ପ୍ରଦାନ ପାଇଁ ଦୀର୍ଘଦିନ ହେଲା ଦାବି ହେଉଛି। କେନ୍ଦ୍ର ସରକାର ଏହି ଦାବିକୁ କର୍ଣ୍ଣପାତ କରୁନାହାନ୍ତି। କେନ୍ଦ୍ର ସରକାର ୨୦୧୪ ମସିହା ଠାରୁ ସର୍ବନିମ୍ନ ପେନସନ ବିନା ମହଙ୍ଗା ଭତ୍ତାରେ ୧୦୦୦ ଟଙ୍କା ପ୍ରଦାନ କରୁଛନ୍ତି। ତାହା ମଧ୍ୟ ସମସ୍ତେ ପାଉନାହାନ୍ତି। ସାରା ଦେଶର ୮୦ଲକ୍ଷ ପେନସନଭୋଗୀଙ୍କ ମଧ୍ୟରୁ ୩୭ ଲକ୍ଷ ଇପିଏଫ ପେନସନ ଭୋଗି ଏକ ହଜାର ଟଙ୍କାରୁ କମ ପେନସନ ପାଇ ଅତ୍ୟନ୍ତ ଦୟନୀୟ ଅବସ୍ଥାରେ ଜୀବନ ଅତିବାହିତ କରୁଛନ୍ତି। କେନ୍ଦ୍ର ସରକାରଙ୍କ ଏହି ଅବିଚାରକୁ ହୃଦୟଙ୍ଗମ କରି ହିନ୍ଦ ମଜଦୁର ସଭାର ସାଧାରଣ ସମ୍ପାଦକ ତଥା ସିବିଟି ମେମ୍ବର ହରଭଜନ ସିଂହ ସିନ୍ଧୁ ସର୍ବନିମ୍ନ ପେନସନ ୯୦୦୦ ହଜାର ଟଙ୍କାକୁ ବୃଦ୍ଧି ସହ ମହଙ୍ଗା ଭତ୍ତା ପ୍ରଦାନ ନିମନ୍ତେ କେନ୍ଦ୍ର ଶ୍ରମ ମନ୍ତ୍ରୀଙ୍କ ନିକଟରେ ଦାବି କରିଛନ୍ତି। ଏଠାରେ ଉଲ୍ଲେଖଯୋଗ୍ୟ ଯେ, ଅଲ ଓଡ଼ିଶା ଇପିଏଫ ପେନସନର୍ସ ଆସୋସିଏସନର ସାଧାରଣ ସମ୍ପାଦକ ତଥା ରାଷ୍ଟ୍ରୀୟ ଉପସଭାପତି ଭାଗ୍ୟଧର ବ୍ରହ୍ମାଙ୍କ ସମେତ ଏକ ପ୍ରତିନିଧି ଦଳ ଚଳିତ ମାସରେ ହିନ୍ଦ ମଜଦୁର ସଭାର ସାଧାରଣ ସମ୍ପାଦକ ଓ ସିବିଟି ମେମ୍ବର ହରଭଜନ ସିଂହ ସିନ୍ଧୁଙ୍କ ଦିଲ୍ଲୀ କାର୍ଯ୍ୟାଳୟ ଠାରେ ସାକ୍ଷାତ କରି ଏହି ଦାବି ଉପସ୍ଥାପନ କରିଥିଲେ।

## ବସ୍ ଧକ୍କାରେ ଯୁବକ ଗୁରୁତର

**କଟକ, ୧୫।୬(ସମିସ):** ବାଦାମବାଡ଼ି ଥାନା ଅନ୍ତର୍ଗତ ଲିଙ୍କ୍‌ରୋଡ୍‌ରେ ଏକ ଦ୍ରୁତଗାମୀ ବସ୍ ଧକ୍କାରେ ଜଣେ ଯୁବକ ଗୁରୁତର ହୋଇଛନ୍ତି। ଗୁରୁତର ଯୁବକଙ୍କୁ ଏସ୍‌ସିବିରେ ଭର୍ତ୍ତି କରାଯାଇଛି। ଘଟଣାସ୍ଥଳରେ ପୁଲିସ ପହଞ୍ଚି ବସ୍‌ଟିକୁ ଜବତ କରି ରଖିଥିବା ବେଳେ ସମ୍ପୃକ୍ତ ଡ୍ରାଇଭର୍ ଫେରାର୍ ହୋଇଯାଇଛି। ପୁଲିସ ସୂତ୍ରରୁ ଜଣାପଡ଼ିଛି ଯେ, ମଧୁପାଟଣା ଥାନା ପଟୁ ଦ୍ରୁତଗତିରେ ନାରାୟଣୀ ନାମକ ଏକ ବସ୍ ଯାଉଥିବା ବେଳେ ଯୁବକ ଜଣକ ରାସ୍ତା କଡରେ ଚାଲି ଚାଲି ଯାଉଥିଲେ। ବସ୍ ତାଙ୍କ ପଛପଟକୁ ଧକ୍କା ଦେବାରୁ ସେ ରାସ୍ତ କଡରେ ଛିଟ୍‌କି ପଡ଼ିଥିଲେ। ଏହାପରେ ସ୍ଥାନୀୟ ଜନସାଧାରଣ ତାଙ୍କୁ ଉଦ୍ଧାର କରିବା ସହିତ ବସ୍‌ଟିକୁ ଅଟକାଇ ରଖିଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଟ୍ରାଫିକ୍ ସମସ୍ୟା ଦୂର କରିବା ସହିତ ଗୁରୁତର ଯୁବକଙ୍କୁ ଏସ୍‌ସିବି ନେଇଥିଲା। ଯୁବକଙ୍କ ପରିଚୟ ମିଳି ପାରିନାହିଁ।

## ଭାଙ୍ଗିଲା ରେଲୱେ ଗାର୍ଡୱାଲ୍



**କଟକ, ୧୫।୬(ସମିସ):** ମଧୁପାଟଣା ଥାନା ଅନ୍ତର୍ଗତ ସମ୍ରାଟ୍ ସିନେମା ହଲ୍ ନିକଟସ୍ଥ ରେଲୱେ ଗାର୍ଡୱାଲ୍ ଭାଙ୍ଗି ପଡ଼ିଛି। ଏକ ଦ୍ରୁତଗାମୀ ଟ୍ରକ୍ ରାତି ୮ଟା୩୦ ସୁଦ୍ଧା ଏହି ବାଟ ଦେଇ ଅତିକ୍ରମ କରୁଥିବା ବେଳେ ଏଭଳି ଅଘଟଣ ଘଟିଛି। ଘଟଣାସ୍ଥଳରେ ମଧୁପାଟଣା ଥାନା ପୁଲିସ ଓ ରେଳବାଇ ପୁଲିସ ପହଞ୍ଚି ଟ୍ରାଫିକ୍ ସମସ୍ୟାକୁ ନିୟନ୍ତ୍ରଣ କରିଥିଲେ। ବିଳମ୍ବିତ ରାତି ସୁଦ୍ଧା ଜାତୀୟ ରାଜପଥର ଗୋଟିଏ ସାଇଡ୍‌ରେ ଗାଡିମୋଟର ଛଡ଼ା ଯାଉଛି। ଗାର୍ଡୱାଲ୍ ଭାଙ୍ଗି ପଡ଼ିଥିବା ରାସ୍ତାକୁ ସିଲ୍ କରି ଦିଆଯାଇଛି। କ୍ରେନ୍ ଯୋଗେ ଭଙ୍ଗା ଗାର୍ଡୱାଲ୍‌କୁ ରାସ୍ତାରୁ ହଟାଯାଇଥିବା ବେଳେ ଦୁର୍ଘଟଣା ଘଟାଇଥିବା ଗାଡିକୁ ଚିହ୍ନଟ କରାଯାଇ ପାରିନାହିଁ।

## ଗ୍ରାମାଞ୍ଚଳ ଲୋକଙ୍କୁ ସଶକ୍ତ କରାଇବାକୁ ଓର୍‌ମାସ୍‌ର ଗୁରୁତ୍ୱ

**କଟକ, ୧୫।୬(ସମିସ):** କଟକ ବାଲିଯାତ୍ରା ପଡ଼ିଆରେ ଚାଲିଥିବା ବିକାଶ ମେଳାରେ ଆଜି କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନା ଉପରେ ଆଲୋକପାତ ପୂର୍ବକ ଓରମାସ ପକ୍ଷରୁ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। କର୍ମଶାଳାରେ ବିଶେଷକରି କୃଷି ସଂଶାଧନ କେନ୍ଦ୍ର, କୃଷକ ଉତ୍ପାଦକ ସଂଘ ଏବଂ ଗ୍ରାମୀଣ ଶିଳ୍ପ ପାର୍କ (ଆରଆଇପିସି)ର ପ୍ରମୁଖ ସଫଳତା ସମ୍ପର୍କରେ ସୂଚନା ପ୍ରଦାନ କରାଯାଇଥିଲା। ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସୁଭଦ୍ରା ଦାଶ ଗ୍ରାମାଞ୍ଚଳର ଚାଷୀମାନଙ୍କ ଉତ୍ପାଦକୁ ବଜାର ଯୋଗାଇଦେବାରେ ଓରମାସର ଭୂମିକାର ପ୍ରଶଂସା କରିଥିଲେ। ଓରମାସର ଯୁଗ୍ମ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ବିପିନ ରାଉତ କ୍ଷୁଦ୍ର ଏବଂ ନାମମାତ୍ର ଚାଷୀମାନଙ୍କୁ ଏକ ସାଧାରଣ ପ୍ଲାଟଫର୍ମ ଅଧୀନରେ ଏକତ୍ରିତ କରିବାରେ ଏଫପିଓ ଗୁଡ଼ିକର ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ ଗୁରୁତ୍ୱାରୋପ କରିବା ସହ ଗୁଣାତ୍ମକ ବିହନ, ବୈଷୟିକ ସହାୟତା, ବଜାର ସଂଯୋଗ ଏବଂ ସହଭାଗିତା ମାଧ୍ୟମରେ ସେମାନଙ୍କୁ ସଶକ୍ତ କରିବା ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ମୁଖ୍ୟ ଉନ୍ନୟନ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଶାନ୍ତ କୁମାର ନାୟକ, ଅତିରିକ୍ତ ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ କଟକ ବନ୍ଦନା ଖଟୁଆଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେଇ କୃଷକ ମାନଙ୍କ ଉତ୍ପାଦକୁ କିଭଳି ଉଚିତ ମୂଲ୍ୟ ମିଳିପାରିବ, ଉତ୍ପାଦ ପ୍ରସ୍ତୁତି ନିମନ୍ତେ ସହାୟତା ଆଦି ସମ୍ପର୍କରେ ଆଲୋଚନା କରିଥିଲେ। ପ୍ରଥମ ଅଧିବେଶନରେ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ସହରାଞ୍ଚଳ ଉନ୍ନୟନ ସଂସ୍ଥା, କଟକ ତଥା ଓଡ଼ିଶା ଗ୍ରାମୀଣ ଉନ୍ନୟନ ଓ ମାର୍କେଟିଙ୍ଗ ସୋସାଇଟ ମିଳିତ ଆନୁକୂଲ୍ୟରେ 'ସହଯୋଗ ଏକ ଆରମ୍ଭ' ଯୋଜନା ବିଷୟରେ ଏକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। ଏହି ଆଲୋଚନାଚକ୍ରରେ ଗ୍ରାମୀଣ ଉନ୍ନୟନ ଓ ମାର୍କେଟିଙ୍ଗ ସୋସାଇଟିର ଉପ ନିର୍ବାହୀ ଅଧିକାରୀ ସୋନାଲି ମଜୁମଦାର, ଟାଟା ଷ୍ଟିଲ ଫାଉଣ୍ଡେସନ ରାଜ୍ୟ ମୁଖ୍ୟ ଶିଶିର ଦାସ, ଚୌଦ୍ୱାର ପୌରପାଳିକାର ନିର୍ବାହୀ ଅଧିକାରୀ ସୌମ୍ୟ ରଞ୍ଜନ ମିଶ୍ର, ଓଡ଼ିଶା ସହରାଞ୍ଚଳ ଗୃହ ମିଶନ ଅର୍ଥ ବିଶେଷଜ୍ଞ ସଞ୍ଜୀବ କୁମାର ପଣ୍ଡା, କଟକ ମହାନଗର ନିଗମ ସହକାରୀ ଆୟୁକ୍ତ ସୁଶ୍ରୀ ସ୍ୱାତି ମିଶ୍ର, ନିର୍ବାହୀ ଅଧିକାରୀ ବିଜ୍ଞାପିତ ଅଞ୍ଚଳ ପରିଷଦ ବାଙ୍କୀ ପ୍ରଫୁଲ୍ଲ କୁମାର ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ।




## ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଆକ୍ରମଣ; ୨ ଗିରଫ

**କଟକ, ୧୫।୬(ସମିସ):** ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଶିଖରପୁର ମୁଖ୍ୟରାସ୍ତା କୋରପୋଖରୀ ଗଳି ସମ୍ମୁଖରେ ଗତକାଲି ରାତିରେ ଶିବଶଙ୍କର ଜେନାଙ୍କୁ ମରଣାନ୍ତକ ଆକ୍ରମଣ କରାଯିବା ଘଟଣାରେ ୨ ଅଭିଯୁକ୍ତକୁ ଚାଉଳିଆଗଞ୍ଜ ଥାନା ପୁଲିସ ଗିରଫ କରିଛି। ଅଭିଯୁକ୍ତ ଦ୍ୱୟ ହେଲେ ଶିଖରପୁର ଉପରସାହିର ସୁଧାଂଶୁ ପରିଡ଼ା ଓ ଶଙ୍କର ବେହେରା। ଉଭୟଙ୍କୁ କୋର୍ଟଚାଲାଣ ପରେ ଚୌଦ୍ୱାର ଜେଲ୍‌କୁ ପଠାଇ ଦିଆଯାଇଥିବା ଥାନା ଅଧିକାରୀ ଚିନ୍ତେଶ୍ୱର ମୁଣ୍ଡା ସୂଚନା ଦେଇଛନ୍ତି।

ପୁଲିସ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ଗଣ୍ଡରପୁର ଅଞ୍ଚଳର ଶିବଶଙ୍କର ସହିତ ଅଭିଯୁକ୍ତ ସୁଧାଂଶୁର ପୂର୍ବରୁ ଶତ୍ରୁତା ଲାଗି ରହିଥିଲା। ବହୁ ସମୟରେ ସୁଧାଂଶୁ ତାଙ୍କୁ ବିଭିନ୍ନ ପ୍ରକାର ଧମକ ଦେଇ ଆସୁଥିଲା। ଗତକାଲି ରାତିପ୍ରାୟ ସାଢ଼େ ୧୦ଟାରେ ଶିବଶଙ୍କର ବାଇକ୍‌ରେ ଘରକୁ ଫେରୁଥିବା ବେଳେ ଶିଖରପୁର ମୁଖ୍ୟରାସ୍ତା କୋରପୋଖରୀ ଗଳି ସମୁଖରେ ଅଭିଯୁକ୍ତ ସୁଧାଂଶୁ ଓ ତା'ର ସାଙ୍ଗ ଶଙ୍କର ତାଙ୍କୁ ଅଟକାଇଥିଲେ। ଏହାପରେ ଉଭୟ ପୂର୍ବ ଘଟଣାକୁ ନେଇ ଶିବଶଙ୍କରଙ୍କୁ ଅଶ୍ରାବ୍ୟ ଭାଷାରେ ଗାଳିଗୁଲଜ କରିବା ସହିତ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଫଳରେ ଧମକ ଦିଆଯିବା ନେଇ ଶିବଶଙ୍କର ପ୍ରତିବାଦ କରିଥିଲେ। ଏଥିରେ ଉତ୍‌କ୍ଷିପ୍ତ ହୋଇ ଉଭୟ ସୁଧାଂଶୁ ଓ ଶଙ୍କର ତାଙ୍କୁ ଠେଲାପେଲା କରିବା ସହିତ ମାଡ଼ ମାରିଥିଲେ। ଏହାପରେ ସୁଧାଂଶୁ ତା'ର ସ୍କୁଟର ଡିକିରେ ରଖିଥିବା ଏକ ମଦବୋତଲକୁ ଭାଙ୍ଗି ଶିବଶଙ୍କରଙ୍କ ପେଟକୁ ଭୂଷି ଦେବା ସହିତ ରାସ୍ତାରେ ପଡ଼ିଥିବା ଏକ ପଥର ଉଠାଇ ମୁଣ୍ଡକୁ ଛେଚିବା ପାଇଁ ଉଦ୍ୟମ କରିଥିଲେ। ଏପରେ ଆକ୍ରମଣରେ ଶିବଶଙ୍କର ରକ୍ତାକ୍ତ ହୋଇ ସେଠାରେ ପଡ଼ିଯିବା ଦେଖି ଅଭିଯୁକ୍ତଦ୍ୱୟ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ସ୍ଥାନୀୟ କିଛି ଦୋକାନୀ ଶିବଶଙ୍କରଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ବଡ ଡାକ୍ତରଖାନାକୁ ପଠାଇଥିଲେ। ଏ ନେଇ ଶିବଶଙ୍କରଙ୍କ ପତ୍ନୀ ସସ୍ମିତା ଜେନା ଚାଉଳିଆଗଞ୍ଜ ଥାନାରେ ଏତଲା ଦେଇଥିଲେ।

# ଶିଶୁ ମୃତ୍ୟୁକୁ ନେଇ ଉତ୍ତେଜନା

**କଟକ, ୧୫।୬(ସମିସ)**

ଶିଶୁଭବନ ଡାକ୍ତର ଜଣେ ଶିଶୁରୋଗୀଙ୍କ ହାର୍ଣ୍ଣିଆ ଅପରେସନ୍ ଘରୋଇ ଡାକ୍ତରଖାନାରେ କରିବା ପରେ ଶିଶୁରୋଗୀର ମୃତ୍ୟୁ ହୋଇଥିବା ଭଳି ସଂଗୀନ ଅଭିଯୋଗ ଲାଲବାଗ ଥାନାରେ କରାଯାଇଛି। ଏମିତିକି ଶିଶୁଭବନର ଉକ୍ତ ଡାକ୍ତର ରୋଗୀଙ୍କ ନାଁରେ ଥିବା ସ୍ୱାସ୍ଥ୍ୟ ବୀମା କାର୍ଡରୁ ଟଙ୍କା ହଡ଼ପ କରିଥିବା ଭଳି ଅଭିଯୋଗ କରିଛନ୍ତି। ଏହି ଅଭିଯୋଗ ଆଧାରରେ ପୁଲିସ ଶିଶୁଭବନ ଡାକ୍ତରଙ୍କ ବିରୋଧରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିବା ସୂଚନା ମିଳିଛି।

ଢେଙ୍କାନାଳ ଜିଲ୍ଲା ରାଶୋଳ ଥାନା ଫାଶୀ ଗାଁର ସୁଜାତା ନାୟକଙ୍କ ସାନ ପୁଅ ଉମେଶ ଚନ୍ଦ୍ର ନାୟକର ହାର୍ଣ୍ଣିଆ ଥିବାରୁ ଗଲା ମେ ୨୮ ତାରିଖରେ ଶିଶୁଭବନରେ ଭର୍ତ୍ତି କରିଥିଲେ। ଆଉଟଡୋରରେ ଜଣେ ଡାକ୍ତର ଚିକିତ୍ସା କରିବା ସହିତ ଔଷଧ ଦେଇଥିଲେ। ହାର୍ଣ୍ଣିଆ ଅପରେସନ୍ ଶିଶୁଭବନରେ ହୋଇପାରିବ ନାହିଁ ବୋଲି ସମ୍ପୃକ୍ତ ଡାକ୍ତର କହିଥିଲେ। ଜୁନ ୯ ତାରିଖରେ ଚାନ୍ଦିନୀଚୌକରେ ଥିବା ଏକ ଘରୋଇ ଡାକ୍ତରଖାନାକୁ ଆଣିଲେ ଅସ୍ତ୍ରୋପଚାର କରିବା ନେଇ ଡାକ୍ତର ପରାମର୍ଶ ଦେଇଥିଲେ।

**ଲାଲବାଗ ଥାନାରେ ସମ୍ପର୍କୀୟଙ୍କ ଏତଲା**

ସେଦିନ ସନ୍ଧ୍ୟାରେ ସୁଜାତା ତାଙ୍କ ପୁଅକୁ ଆଣିବା ପରେ ସେଠାରେ ଅସ୍ତ୍ରୋପଚାର ହୋଇଥିଲା। ଅସ୍ତ୍ରୋପଚାର ପରେ ତାଙ୍କ ପୁଅକୁ ଆଇସିୟୁରେ ରଖାଯାଇଥିଲା। ୧୦ ତାରିଖରେ ପୁଅର ଦେହ ଖରାପ ଥିବା ଦର୍ଶାଇ ମଙ୍ଗଳାବାଗରେ ଥିବା ଆଉ ଏକ ଘରୋଇ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ସେଦିନଠାରୁ ପରିବାର ଲୋକଙ୍କୁ ତାଙ୍କ ପୁଅକୁ ଡାକ୍ତରଖାନା ପକ୍ଷରୁ ଦେଖାଇ ଦେଉନଥିଲେ। ରବିବାର ଦିନ ପ୍ରାୟ ୧୦ଟା ବେଳେ ପୁଅର ମୃତ୍ୟୁ ହୋଇଥିବା ଡାକ୍ତର କହିଥିଲେ। ସୁଜାତାଙ୍କ ଅଭିଯୋଗ ଅନୁଯାୟୀ, ଡାକ୍ତର ଭୂଲ ଅସ୍ତ୍ରୋପଚାର କରି ସ୍ୱାସ୍ଥ୍ୟ ବୀମା କାର୍ଡରୁ ସମସ୍ତ ଟଙ୍କା ଲୁଟିବା ପରେ ଶିଶୁର ମୃତ୍ୟୁ ହୋଇଥିବା ଭଳି ସଂଗୀନ ଅଭିଯୋଗ ହୋଇଛି। ତେଣୁ ଏହି ଘଟଣାରେ ଉପଯୁକ୍ତ ତଦନ୍ତ କରି ଡାକ୍ତରଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସୁଜାତା ଲାଲବାଗ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

ଅନ୍ୟପଟେ ଏହି ଘଟଣାକୁ ଲାଲବାଗ ଥାନା ପୁଲିସ ଗୁରୁତ୍ୱର ସହିତ ଗ୍ରହଣ କରିଛି। ଥାନା ଆଇଆଇସି ସୁଧାଂଶୁ ଭୂଷଣ ଜେନା କହିଛନ୍ତି ଯେ ଶିଶୁଭବନ ଡାକ୍ତରଙ୍କ ବିରୋଧରେ ଆସିଥିବା ଏହି ଅଭିଯୋଗ ଆଧାରରେ ପୁଲିସ ବିଏନଏସର ଧାରା ୧୦୬(୧), ୩୧୮(୪)ରେ ଏକ ମାମଲା(କେସ୍ ନଂ ୨୪୫) ରୁଜୁ କରିଛି। ଏହା ସହିତ ମଙ୍ଗଳାବାଗରେ ଥିବା ଉକ୍ତ ଘରୋଇ ଡାକ୍ତରଖାନାକୁ ଯାଇ ପୁଲିସ ତଦନ୍ତ ଆରମ୍ଭ କରିଛି। ପୀଡ଼ିତାଙ୍କ ସ୍ୱାସ୍ଥ୍ୟ ବୀମା କାର୍ଡରୁ ବିଭିନ୍ନ ବିଲ୍ କରି ଟଙ୍କା ହଡ଼ପ ହୋଇଥିବା ନେଇ ପୀଡ଼ିତା ଅଭିଯୋଗ କରିଛି। ସେହି ଆଧାରରେ ତଦନ୍ତ ହେଉଛି। ଅନ୍ୟପଟେ ସିଡିଏମଓଙ୍କୁ ଚିକିତ୍ସା ଅବହେଳା ସଂକ୍ରାନ୍ତ ଅଭିଯୋଗର ବାବାଦ ମତାମତ ମଗାଯିବ। ସିଡିଏମଓଙ୍କ ରିପୋର୍ଟ ଆସିବା ପରେ ସମ୍ପୃକ୍ତ ଡାକ୍ତରଙ୍କ ବିରୋଧରେ ପରବର୍ତ୍ତି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ନେଇ ଶ୍ରୀ ଜେନା ସୂଚନା ଦେଇଛନ୍ତି।

## ମହିଳାଙ୍କୁ ଛୁରା ମାଡ଼

**କଟକ, ୧୫।୬ (ସମିସ):** କ୍ୟାଣ୍ଟନମେଣ୍ଟ ଥାନା ଅନ୍ତର୍ଗତ ଜବାହରଲାଲ ନେହେରୁ ଇଣ୍ଡୋର୍ ଷ୍ଟାଡିୟମ୍ ରାସ୍ତାରେ ଆଜି ସନ୍ଧ୍ୟାରେ ଜଣେ ବିବାହିତ ମହିଳାଙ୍କୁ ଛୁରା ମାଡ଼ ହୋଇଛି। ଛୁରା ମାଡ ପରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ଏସ୍‌ସିବିରେ ଭର୍ତ୍ତି କରାଯାଇଛି। ଛୁରା ମାଡ଼ର କାରଣ ଅସ୍ପଷ୍ଟ ଥିଲେ ସୁଦ୍ଧା ପୁଲିସ ଘଟଣାସ୍ଥଳ ଓ ମେଡିକାଲରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଆହତ ମହିଳା ସ୍ଥାନୀୟ ଅଞ୍ଚଳର ବୋଲି ପୁଲିସ ସୂଚନା ଦେଇଛି। ତାଙ୍କ ନିକଟତମ ବନ୍ଧୁ ହିଁ ଏହି ଛୁରା ମାଡ଼ କରିଥିବା ପ୍ରାଥମିକ ତଦନ୍ତ ରୁ ପୁଲିସ ଜାଣିବାକୁ ପାଇଛି। ତେବେ ଛୁରା ମାଡ କରିଥିବା ଅଭିଯୁକ୍ତକୁ ପୁଲିସ ଥାନାରେ ଅଟକ ରଖି ପଚରାଉଚରା କରୁଛି।

ସକାଳ
THE SAKALA

# ସମ୍ପାଦକୀୟ



ବାସ୍ତବରେ ସବୁ କଥାର ଦୁଇଟି ଦିଗ ଥାଏ - ବିଜ୍ଞାନ ଓ ମତାମତ, ପ୍ରଥମଟି ସୃଷ୍ଟି କରେ ଜ୍ଞାନ ଓ ଦ୍ୱିତୀୟଟି ଅଜ୍ଞାନ।
-ହିପୋକ୍ରାଟ୍ସ୍

## ମଧ୍ୟପ୍ରାଚ୍ୟରେ ଯୁଦ୍ଧଧ୍ୱନି

ମଧ୍ୟପ୍ରାଚ୍ୟରେ ପୁଣି ଥରେ ଯୁଦ୍ଧ ସ୍ଥିତି ସୃଷ୍ଟି ହୋଇଛି। ହମାସ୍‌କୁ ମୂଳପୋଛ କରିବା ଲକ୍ଷ୍ୟରେ ଇସ୍ରାଏଲ୍ ଆରମ୍ଭ କରିଥିବା ନିର୍ଣ୍ଣାୟକ ଯୁଦ୍ଧର ମୀମାଂସା ଏ ପର୍ଯ୍ୟନ୍ତ ହୋଇ ନ ଥିବା ବେଳେ ଇରାନ୍ ଉପରେ ଆକ୍ରମଣ କରିଛି ଏବଂ ଇରାନ୍ ପାଲଟା ଜବାବ୍ ଦେଇଛି। ପ୍ରାରମ୍ଭିକ ପର୍ଯ୍ୟାୟରେ ଇରାନ୍‌ର ଆଣବିକ କେନ୍ଦ୍ର ଓ ସେନା ଶିବିରମାନଙ୍କ ଉପରେ ବାଛିବାଛି ଇସ୍ରାଏଲ୍ ଆକ୍ରମଣ କରିଛି ଏବଂ ଇରାନ୍‌କୁ ସମ୍ପୂର୍ଣ୍ଣ ଆଣବିକଶକ୍ତି ବିହୀନ କରିବା ପର୍ଯ୍ୟନ୍ତ ଏହି ଯୁଦ୍ଧ ଚାଲିବ ବୋଲି ଇସ୍ରାଏଲ୍ ପ୍ରଧାନମନ୍ତ୍ରୀ ନେତାନ୍ୟାହୁ ଘୋଷଣା କରିଛନ୍ତି। ଆଗାମୀ ଦିନରେ ଇସ୍ରାଏଲ୍‌ର ଆକ୍ରମଣ ଆହୁରି ଭୟଙ୍କର ହେବ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିବା ପରେ ମଧ୍ୟପ୍ରାଚ୍ୟରେ ଯୁଦ୍ଧର ଘନଘଟା ଆହୁରି ଭୟଙ୍କର ହୋଇପାରେ। ଏବେ କେବଳ ସାମରିକ କେନ୍ଦ୍ର ଉପରେ କେନ୍ଦ୍ରିତ ଥିବା ଆକ୍ରମଣ-ପ୍ରତିଆକ୍ରମଣ ପରବର୍ତ୍ତି ସମୟରେ ବେସାମରିକ କ୍ଷେତ୍ରକୁ ବ୍ୟାପୀ ପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି।

ଇରାନ୍ ଉପରେ ଇସ୍ରାଏଲ୍‌ର ଏହି ଆକ୍ରମଣ ଅପ୍ରତ୍ୟାଶିତ ହୋଇଥିଲେ ହେଁ ଅସ୍ୱାଭାବିକ ନୁହେଁ। ଏକଦା ବନ୍ଧୁ ଥିବା ଏହି ଦୁଇରାଷ୍ଟ୍ର ମଧ୍ୟରେ ଗତ ପ୍ରାୟ ଦୁଇବର୍ଷ ଧରି ଉତ୍ତେଜନା ଏବଂ ଆକ୍ରମଣ-ପ୍ରତିଆକ୍ରମଣ ଲାଗି ରହିଛି। ତେବେ ତାହା ସାମୟିକ ପ୍ରଶମିତ ହୋଇସାରିଥିବା ବେଳେ ଇସ୍ରାଏଲ୍‌ର ହଠାତ୍ 'ଅପରେସନ୍ ରାଇଜିଂ ଲାୟନ(ଇରାନ୍ ଆକ୍ରମଣ)' ପଛରେ ରହିଛି ଆନ୍ତର୍ଜାତିକ ଆଣବିକ ଶକ୍ତି ସଂସ୍ଥା ପରିଚାଳନା ମଣ୍ଡଳିର ସଦ୍ୟ ଅନୁଷ୍ଠିତ ବୈଠକ। ଇରାନ୍ ବିପଜ୍ଜନକ ଆଣବିକ ଅସ୍ତ୍ରଶସ୍ତ୍ର ନିର୍ମାଣ କରୁଥିବା ଅଭିଯୋଗ ଉପରେ ଆଲୋଚନା ପାଇଁ ଏହି ବୈଠକ ଆହୂତ ହୋଇଥିଲା। ୩୫ ସଦସ୍ୟ ବିଶିଷ୍ଟ ଏହି ସଂସ୍ଥାର ପରିଚାଳନା ମଣ୍ଡଳି ବୈଠକରେ ୧୯ ଜଣ ସଦସ୍ୟ ଇରାନ୍ ଉପରେ କଟକଣା ଜାରି କରିବା ପାଇଁ ଆଗତ ସଂକଳ୍ପ ସପକ୍ଷରେ ମତ ଦେଇଥିବା ବେଳେ ୩ ଜଣ ବିରୋଧ କରିଥିଲେ। ବିଗତ ଦୁଇଦଶନ୍ଧି ମଧ୍ୟରେ ଇରାନ୍ ବିରୋଧରେ ଏଭଳି ସଂକଳ୍ପ ପ୍ରଥମ ବୋଲି କୁହାଯାଉଛି। ଉଲ୍ଲେଖନୀୟ, କେବଳ ରୁଷିଆ, ଚୀନ୍ ଓ ବୁର୍କିନା ଫାସୋ ଏହି ସଂକଳ୍ପକୁ ବିରୋଧ କରିଥିବା ବେଳେ ଆଲଜେରିଆ, ବାଂଲାଦେଶ, ଇଣ୍ଡୋନେସିଆ, କାତାର, ସାଉଦି ଆରବ, ତୁର୍କି ଆଦି ଇସ୍‌ଲାମିକ୍ ଦେଶଗୁଡ଼ିକ ସଂକଳ୍ପକୁ ବିରୋଧ କରି ନଥିଲେ। ଇସ୍‌ଲାମିକ୍ ବହୁଳ ଅଞ୍ଚଳରେ ଇରାନ୍‌କୁ ସମର୍ଥନ ନ ମିଳିବା ମଧ୍ୟପ୍ରାଚ୍ୟରେ ଏକ ନୂଆ ଭୂରାଜନୈତିକ ସମୀକରଣର ସଂକେତ ଦିଗକୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି।

ଏଠାରେ ଆଉ ଏକ ପ୍ରସଙ୍ଗ ଆଲୋଚନା ପରିସରକୁ ସ୍ୱାଭାବିକ ଭାବେ ଆସୁଛି। ଯଦି ଇସ୍ରାଏଲ୍‌ର 'ଅପରେସନ୍ ରାଇଜିଂ ଲାୟନ୍' ପଛରେ ଇରାନ୍ ବିରୋଧରେ ଆନ୍ତର୍ଜାତିକ ଆଣବିକ ଶକ୍ତି ସଂସ୍ଥାର କଟକଣା ସଂକଳ୍ପ ହିଁ ଏକମାତ୍ର କାରଣ ହୁଏ ତେବେ ପ୍ରଶ୍ନ ଉଠୁଛି ଇସ୍ରାଏଲ୍‌କୁ ସେ ଅଧିକାର କିଏ ଦେଲା? ଏବଂ କାହାର ଇଙ୍ଗିତ ଓ ବଳରେ ଆନ୍ତର୍ଜାତିକ ଶକ୍ତିସଂସ୍ଥାର ପ୍ରତିନିଧିତ୍ୱ କରିବାକୁ ଇସ୍ରାଏଲ୍ ଆଗଭର ହୋଇଗଲା? ଉଭୟ ଇସ୍ରାଏଲ୍ ଓ ଇରାନ୍ ଗୁପ୍ତରେ ଆଣବିକ ଶକ୍ତିର ଅଧିକାରୀ ହୋଇଥିବା ବିଷୟ ଆନ୍ତର୍ଜାତିକ ଆଣବିକ ସଂସ୍ଥାର ଅଗୋଚର ନୁହେଁ। କିନ୍ତୁ ହଠାତ୍ ଆନ୍ତର୍ଜାତିକ ଶକ୍ତିସଂସ୍ଥାର ପରିଚାଳନା ମଣ୍ଡଳି ବୈଠକ ବସିବା, ଇରାନ୍ ବିରୋଧରେ ଐତିହାସିକ ସଂକଳ୍ପ ପାରିତ ହେବା ଏବଂ ଇସ୍ରାଏଲ୍ ବଡ଼ଭାଇ ପଣିଆ ଦେଖାଇ ଇରାନ୍‌ର ଆଣବିକ ଶକ୍ତିକେନ୍ଦ୍ର ଉପରେ ଆକ୍ରମଣ କରିବା ଆଦୌ କାକତାଳିକ ନୁହେଁ। ତେଣୁ ଏହି ସମଗ୍ର ଘଟଣା ପଛରେ ଆମେରିକାର ଭୂମିକା ସନ୍ଦେହରୁ ଊର୍ଦ୍ଧ୍ୱକୁ ଯାଇପାରୁନାହିଁ।

ମଧ୍ୟପ୍ରାଚ୍ୟରେ ବହୁଦଶନ୍ଧି ଧରି କୁହୁଳି ଆସୁଥିବା ଧୂଆଁ ମଝିରେ ମଝିରେ ବାହ୍ୟଶକ୍ତିର ପ୍ରଭାବରେ ଅଗ୍ନିସ୍ଫୁଲିଙ୍ଗର ରୂପ ନିଏ। ଏବେ ତାହାର ପୁନରାବୃତ୍ତି ଘଟିଛି। କେତେବେଳେ ଇରାନ୍ ସମର୍ଥିତ ଓ ସହାୟତା ପ୍ରାପ୍ତ ପାଲେଷ୍ଟାଇନ୍‌ର ଆତଙ୍କବାଦୀ ଗୋଷ୍ଠୀ ହମାସ୍ ଇସ୍ରାଏଲ୍ ଉପରେ ଆକ୍ରମଣ କରିଛି; ପୁଣି କେତେବେଳେ ସିରିଆରେ ଗୃହଯୁଦ୍ଧ ପଛରେ ଇସ୍ରାଏଲ୍‌ର ବନ୍ଧୁ ଆମେରିକାର ହାତ ରହିଥିବା ଅଭିଯୋଗ ହୋଇଛି। ଏବେ ଇରାନ୍ ଉପରେ ଇସ୍ରାଏଲ୍ ଆକ୍ରମଣ ପଛର ଯଥାର୍ଥତା କେତେ ତାହା ଏକ ଭିନ୍ନ ପ୍ରଶ୍ନ। କିନ୍ତୁ ଏହା ଅନସ୍ୱୀକାର୍ଯ୍ୟ ଯେ ପରିବର୍ତ୍ତିତ ପରିସ୍ଥିତିରେ ଆମେରିକାର ଦୃଷ୍ଟିକଟୁ ତାଲିକାରେ ଇରାକ୍‌ର ସ୍ଥାନରେ ଏବେ ଇରାନ୍‌କୁ ଅବସ୍ଥାପିତ କରାଯାଇଛି ଏବଂ ଏଥିପାଇଁ ଇସ୍ରାଏଲ୍‌କୁ ବ୍ୟବହାର କରାଯାଇଛି। ଏବେ ଇରାନ୍ ବିରୋଧରେ ଯେଉଁ ଅଭିଯୋଗ ଆସିଛି ତାହା ଏକଦା ଇରାକ୍ ବିରୋଧରେ ମଧ୍ୟ ଆମେରିକା ଆଣିଥିଲା। ଇରାକ୍‌କୁ ଧ୍ୱସ୍ତବିଧ୍ୱସ୍ତ କରି ସଦ୍ଦାମ ହୁସେନ୍‌ଙ୍କ କବଳରୁ ମୁକ୍ତି ଦେବାରେ ଆମେରିକା ସଫଳ ହେଲା ସତ, କିନ୍ତୁ ସଦ୍ଦାମ୍ ଗୋପନୀୟ ଆଣବିକ ଅସ୍ତ୍ରଶସ୍ତ୍ର ନିର୍ମାଣ କରୁଥିବା ପ୍ରମାଣ କରିପାରିଲା ନାହିଁ। ଆମେରିକାର ଏହି ଉଦ୍ଦେଶ୍ୟ ପଛରେ ଯେ ମଧ୍ୟପ୍ରାଚ୍ୟର ବିଶାଳ ତୈଳ ଖଣି ଉପରେ କବ୍‌ଜା ଲକ୍ଷ୍ୟ ଥିଲା, ତାହାର ପ୍ରମାଣ କିନ୍ତୁ ବିଶ୍ୱବାସୀ ପାଇଗଲେ। ଏବେ ଆମେରିକାର ଆଖି ପୁଣି ଇରାନ୍‌ର ତୈଳ ଭଣ୍ଡାର ଉପରେ ପଡ଼ିନାହିଁ ଏବଂ ଇରାକ୍‌ର ଦଶା ଇରାନ୍ ଭୋଗିବ ନାହିଁ ବୋଲି ନିଶ୍ଚିତ କରିହେଉନାହିଁ।

ଯୁଦ୍ଧ ଘନଘଟା ସତ୍ତ୍ୱେ ମଧ୍ୟପ୍ରାଚ୍ୟ ପାଇଁ ଏକ ଆଶ୍ୱସ୍ତିର ବିଷୟ ଯେ ଇରାନ୍‌ର ଆଣବିକ କେନ୍ଦ୍ର ଉପରେ ଆକ୍ରମଣ ହୋଇଥିଲେ ମଧ୍ୟ ତେଜସ୍କ୍ରିୟ ବିକିରଣ ଆଶଙ୍କା କମ୍ ବୋଲି ବିଶେଷଜ୍ଞମାନେ ମତ ଦେଇଛନ୍ତି। କିନ୍ତୁ ଯୁଦ୍ଧର ଘନଘଟା ଲାଗି ରହିଲେ ସମଗ୍ର ପଶ୍ଚିମଏସିଆ ସମେତ ଭାରତ ମଧ୍ୟ ପ୍ରଭାବିତ ହେବ। କୂଟନୈତିକ ଓ ବାଣିଜ୍ୟିକ ଦୃଷ୍ଟିକୋଣରୁ ଇରାନ୍ ସହିତ ଭାରତର ସମ୍ପର୍କ ଭଲ। ଚବାହାର ବନ୍ଦର ପ୍ରତିଷ୍ଠା କରି ଭାରତ ଇରାନ୍ ସହିତ ଦ୍ୱିପାକ୍ଷିକ ବାଣିଜ୍ୟ ସମ୍ପର୍କକୁ ଦୃଢ଼ କରିଛି। ଆମେରିକାର ଇରାନ୍ ବିରୋଧୀ କଟକଣା ପୂର୍ବରୁ ଭାରତର ସର୍ବବୃହତ୍ ଅଶୋଧିତ ତୈଳ ରପ୍ତାନୀକାରୀ ଥିଲା ଇରାନ୍। ଅପରପକ୍ଷରେ ଆତଙ୍କବାଦ ବିରୋଧରେ ଇସ୍ରାଏଲ୍ କାର୍ଯ୍ୟାନୁଷ୍ଠାନକୁ ଭାରତ ସମର୍ଥନ ଦେଇ ଆସୁଛି ଏବଂ ପ୍ରତିରକ୍ଷା ଉପକରଣ, ସାମରିକ-ବୈଷୟିକ ଜ୍ଞାନକୌଶଳ ହାସଲ କରିବା ପାଇଁ ଦୁଇ ରାଷ୍ଟ୍ର ଚୁକ୍ତିବଦ୍ଧ। ତେଣୁ ଏଭଳି ପରିସ୍ଥିତିରେ ଭାରତ ନିର୍ଦ୍ଦିଷ୍ଟ ଭାବେ କୌଣସି ପକ୍ଷ ନେଇପାରିବ ନାହିଁ।

ସାମ୍ପ୍ରତିକ ସ୍ଥିତିରେ ଭାରତ ପାଇଁ ସବୁଠାରୁ ଉଦ୍‌ବେଗ ହେଉଛି ମଧ୍ୟପ୍ରାଚ୍ୟରେ ପ୍ରବାସୀ ଭାରତୀୟଙ୍କ ସୁରକ୍ଷା। ସେହି ଅଞ୍ଚଳରେ ପ୍ରାୟ ୯୦ ଲକ୍ଷ ପ୍ରବାସୀ ଭାରତୀୟ ବସବାସ କରୁଛନ୍ତି। ଏବେ ମଧ୍ୟ ଭାରତର ମୋଟ ତୈଳ ଆମଦାନୀର ୮୦% ମଧ୍ୟପ୍ରାଚ୍ୟ ଉପରେ ନିର୍ଭରଶୀଳ। ଉଭୟ ଦେଶ କେହି କାହାର ଇନ୍ଧନ ଭିତ୍ତିଭୂମି ଉପରେ ଆକ୍ରମଣ କରିବେ ନାହିଁ ବୋଲି ଘୋଷଣା କରିଥିଲେ ମଧ୍ୟ ବିଶ୍ୱ ତୈଳ ଓ ଏଲ୍ଏନ୍‌ଜି ରପ୍ତାନୀ ପାଇଁ ବ୍ୟବହୃତ ପ୍ରମୁଖ ପଥ 'ଷ୍ଟ୍ରେଟ୍ ଅଫ୍ ହର୍ମୁଜ୍ ଲାଇନ୍'କୁ ଯଦି ଇରାନ୍ ବନ୍ଦ କରିଦିଏ, ତେବେ ଭାରତର ତୈଳ ଆମଦାନୀ ପ୍ରଭାବିତ ହେବ ଏବଂ ଅର୍ଥନୈତିକ ସଙ୍କଟ ବଢ଼ିବ। ପଣ୍ୟବାହୀ ଜାହାଜଗୁଡ଼ିକ ମଧ୍ୟ ଲୋହିତ ସାଗର ପରିବର୍ତ୍ତେ 'କେପ୍ ଅଫ୍ ଗୁଡ୍ ହୋପ୍ ରୁଟ୍' ଦେଇ ଯିବାକୁ ପଡ଼ିବ, ଯାହା ବାଣିଜ୍ୟ ଖର୍ଚ୍ଚ ଓ ଅବଧିକୁ ବହୁଗୁଣା ବୃଦ୍ଧି କରିବ। ତେଣୁ ଯେତେଶୀଘ୍ର ମଧ୍ୟପ୍ରାଚ୍ୟରେ ଶାନ୍ତି ବାହାଲ ହେବ ତାହା ଭାରତ, ମଧ୍ୟପ୍ରାଚ୍ୟ ସମେତ ପଶ୍ଚିମ ଏସିଆ ପାଇଁ ମଙ୍ଗଳକର ହେବ।

# ଡିଜିପିନ: ଆଶୀର୍ବାଦ ନା ଆପଦ?

**ବୃହସ୍ପତି ସାମଲ**

ଭାରତ ସରକାର ୨୭ ମେ ୨୦୨୫ରେ ଏକ ଦଶ-ଅକ୍ଷର ବିଶିଷ୍ଟ ଅଲଫାନ୍ୟୁମରିକ କୋଡ୍ ଭାବରେ ଡିଜାଇନ ହେଇଥିବା ଡିଜିପିନ (ଡିଜିଟାଲ ପୋଷ୍ଟାଲ ଇଣ୍ଡେକ୍ସ ନମ୍ବର) ନାମରେ ଏକ ନୂଆ ଡିଜିଟାଲ ପ୍ରୟାସର ଉନ୍ମୋଚନ କରିଛନ୍ତି, ଯାହା ଦେଶର ପ୍ରତ୍ୟେକ ୪ଗୁଣା୪ ମିଟର ଅଞ୍ଚଳକୁ ଦ୍ରାଘିମା ଓ ଅକ୍ଷାଂଶ ଭିତ୍ତିରେ ସଠିକ୍ ଭାବେ ଚିହ୍ନଟ କରିବା ପାଇଁ ବ୍ୟବହାର କରାଯାଇପାରିବ। ଭାରତୀୟ ଡାକ ବିଭାଗ, ଆଇଆଇଟି ହାଇଦ୍ରାବାଦ ଓ ଇସ୍ରୋ ଅନ୍ତର୍ଗତ ଜାତୀୟ ରିମୋଟ୍ ସେନ୍ସିଂ କେନ୍ଦ୍ରଙ୍କ ସହଯୋଗରେ ବିକଶିତ ଏହି ଡିଜିପିନକୁ ଭାରତର ଡିଜିଟାଲ ଢାଞ୍ଚାରେ ଏକ ପରିବର୍ତ୍ତନକାରୀ ପଦକ୍ଷେପ ବୋଲି ବିବେଚନା କରାଯାଉଛି। ଏହାକୁ ଏକ ଗୋପନୀୟତାକୈନ୍ଦ୍ରିକ ଓ ଜିଓକୋଡିଂ ଭିତ୍ତିକ ପଦ୍ଧତି ଭାବରେ ଉପସ୍ଥାପନ କରାଯାଇଛି, ଯାହା ଭାରତୀୟ ଡାକ ବିଭାଗ ଦ୍ୱାରା ୧୯୭୨ରୁ ପ୍ରଚଳିତ ହୋଇ ଆସୁଥିବା 'ପିନ୍‌କୋଡ୍' ବ୍ୟବସ୍ଥାକୁ ଏକ ଆଧୁନିକତାର ସ୍ପର୍ଶ ଦେବ। ଡିଜିପିନର ଏହି ସଠିକ ଭୌଗୋଳିକ ଟ୍ୟାଗିଂ ଦ୍ୱାରା ଲଜିଷ୍ଟିକ୍ସ, ଆପାତକାଳୀନ ସେବା, ଗ୍ରାମୀଣ ସେବା ପ୍ରଦାନ ଓ ଡିଜିଟାଲ ଶାସନ ପ୍ରଣାଳୀରେ ଲାଭ ମିଳିବ ବୋଲି କୁହାଯାଉଛି। ଅରଣ୍ୟ, ନଦୀ କୂଳ, ପାହାଡ଼ ଅଞ୍ଚଳ ଭଳି ସଠିକ୍ ଠିକଣା ନଥିବା ସ୍ଥାନଗୁଡ଼ିକୁ ଡିଜିପିନ୍ ଦ୍ୱାରା ଏବେ ଡିଜିଟାଲ ଉପାୟରେ ଚିହ୍ନଟ କରାଯାଇପାରିବ।

ଏକ ଡିଜିପିନ୍ ତିଆରି ପାଇଁ ବ୍ୟବହାରକାରୀଙ୍କୁ ନିଜର ରିଅଲ୍-ଟାଇମ୍ ଅବସ୍ଥାନ ତଥ୍ୟକୁ ଆକ୍ସେସ୍ କରିବା ଅନୁମତି ଦେବାକୁ ପଡ଼ିଥାଏ। ଯଦିଓ ଭାରତୀୟ ଡାକ ବିଭାଗ ଦାବି କରୁଛି ଯେ ଏହି ତଥ୍ୟ ସଂରକ୍ଷିତ ବା ରେକର୍ଡ ହେବ ନାହିଁ ଏବଂ କେବଳ କୋଡ୍ ସୃଷ୍ଟି ପାଇଁ ବ୍ୟବହୃତ ହେବ, ତଥାପି ଏହି ତଥ୍ୟ ଆକ୍ସେସ୍ କରିବା ଅଭିକ୍ରିୟା ଏକ ଭବିଷ୍ୟତ ତଥ୍ୟଚ୍ୟୁତିର ଦ୍ୱାର ଖୋଲିଦେଇପାରେ। ଏହି ନୂତନ ପଦକ୍ଷେପକୁ ଏକ ଡିଜିଟାଲ ଉନ୍ନତି ନାମରେ ପ୍ରଚାର କରାଯାଉଥିଲେ ମଧ୍ୟ ଦେଶରେ ଇଣ୍ଟରନେଟ ଆଧାରିତ ସାଇବର ଅପରାଧ ବୃଦ୍ଧି ପାଉଥିବା ବେଳେ ଏହା ବ୍ୟକ୍ତିଗତ ତଥ୍ୟର ଗୋପନୀୟତା, ନିରୀକ୍ଷଣ ଓ ଦୁରୁପଯୋଗ ବିଷୟରେ ଚିନ୍ତା ବୃଦ୍ଧି କରିଛି।

ଭାରତର ସାଇବର ଅପରାଧ ସମନ୍ୱୟ କେନ୍ଦ୍ରର ତଥ୍ୟ ଅନୁସାରେ, ୨୦୨୩ ମସିହାରେ ଭାରତରେ ୧.୫୫ ଲକ୍ଷରୁ ଅଧିକ ସାଇବର ଅପରାଧ ଘଟିଛି, ଯାହା ୨୦୨୦ର ୫୦, ୦୩୫ ଘଟଣାଠାରୁ ବହୁଗୁଣା ବେଶି। ସେଥିମଧ୍ୟରୁ ଅନେକଟି ଅର୍ଥ ଠକେଇ, ଫିସିଂ, ପରିଚୟ ଚୋରି ଓ ସିମ୍ କ୍ଲୋନିଂ ସହିତ ସଂପୃକ୍ତ, ଯେଉଁଥିରେ ଆଧାର, ମୋବାଇଲ ନମ୍ବର, ବ୍ୟାଙ୍କ ଖାତା ଓ ସରକାରୀ ଯୋଜନା ସହିତ ଜଡ଼ିତ ବ୍ୟକ୍ତିଗତ ତଥ୍ୟ ଦୁରୁପଯୋଗ ମୁଖ୍ୟ ଭୂମିକା ନେଇଥିଲା। ଆଧାର, ପ୍ୟାନ୍, ଫୋନ୍ ଓ ଅର୍ଥ ବିବରଣୀକୁ ବାଧ୍ୟତାମୂଳକ ଭାବେ ଯୋଡ଼ିବା ଦ୍ୱାରା ପ୍ରତ୍ୟେକ ଭାରତୀୟ ଏବେ ଏକ ଡିଜିଟାଲ ତଥ୍ୟ କ୍ଷେତ୍ରରେ ପରିଣତ ହୋଇଥିବା ଯୋଗୁଁ ବ୍ୟକ୍ତିଗତ ପ୍ରଦତ୍ତ ତଥ୍ୟର ଦୁରୁପଯୋଗ ହେବାର ଆଶଙ୍କା ଯଥେଷ୍ଟ ବଢ଼ି ଯାଇଛି। ଏପରି ପରିବେଶରେ, ବ୍ୟକ୍ତିଙ୍କ ନିଜସ୍ୱ ଅବସ୍ଥାନକୁ ସଠିକ ଭାବରେ ଚିହ୍ନଟ କରି ଡିଜିପିନ୍ ଲୋକମାନଙ୍କୁ ଏକ ନୂଆ ସ୍ତରର ବିପଦ ଭିତରକୁ ଟାଣି ନେବାକୁ ଉଦ୍ୟମରତ ବୋଲି ଅଭିଯୋଗ ହେଉଛି।

ସାଇବର ସୁରକ୍ଷା ବିଶେଷଜ୍ଞମାନଙ୍କ ମତରେ ସାଧାରଣ ଠିକଣା ତୁଳନାରେ ଡିଜିପିନ ବ୍ୟକ୍ତିଗତ ଗୋପନୀୟତାକୁ ପ୍ରାୟ ଶୂନ୍ୟ କରିଦେଇଥାଏ। ଯଦି ଏହା ଭୋଟର ତାଲିକା, ସ୍ୱାସ୍ଥ୍ୟ କାର୍ଡ, ଟେଲିକମ୍ ତଥ୍ୟ ଓ ଆଧାର ଲିଙ୍କ କ୍ଷେତ୍ର ଭଳି ଅନ୍ୟ ତଥ୍ୟ ସହ ଯୋଡ଼ି ଦିଆଯାଏ, ତେବେ ଏହା ଏକ ବ୍ୟକ୍ତିଙ୍କୁ ନିର୍ଦ୍ଦିଷ୍ଟ ଭାବେ ଖୋଜି ବାହାର କରିବାର ଏକ ମଜବୁତ ହତିଆର ହୋଇପାରେ। ଯେଉଁ ପ୍ରତିରକ୍ଷା ସ୍ତର ଦିନେ ନାଗରିକଙ୍କୁ ଟ୍ରାକିଂରୁ ବଞ୍ଚାଉଥିଲା, ବର୍ତ୍ତମାନ ସେହି ସୁରକ୍ଷା ଭାଙ୍ଗିଯିବ, ଯାହା ଫଳରେ କୃତ୍ରିମ ବୁଦ୍ଧିମତ୍ତା (ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ) ସହ ନିର୍ଦ୍ଦିଷ୍ଟ ସ୍ଥାନ ନିରୂପଣ (ଲୋକେସନ୍ ଟ୍ରେସିଂ) ପାଇଁ ଅତ୍ୟାଧୁନିକ ଡିଜିଟାଲ କୌଶଳ ଅବଲମ୍ବନ କରୁଥିବା ସାଇବର ଅପରାଧୀମାନେ ଡିଜିପିନକୁ ଏକ ଆପରାଧିକ ଅସ୍ତ୍ର ଭାବରେ ବ୍ୟବହାର କରିପାରିବେ। ଅଧିକନ୍ତୁ, ଡିଜିଟାଲ ବ୍ୟକ୍ତିଗତ ତଥ୍ୟ ସୁରକ୍ଷା ଆଇନ୍ ୨୦୨୩ର ଦୁର୍ବଳ ଓ ଅସ୍ପଷ୍ଟ ଧାରା ଏହି ସମସ୍ୟାକୁ ଆଉ ଗମ୍ଭୀର କରୁଛି।

ଏହି ପରିପ୍ରେକ୍ଷୀରେ ଆଉ ଏକ ଗଭୀର ଚିନ୍ତା ହେଉଛି ଡିଜିଟାଲ ବ୍ୟବସ୍ଥାର ବାଧ୍ୟବାଧକତାରୁ ସୃଷ୍ଟି ସାମାଜିକ ଅନିଚ୍ଛା। ବିଗତ ଦଶବର୍ଷ ଧରି ବିଶେଷତଃ ବୃଦ୍ଧ, ଗ୍ରାମୀଣ ଜନତା ଓ ଅର୍ଥନୈତିକ ଦୃଷ୍ଟିରୁ ଦୁର୍ବଳ ଶ୍ରେଣୀର ନାଗରିକମାନେ ନିରନ୍ତର ଡିଜିଟାଲ୍ ଉପକରଣ ବ୍ୟବହାର କରିବାକୁ ବାଧ୍ୟ ହେଉଛନ୍ତି। ଅଧିକାଂଶ ସମୟରେ ଆଧାର କାର୍ଡ ପ୍ରସ୍ତୁତିରେ ବିଳମ୍ବ, ବାୟୋମେଟ୍ରିକ୍ ଅମେଳ ଓ ପ୍ରକ୍ରିୟାଗତ ଉଦାସୀନତା ଦେଖିବାକୁ ମିଳିଛି। ପାନ୍ ସହ ଆଧାର ସଂଯୋଗକୁ ବାଧ୍ୟତାମୂଳକ କରି ଅନେକବାର ଜମାକାରୀଙ୍କ ଖାତାକୁ ବନ୍ଦ କରିଦେବାର ଭୟ ଦେଖାଯାଉଛି। 'ଆୟୁଷ୍ମାନ୍ ଭାରତ ଯୋଜନା'ର ଲାଭ ନେବା ପାଇଁ ବର୍ତ୍ତମାନ ଅନଲାଇନ୍ ପୋର୍ଟାଲ୍, ଓଟିପି ଓ ଜିଓ-ଭେରିଫିକେସନ୍ ଜରୁରୀ, ଯାହା ମିଳିନଥିବା ଲକ୍ଷ-ଲକ୍ଷ ଲୋକଙ୍କ ପାଇଁ ଏକ ଅସମ୍ଭବ ଆହ୍ୱାନ। ଭାରତ ସରକାରଙ୍କ ରେଳ ମନ୍ତ୍ରାଳୟ ତରଫରୁ ଜାରି ସଦ୍ୟତମ ସୂଚନା ଅନୁଯାୟୀ ଜୁଲାଇ ମାସରୁ ତତ୍କାଳ ରେଳ ଟିକେଟର ବୁକିଂ ପାଇଁ ଆଧାର କାର୍ଡ ତଥା ସେଥିରେ ସଂଯୋଜିତ ଟେଲିଫୋନ ନମ୍ବରର ଓଟିପି ବାଧ୍ୟତାମୂଳକ ହେବ। ଯଦି ଡିଜିପିନ୍ ଭବିଷ୍ୟତରେ ଆଧାର ଓ ପ୍ୟାନ ଭଳି ବ୍ୟାଙ୍କିଂ, ଜମିଜମା ପଞ୍ଜୀକରଣ, ବିଦ୍ୟୁତ୍ ସେବା, ରେଳ ଟିକେଟ ବୁକିଂ କିମ୍ବା ସରକାରୀ ଯୋଜନା ଦେବାରେ ଆବଶ୍ୟକ କରାଯିବ, ତେବେ ଏହା ଲୋକଙ୍କ ପାଇଁ ଅଧିକ ବିପଦ ଓ ଅନେକ ଜଟିଳ ସମସ୍ୟା ସୃଷ୍ଟି କରିବ। ଯେଉଁ ବ୍ୟବସ୍ଥାକୁ ଲୋକଙ୍କର ସୁବିଧା ପାଇଁ ପ୍ରସ୍ତୁତ କରାଯାଉଛି, ତାହା ଶେଷରେ ଏକ ଅନିଚ୍ଛାକୃତ ଆବଶ୍ୟକତା ହୋଇ କେବଳ ଏକ ପ୍ରସାଶନିକ ବୋଝ ହିସାବରେ ଜନସାଧାରଣଙ୍କ ପାଇଁ ଦୁର୍ବିସହ ହୋଇପଡ଼ିବ।

ପ୍ରକୃତ ବିପଦ କେବଳ ଡିଜିପିନ୍ କ'ଣ କରିବ ସେଥିରେ ନାହିଁ, ବରଂ ଏହା ଯାହା ସୂଚିତ କରେ ସେଥିରେ ଅଛି। ଆଇନଗତ ସୁରକ୍ଷା ଓ ସ୍ୱଚ୍ଛତା ନଥାଇ ନାଗରିକଙ୍କ ବିନା ପରାମର୍ଶରେ ସେମାନଙ୍କର ବ୍ୟକ୍ତିଗତ ତଥ୍ୟକୁ ନେଇ ସରକାରଙ୍କର ଏହା ଏକ କ୍ରମବର୍ଦ୍ଧିଷ୍ଣୁ ସମ୍ବେଦନଶୀଳ ଡିଜିଟାଲ ହସ୍ତକ୍ଷେପ। ନିହାତି ଭାବରେ ଏହା ଏକ ଏକତରଫା ଶୀର୍ଷସ୍ତରୀୟ ନୀତି ନିର୍ମାଣ ପ୍ରଣାଳୀକୁ ପ୍ରତିବିମ୍ବିତ କରେ, ଯାହା ଗ୍ରାମାଞ୍ଚଳରେ ରହୁଥିବା ଅଶିକ୍ଷିତ, ଗରିବ ତଥା ଡିଜିଟାଲ ଉପକରଣର ବ୍ୟବହାର ଜାଣି ନଥିବା ଜନସାଧାରଣଙ୍କୁ କିଭଳି ପ୍ରଭାବିତ କରିବ ବୁଝିବା ପୂର୍ବରୁ ସେମାନଙ୍କ ଉପରେ ଜୋରଜବରଦସ୍ତି ଲଦି ଦିଆଯାଉଛି। ଅନେକ ନାଗରିକଙ୍କ ପାଇଁ, ବିଶେଷକରି ଯେଉଁମାନେ ଆଧାର ନିବନ୍ଧନ ବିଳମ୍ବ, ବ୍ୟାଙ୍କ ସଂଯୋଜନ ବା ଡିଜିଟାଲ୍ ସୁଦୃଢ଼ୀକରଣର ବିଫଳତା ଦ୍ୱାରା ପୂର୍ବରୁ ହତାଶ ହୋଇଛନ୍ତି, ସେମାନଙ୍କ ପାଇଁ ଡିଜିପିନ୍ ଏକ ସଶକ୍ତୀକରଣର ଉପକରଣ ନୁହେଁ। ଆଶୀର୍ବାଦ ନୁହେଁ, ବରଂ ଏହା ଗୋଟିଏ ସମ୍ଭାବ୍ୟ ଆପଦ, ଏକ ଅତ୍ୟଧିକ ହସ୍ତକ୍ଷେପକାରୀ ଡିଜିଟାଲ୍ ଫାଶ।

ଏଠି ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ବର୍ତ୍ତମାନର ପିନ୍‌କୋଡ୍ ପ୍ରଣାଳୀ ଦ୍ୱାରା ଭାରତୀୟ ଡାକ ବିଭାଗ ଡାକ ପ୍ରେରଣ ଓ ବଣ୍ଟନ, ସ୍ଥାନ ପରିଚୟ ଓ ପ୍ରଶାସନିକ ବିଭାଜନ ପାଇଁ ପର୍ଯ୍ୟାପ୍ତ ଭାବେ ସୁରୁଖୁରୁରେ କାମ କରୁଥିବା ବେଳେ ଭାରତକୁ ଏକ ଅସୁରକ୍ଷିତ ଡିଜିପିନ୍ ବ୍ୟବସ୍ଥାର ଆବଶ୍ୟକତା ଅଛି କି? ଜର୍ମାନୀ, ଫ୍ରାନ୍ସ ଓ ଜାପାନ ଭଳି ବିକାଶଶୀଳ ଦେଶଗୁଡ଼ିକର ଡାକ ବିଭାଗ ଅତ୍ୟଧିକ ସୂକ୍ଷ୍ମ ଜିଓକୋଡିଂ ଯୋଗ କରି ନୁହେଁ, ବରଂ ତାଙ୍କର ପ୍ରଚଳିତ କୋଡ୍ ବ୍ୟବସ୍ଥା ମଧ୍ୟରେ ଜନସାଧାରଣଙ୍କୁ ସୁରକ୍ଷିତ ଡାକସେବା ପ୍ରଦାନ କରୁଛନ୍ତି। ଭାରତୀୟ ଡାକ, ଯାହା ୧.୬୫ ଲକ୍ଷରୁ ଅଧିକ ଡାକଘର ସହିତ ବିଶ୍ୱର ସବୁଠୁ ବଡ଼ ଡାକ ବ୍ୟବସ୍ଥା, ତା'ର ଅନେକ ନିଜସ୍ୱ ସମସ୍ୟା ସମାଧାନ ଅପେକ୍ଷାରେ ଅଟକି ରହିଛି। ଏଭଳି ପରୀକ୍ଷାନିରୀକ୍ଷାରୁ ବିରତ ରହି ସାମ୍ପ୍ରତିକ ତଥା ମୌଳିକ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଡାକ ବିଭାଗକୁ ପ୍ରାଥମିକତା ଦେବାର ଆବଶ୍ୟକତା ରହିଛି। ଚିଠି ପ୍ରେରଣରେ ବିଳମ୍ବ, ଡାକଘରଗୁଡ଼ିକରେ ବିଶେଷକରି ଗ୍ରାମାଞ୍ଚଳରେ ଉତ୍ତମ ନେଟୱାର୍କ ଓ ଡିଜିଟାଲ୍ ଢାଞ୍ଚାର ଅଭାବ, ଗ୍ରାହକ ଅଭିଯୋଗ ଶୁଣାଣିରେ ଅବ୍ୟବସ୍ଥା ଭଳି ସମସ୍ୟାଗୁଡ଼ିକର ସମାଧାନ ଦିଗରେ ତୁରନ୍ତ ଧ୍ୟାନ ଦେଇ କର୍ମଚାରୀଙ୍କୁ ସଠିକ୍ ପ୍ରଶିକ୍ଷଣ ଦେବା, ବିତରଣ ବ୍ୟବସ୍ଥାରେ ଉନ୍ନତି ଆଣିବା, ଗ୍ରାମୀଣ ବ୍ୟାଙ୍କିଂକୁ ବିସ୍ତାର କରି ଡାକଘର ଠକେଇକୁ ରୋକିବା, ଭଡ଼ା ଓ ଭଙ୍ଗା ଦଦରା ଘରେ ତଥା ଅସ୍ୱାସ୍ଥ୍ୟକର ପରିବେଶ ଭିତରେ ଚାଲୁଥିବା ଡାକଘରଗୁଡ଼ିକର ଉନ୍ନତିକରଣ ପାଇଁ ଉଚିତ୍ ପଦକ୍ଷେପ ନେଲେ ନାଗରିକମାନେ ଅଧିକ ଭଲ ସେବା ପାଇପାରିବେ। ଏକ ଅବାଞ୍ଛିତ ଡିଜିଟାଲ୍ ଯୋଜନା ଆଣିବା ପରିବର୍ତ୍ତେ ଏପରି ପଦକ୍ଷେପ ଲୋକମାନଙ୍କର ଭରସାକୁ ମଜଭୁତ କରିପାରିବ ଏବଂ ଏହି ପ୍ରତିଷ୍ଠାନର ଐତିହ୍ୟକୁ ପୁନର୍ଜୀବନ ଦେଇପାରିବ।

ଭାରତ ଏକ ସଙ୍କଟମୟ ସ୍ଥିତିରେ ଅଛି, ଯେଉଁଠାରେ ପ୍ରଯୁକ୍ତିଗତ ନବୋନ୍ମେଷ ଓ ନୈତିକ ଶାସନ ହାତକୁ ହାତ ମିଳେଇ ଚାଲିବା ଦରକାର। ସମସ୍ତ ଡିଜିଟାଲ୍ ନବୋନ୍ମେଷ ପ୍ରଗତି ନୁହେଁ। କେବେ କେବେ ସଂଯମ ଓ ସାବଧାନତା ହିଁ ସଠିକ୍ ପଥ ବୋଲି ବିଚାର କରାଯାଏ। ସାମ୍ପ୍ରତିକ ସମୟରେ ଡିଜିପିନ୍ ଭରସାଯୋଗ୍ୟ ନହୋଇ ଏକ ଗମ୍ଭୀର ସଙ୍କଟ ସୃଷ୍ଟି କରିବାର ଆଗୁଆ ସୂଚନା ପ୍ରଦାନ କରୁଛି। ଯଦି ଶାସନର ଲକ୍ଷ୍ୟ ସୁରକ୍ଷା ଓ ସଶକ୍ତୀକରଣ, ତେବେ ଏହି ଡିଜିଟାଲ୍ ପ୍ରଣାଳୀର ପୁନର୍ବିଚାର ହେବା ଉଚିତ୍।

ଭୁବନେଶ୍ୱର, ମୋ: ୯୪୩୭୦୨୨୬୬୯

# ଧର୍ମ ବ୍ୟକ୍ତିଗତ ବ୍ୟାପାର ହେଉ

**ନିରାକାର ଦାସ**

ଦିନ ଥିଲା ମାନବ ସମାଜର ଏକ ଅବଲମ୍ବନ ଥିଲା ଧର୍ମ। ସମାଜ କଲ୍ୟାଣ ପାଇଁ ଓ ମାନବ ଜାତିର ଜୀବନଚର୍ଯ୍ୟାରେ ଶୃଙ୍ଖଳା ଓ ବ୍ୟବସ୍ଥିତତା ଆଣିବା ପାଇଁ ସୃଷ୍ଟି ହୋଇଥିଲା ଧର୍ମ। ଆମ ମୁନି, ଋଷି, ମହର୍ଷି, ସନ୍ୟାସୀମାନେ ଏକ ଶୃଙ୍ଖଳିତ ଓ ଉନ୍ନତ ସମାଜ ବ୍ୟବସ୍ଥା ଗଠନ ନିମନ୍ତେ ନୀତି, ନିୟମ ଓ ଅନୁଶାସନ ସୃଷ୍ଟି କରୁଥିଲେ। ସଭ୍ୟତା ଓ ମାନବ ସଂସ୍କୃତି ଆଗକୁ ବଢ଼ିବା ସହ ସୃଷ୍ଟ ବହୁ ନୀତି, ନିୟମ ପୁରୁଣା ବା ଅକାମୀ ହୋଇଗଲେ ଆମେ ପୁନଶ୍ଚ ସେହି ରଢ଼ିବାଦୀ ପରମ୍ପରାକୁ ଭାଙ୍ଗି ନୂତନ ନୀତି, ନିୟମ ଓ ସଂସ୍କାର ଯୋଡୁ ଏବଂ ଏହି ଯୋଡ଼ିଥିବା ଅସାଧାରଣ ମଣିଷ ଦିନେ ମହାମାନବରେ ପରିଣତ ହୁଅନ୍ତି। ସମୟକ୍ରମେ ବହୁ ଧର୍ମାଚରଣ ପରମ୍ପରାରେ ପରିଣତ ହୋଇଯାଏ ଏବଂ ଏହା ମାନବ ସମାଜକୁ କଷ୍ଟଦିଏ, ଯାହାର ପରିବର୍ତ୍ତନ ପାଇଁ ସ୍ୱର ଉଠେ ଏବଂ ତାହାର ପୁନଃ ପରିବର୍ତ୍ତନ ହୁଏ। ଏହି ପରିବବର୍ତ୍ତନ ହେଉଛି ବୈଜ୍ଞାନିକ ସତ୍ୟ।

ଧର୍ମ ବା ଆଧ୍ୟାତ୍ମିକ ଚେତନା ଉତ୍‌ଥାନ ଓ ପତନ ଦେଇ ଆଗକୁ ଆଗକୁ ବଢ଼ିଛି। ଆଧ୍ୟାତ୍ମିକ ଗୁରୁମାନେ ଧର୍ମାନ୍ଧତାରୁ ମାନବ ସମାଜକୁ ମୁକ୍ତି ପାଇଁ ବହୁ ସଂସ୍କାର ଆଣିଛନ୍ତି। ଆଧ୍ୟାତ୍ମିକତାର ଉତ୍ତରଣ ବହୁ ଘାତ-ସଂଘାତ ମଧ୍ୟ ଦେଇ କ୍ରମାନ୍ୱୟରେ ଆସିଛି। କିନ୍ତୁ ଏବେ ଆମେ ଏମିତି ଏକ ଆଧ୍ୟାତ୍ମିକ, ଧର୍ମୀୟ ଓ ସାଂସ୍କୃତିକ ସଙ୍କଟରେ ଉପନୀତ ହୋଇଯାଇଛୁ, ଯେଉଁଠି ଧର୍ମର ଉପସ୍ଥିତି ହିଁ ମାନବଜାତି ପାଇଁ ଅସହ୍ୟ ଅନୁଭବ ହେଉଛି। ଧର୍ମୀୟ ମୂଲ୍ୟବୋଧ ପରିବର୍ତ୍ତେ ଧର୍ମାନ୍ଧତା ବିଶାଳ ରୂପ ଧାରଣ କରି ବିଶ୍ୱମାନବ ପ୍ରଜାତିକୁ ଧ୍ୱଂସ ଆଡ଼କୁ ଟାଣି ନେଉଛି। ସେଥିପାଇଁ କୁହାଯାଇଛି - 'ଧର୍ମ ଯୋ ବାଧତେ ଧର୍ମଃ, ନ ସ ଧର୍ମଃ, କୁଧର୍ମ ତତ୍, ଅବିରୋଧୀ ତୁ ଯୋ ଧର୍ମଃ, ସ ଧର୍ମଃ ସତ୍ୟବିକ୍ରମଃ (ଯେଉଁ ଧର୍ମ ଅନ୍ୟ ଧର୍ମକୁ ବାଧା ଦିଏ, ସେ ଧର୍ମ ନୁହେଁ, ତାହାକୁ କୁଧର୍ମ ବୋଲାଯାଏ। ନିର୍ବିବାଦୀୟ ଧର୍ମ ହିଁ ପ୍ରକୃତ ସତ୍ୟନିଷ୍ଠ ଧର୍ମ)।' ଆଜି ସାରା ବିଶ୍ୱରେ ଯେତେ ଯୁଦ୍ଧ ହେଉଛି ବା ହୋଇଛି ସେଥିରୁ ଅଧିକାଂଶ ଧର୍ମ ଏବଂ ଧର୍ମ ମଧ୍ୟରେ ହିଂସା, ପ୍ରତିହିଂସା ଉପରେ ପର୍ଯ୍ୟବସିତ। ଆମ ଦେଶରେ 'ସର୍ବ ଧର୍ମ ସମନ୍ୱୟ' ନିମନ୍ତେ ଯେତେ ଚେଷ୍ଟାକଲେ ବି ଧର୍ମାନ୍ଧମାନଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଏହି ଧର୍ମାନ୍ଧତାକୁ ରାଜନେତାମାନେ ଖୁବ୍ ସନ୍ତର୍ପଣରେ ଓ ପ୍ରାୟୋଜିତ ଭାବେ ଉତ୍ସାହିତ କରୁଛନ୍ତି କ୍ଷମତା ଦଖଲ ପାଇଁ, ଯାହା ସର୍ବାଦୌ ଅନୁଚିତ୍। ଏଠାରେ ସଆଦତ୍ ହସନ ମଂଟୋଙ୍କ ଉକ୍ତିକୁ ଉଲ୍ଲେଖ କରାଯାଇପାରେ - 'ଧର୍ମ ଯେତେବେଳେ ହୃଦୟରୁ ବାହାରି ମୁଣ୍ଡକୁ ଚଢ଼ିଯାଏ, ସେତେବେଳେ ତାହା ବିଷ ପାଲଟିଯାଏ।'

୧୯୩୯ ରେ ମୁମ୍ବାଇରେ ଫରୱାର୍ଡ ବ୍ଲକ ସମ୍ମିଳନୀରେ ନେତାଜୀ ସୁଭାଷ ଚନ୍ଦ୍ର ବୋଷ କହିଥିଲେ- 'ଧର୍ମକୁ ରାଜନୀତିଠାରୁ ସମ୍ପୂର୍ଣ୍ଣ ଭାବେ ଦୂରରେ ରଖାଯିବା ଉଚିତ୍। ଧର୍ମ ଜଣେ ବ୍ୟକ୍ତିର ବ୍ୟକ୍ତିଗତ ବିଷୟ ହେବା ଉଚିତ୍। ଜଣେ ମଣିଷ ହିସାବରେ ସେ ଚାହୁଁଥିବା ଯେକୌଣସି ଧର୍ମକୁ ମାନିବାର ସମ୍ପୂର୍ଣ୍ଣ ସ୍ୱାଧୀନତା ଜଣେ ବ୍ୟକ୍ତିର ରହିବା ଉଚିତ୍। ମାତ୍ର ରାଜନୀତି ଧର୍ମ କିମ୍ବା ଅନ୍ୟ କୌଣସି ଅତିପ୍ରାକୃତିକ ଧାରଣା ଦ୍ୱାରା ପରିଚାଳିତ ହେବା ଉଚିତ୍ ନୁହେଁ।' ଦେଶ ସ୍ୱାଧୀନ ହେବାର ୪୮ ବର୍ଷ ପରେ ସମ୍ବିଧାନର ୪୨ ତମ ସଂଶୋଧନରେ ଧର୍ମନିରପେକ୍ଷ ଶବ୍ଦକୁ ସମ୍ବିଧାନର ପ୍ରସ୍ତାବନାରେ ଯୋଡ଼ାଗଲା। ଏହି ୪୮ ବର୍ଷ ଭିତରେ ଧର୍ମାନ୍ତରୀକରଣ ବଢ଼ିଚାଲିଲା। ଦେଶ ସ୍ୱାଧୀନ ହେବା ପୂର୍ବରୁ ମଧ୍ୟ ଧର୍ମାନ୍ତରୀକରଣ ବହୁ ପରିମାଣରେ ଚାଲିଥିଲା। ଆମ ଦେଶରେ ଅଶିକ୍ଷା, ଅଜ୍ଞାନତା ଓ ଦାରିଦ୍ର୍ୟତାର ସୁଯୋଗ ନେଇ ଶିକ୍ଷାର ପ୍ରସାର କରିବାକୁ ଯାଇ ମିଶନାରୀମାନେ ବହୁଳଭାବେ ଧର୍ମାନ୍ତରୀକରଣ କରାଇଲେ, ଯାହାର ଉଲ୍ଲେଖ ୧୯୫୪ ମସିହା ଏପ୍ରିଲ ୧୬ ତାରିଖରେ ମଧ୍ୟପ୍ରଦେଶ ସରକାର ବସେଇଥିବା ନିୟୋଗୀ କମିଟି (ନାଗପୁର ଉଚ୍ଚନ୍ୟାୟାଳୟର ଅବସରପ୍ରାପ୍ତ ମୁଖ୍ୟ ବିଚାରପତି ଡଃ ଭବାନୀ ଶଙ୍କର ନିୟୋଗୀ ଥିଲେ ଏହି କମିଟିର ଅଧ୍ୟକ୍ଷ) ରିପୋର୍ଟରେ ପୁଙ୍ଖାନୁପୁଙ୍ଖ ଉଲ୍ଲେଖ ରହିଛି। ଧର୍ମର ତ୍ରୁଟିପୂର୍ଣ୍ଣ ବାଖ୍ୟା, ରାଜନୀତି, ଶିକ୍ଷାନୁଷ୍ଠାନ ଓ ପ୍ରଶାସନରେ ଧର୍ମର ଅନୁପ୍ରବେଶ ହିଁ ଆଜି ଭାରତବର୍ଷ ପରି ଏକ ପବିତ୍ର, ଶାନ୍ତ, ସ୍ନିଗ୍ଧ ଓ ମାନବିକ ମୂଲ୍ୟବୋଧର ରୂପକାର ଦେଶ ଧର୍ମାନ୍ଧତାର କାଠଗଡ଼ାରେ ଠିଆ ହୋଇଛି।

୧୯୬୭/୬୮ ମସିହାରେ ଓଡ଼ିଶା ଓ ମଧ୍ୟପ୍ରଦେଶ ସରକାର ଦେଶରେ ପ୍ରଥମ ଥର ପାଇଁ 'ଫ୍ରିଡମ୍ ଅଫ୍ ରିଲିଜିଅନ୍ ଆକ୍ଟ' ପ୍ରଣୟନ କରିଥିଲେ, ଯେଉଁଥିରେ ବାଧ୍ୟବାଧକତା, ତଞ୍ଚକତା କିମ୍ବା ଲୋଭ ଦେଖାଇ ଧର୍ମାନ୍ତରୀକରଣ କରିବା ଏକ ଅପରାଧ ବୋଲି ଅଭିହିତ କରାଗଲା। ଏହି ଆଇନ୍ ଦ୍ୱାରା ଧର୍ମାନ୍ତରୀକରଣ ବନ୍ଦ ହୋଇପାରିଥା'ନ୍ତା। କିନ୍ତୁ ତାହା ନାଲିଫିତା ଫାଇଲ୍ ତଳେ ରହିଯିବାରୁ ପରିଣାମ ଆଜି ଆମକୁ ଭୋଗିବାକୁ ପଡ଼ୁଛି। ବହୁ ପ୍ରଗତିଶୀଳ ଓ ଉନ୍ନତ ରାଷ୍ଟ୍ରଗୁଡ଼ିକରେ ଧର୍ମକୁ ରାଷ୍ଟ୍ରଠାରୁ ଅଲଗା ରଖାଯାଇଛି। କିନ୍ତୁ ଆମେ ଧର୍ମୀୟ କାର୍ଯ୍ୟକଳାପ, ଧର୍ମର ପ୍ରଚାର, ପ୍ରସାର ନିମନ୍ତେ ସବୁ ଧର୍ମକୁ ପ୍ରୋତ୍ସାହନ ଦେଇଚାଲିଛୁ। ଯାହାଦ୍ୱାରା ସବୁ ଧର୍ମ ଓ ସମ୍ପ୍ରଦାୟ ନିଜ ନିଜର ସାମାଜିକ ପ୍ରତିପତ୍ତି ବଢ଼େଇବାକୁ ଉଦ୍ୟମରତ। କିଏ ପାରମ୍ପାରିକ ତ କିଏ ରଢ଼ିବାଦୀ ତ କିଏ ଉଦାରବାଦୀ। ଯାହା ଫଳରେ ଧର୍ମ ଓ ସମ୍ପ୍ରଦାୟିକ ଉତ୍ତେଜନା ବଢ଼ୁଛି।

ଏହି ସଙ୍କଟରୁ ବଞ୍ଚିବା ଓ ଶାନ୍ତିପୂର୍ଣ୍ଣ ସହାବସ୍ଥାନ ନିମନ୍ତେ ଧର୍ମ ମଣିଷର ବ୍ୟକ୍ତିଗତ ବ୍ୟାପାର ହେଉ। ନିଜ ନିଜ ଧର୍ମ ଓ ଆଚରଣ ନିଜର ଘର, ପରିସର ଏବଂ ଧର୍ମାନୁଷ୍ଠାନ ପରିସର ମଧ୍ୟରେ ସୀମିତ ରହିବା ଜରୁରୀ। ଶିକ୍ଷାନୁଷ୍ଠାନ, ରାଜନୈତିକ କାର୍ଯ୍ୟକଳାପ, ପ୍ରଶାସନ, ବିଧି ଓ ବୈଧାନିକ ବ୍ୟବସ୍ଥା ମଧ୍ୟରେ ଧର୍ମ ଓ ସମ୍ପ୍ରଦାୟର ପ୍ରବେଶ ସମ୍ପୂର୍ଣ୍ଣ ନିଷେଧ ହେଉ। ଡାକବାଜି ଯନ୍ତ୍ରର ବ୍ୟବହାର ସୀମିତ ପରିସରରେ ବ୍ୟବହୃତ ହେବା ସହ ଧର୍ମୀୟ ଶୋଭାଯାତ୍ରା ଓ ଧର୍ମୀୟ ସମାବେଶ ଇତ୍ୟାଦିକୁ ରାଷ୍ଟ୍ର ନିରୁତ୍ସାହିତ କରିବା ବିଧେୟ। ବିଶେଷ କରି ଶିକ୍ଷା କ୍ଷେତ୍ରରୁ ଧର୍ମ ଓ ଧର୍ମୀୟ ଚିନ୍ତା ଚେତନାକୁ ସମ୍ପୂର୍ଣ୍ଣ ମୁକ୍ତ ରଖାଯାଇ ପାରିଲେ ଏକ ସୁସ୍ଥ ସମାଜ ଗଠନ ହେବ।

ଭୁବନେଶ୍ୱର, ମୋ: ୯୪୩୭୦୧୩୧୩୯

# ଆମ ବୃକ୍ଷଲତା ଆମ ଜୀବନ

**ସୌଭାଗ୍ୟସୁନ୍ଦର**

**ବିଛୁଆତି**

**ପ୍ରକୃତି-ପରିବେଶ**

ବିଛୁଆତି ଭାରତର ପୂର୍ବଘାଟ ପର୍ବତମାଳାରେ ଏବଂ ଶ୍ରୀଲଙ୍କା, ଚୀନ୍, ମିଆଁମାର ଆଦି ପଡ଼ୋଶୀ ଦେଶଗୁଡ଼ିକରେ ପ୍ରାକୃତିକ ଭାବରେ ଦେଖାଯାଏ। ଏହା ଉଷ୍ଣମଣ୍ଡଳୀୟ ଏବଂ ଉପ ଉଷ୍ଣ ମଣ୍ଡଳୀୟ ଅଞ୍ଚଳରେ ଭଲ ବଢ଼େ ଏବଂ ନିକଟବର୍ତ୍ତୀ ବୃକ୍ଷଲତା ଉପରେ ମାଡ଼ିଥାଏ। ଏହା ଏକ ଜ୍ୱଳନ ଉଦ୍ଭିଦ ଭାବରେ ଲୋକପ୍ରିୟ। ଏହା ମଧ୍ୟ ବହୁବର୍ଷୀୟ ଦୁର୍ବଳ କାଣ୍ଡ ବିଶିଷ୍ଟ ଉଦ୍ଭିଦ, ଯାହାର ସାରା ଶରୀରରେ କେଶ ରହିଥାଏ। ଏହାକୁ ଇଂରାଜୀରେ ଇଣ୍ଡିଆନ୍ ଷ୍ଟିଙ୍ଗିଂ ନେଟଲ୍ କିମ୍ବା କ୍ଲାଇମ୍ବିଂ ନେଟଲ୍ କୁହାଯାଏ। କାରଣ ଏହାର ସଂସ୍ପର୍ଶରେ ଆସିଲେ ଚର୍ମରେ ଜଳା ପୋଡ଼ା ଓ କୁଣ୍ଡାଇ ହୁଏ। ଏହାର ପତ୍ରଗୁଡ଼ିକ ୬-୧୦ ସେମି ଲମ୍ବା, ୩-୫ ସେମି ଓସାରିଆ, ସରଳ, ଦନ୍ତୁରିତ ଧାର, ଡିମ୍ବାକାର। ଫୁଲଗୁଡ଼ିକ ପୁଷ୍ପୋଦ୍ଗମରେ ଡାଳର ଅଗ୍ର ଭାଗରେ ସଜ୍ଜିତ ଥାଏ। ସେଗୁଡ଼ିକ ଆକାରରେ ବହୁତ ଛୋଟ, ମୋନୋସିୟସ୍ ବା ଲିଙ୍ଗ ଭେଦରେ ପୃଥକ୍। ବିହନଗୁଡ଼ିକ ଗୋଲାକାର, ଧୂସର ମାଟିଆ, ମସୃଣ ଓ ହାଲୁକା ରଙ୍ଗର। ଫୁଲ ଫୁଟିବାର ସମୟ ହେଉଛି ଫେବୃଆରୀ, ମାର୍ଚ୍ଚ, ଜୁନ୍। ଫଳ ବର୍ଷସାରା ହୋଇଥାଏ।

ବିଛୁଆତିକୁ ଆୟୁର୍ବେଦ ଓ ଆଧୁନିକ ଏଲପାଥିକ ଔଷଧ ପ୍ରୟୋଗରେ ବହୁଳ ଭାବରେ ବ୍ୟବହାର କରାଯାଏ। ଓଡ଼ିଶାର ଆଦିବାସୀ ଲୋକମାନେ ଏହାର ମୂଳ ଓ ପତ୍ରକୁ ଶୁଖିଲା କାଶ ପାଇଁ ବ୍ୟବହାର କରନ୍ତି। ତାମିଲନାଡୁର କରନ୍ଦମାଲାଇର ଲୋକମାନେ କୋଷ୍ଠକାଠିନ୍ୟ ଦୂର କରିବା ପାଇଁ ଏହାର ମୂଳକୁ ବ୍ୟବହାର କରନ୍ତି। ପଶ୍ଚିମବଙ୍ଗରେ ବିଛା ଦଂଶନର ଚିକିତ୍ସା ପାଇଁ ମୂଳରୁ ତିଆରି ପେଷ୍ଟ ବ୍ୟବହାର କରାଯାଏ। କେଶ ଝଡ଼ିବା ରୋକିବା ପାଇଁ ଏହାର ମଞ୍ଜିରୁ ତିଆରି ପେଷ୍ଟ ମୁଣ୍ଡରେ ଲଗାଯାଇପାରେ। ଏହି ପେଷ୍ଟକୁ ଆଲୋପେସିଆ ଚିକିତ୍ସାରେ ମଧ୍ୟ ବ୍ୟବହାର କରାଯାଏ। ଉତ୍ତର-ପୂର୍ବ ଭାରତ ଏବଂ ଦକ୍ଷିଣ-ଏସୀୟ ଦେଶଗୁଡ଼ିକର ଲୋକମାନେ ଶତାବ୍ଦୀ ଧରି ମଧୁମେହ ଚିକିତ୍ସା ପାଇଁ ବିଛୁଆତିକୁ ବ୍ୟବହାର କରନ୍ତି। ଏହାକୁ ସ୍ତନ ଟ୍ୟୁମର ଚିକିତ୍ସା ପାଇଁ ମଧ୍ୟ ବ୍ୟବହାର କରାଯାଏ।

ଆୟୁର୍ବେଦର ତିନୋଟି ପ୍ରମୁଖ ଗ୍ରନ୍ଥ ଚରକ ସଂହିତା, ସୁଶ୍ରୁତ ସଂହିତା ଓ ଭାଗବତ୍ ସଂହିତାରେ ଏହା ବୃଷ୍‌ଚକାଳି ଭାବରେ ଉଲ୍ଲେଖିତ। ଚରକ ସଂହିତାରେ ଏହା ଅପସ୍ମାର ଚିକିତ୍ସା, ଶୁଶ୍ରୁତ ସଂହିତାରେ ଜ୍ୱର ଚିକିତ୍ସା ଏବଂ ଭାଗବତ/ଅଷ୍ଟାଙ୍ଗହୃଦ ସଂହିତାରେ ବିଦାର୍ୟାଦି ଗୃହର ଏକ ଉପାଦାନ ଭାବରେ ଉଲ୍ଲେଖ କରାଯାଇଛି, ଯାହା ଶ୍ୱାସକ୍ରିୟାର ଲକ୍ଷଣର ବିକାର ଉପଶମରେ ବ୍ୟବହୃତ ହୁଏ। ଏଥିରେ ଆଣ୍ଟିବ୍ୟାକ୍ଟେରିଆଲ୍/ ଆଣ୍ଟିମାଇକ୍ରୋବାୟଲ୍, ଡାଇବେଟିକ୍/ ହାଇପୋଗ୍ଲାଇସେମିକ୍, ଆଣ୍ଟିଅକ୍ସିଡାଣ୍ଟ ଏବଂ ପ୍ରଦାହ-ପ୍ରତିରୋଧୀ, ଆଣ୍ଟିଫଙ୍ଗାଲ୍ ଭଳି ଅନେକ ଜୈବିକ କାର୍ଯ୍ୟକଳାପ ଅଛି। ଏହା ଫାଇଟୋକେମିକାଲ୍ସରେ ସମନ୍ୱିତ। ଏହା ମଧ୍ୟ ଆଲଜାଇମର ରୋଗ (ସ୍ମରଣ ଶକ୍ତି ହ୍ରାସ), କୋଏଡ୍-୧୯, ଆଣ୍ଟି-ଇନ୍‌ଫ୍ଲାମେଟୋରୀ, ଆଣ୍ଟିଅକ୍ସିଡାଣ୍ଟ, ଆଣ୍ଟିପାରାସାଇଟିକ୍, ଡାଇୟୁରେଟିକ୍, ଆଣ୍ଟି ଟ୍ୟୁମର, ହେପାଟୋପ୍ରୋଟେକ୍ଟିଭ୍ ପାଇଁ ବ୍ୟବହୃତ ହୁଏ।

ବିଛୁଆତିରେ ପ୍ରଚୁର ପରିମାଣରେ ଆଲକାଲଏଡ୍, ଫେନୋଲ୍ସ, ଟେର୍ପେନୋଏଡ୍ସ, ଟାନିନ୍ ଫ୍ଲାଭୋନୋଏଡ୍ସ, ଷ୍ଟେରୋଲ୍ସ, ସାପୋନିନ୍ସ, ଗ୍ଲାଇକୋସାଇଡ୍ସ ଓ କ୍ୟାରିଓଫାଇଲିନ୍, ଇଥିଲିନ୍ ଗ୍ଲାଇକଲ୍ ମୋନୋ-ଟେର୍ଟ-ବ୍ୟୁଟାଇଲ୍ ଇଥର ଓ ଜେରାନିଲ୍ ଆସିଟୋନ୍ ଭଳି ଅତ୍ୟାବଶ୍ୟକ ତେଲ ରହିଛି। ଏଥିରେ ଥିବା କ୍ୟାଲସିୟମ୍ ଅକ୍ସାଲେଟ୍ ଓ ସେଲସୋଲ୍ ଜଳା ପୋଡା, କୁଣ୍ଡେଇ ହେବା ଭଳି ଦଂଶନକାରୀ ଗୁଣ ପାଇଁ ଦାୟୀ। ଏହା ହେଉଛି ନିଜର ପ୍ରାକୃତିକ ପ୍ରତିରକ୍ଷା ବ୍ୟବସ୍ଥା।

ଯେହେତୁ ଏହି ଗଛ ଏକ ଅନାବନା ଉଦ୍ଭିଦ, ଏହାର ଔଷଧୀୟ ମୂଲ୍ୟ ବିଷୟରେ ଜ୍ଞାନର ଅଭାବ ଯୋଗୁଁ ଏହାକୁ ବ୍ୟାପକ ଭାବରେ ନଷ୍ଟ କରିଦିଆଯାଉଛି ଅଜାଣତରେ। ତେଣୁ ଏହାର ରକ୍ଷଣାବେକ୍ଷଣ ପାଇଁ ଆବଶ୍ୟକୀୟ ପଦକ୍ଷେପ ନିଆଯିବା ଆବଶ୍ୟକ। ବିଶେଷ ଭାବରେ ଭେଷଜ କମ୍ପାନୀମାନେ ଏବଂ ସଚେତନ ଜନସାଧାରଣ ଏହାର ରକ୍ଷଣାବେକ୍ଷଣ ଓ ଚାଷ ପାଇଁ ତତ୍ପରତା ପ୍ରକାଶ କରିବା ଉଚିତ୍। ସରକାରୀ ପ୍ରୋତ୍ସାହନର ଜରୁରୀ ଆବଶ୍ୟକତା ମଧ୍ୟ ଅନୁଭବ କରାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଇସ୍କନ ମୁଖ୍ୟଙ୍କୁ ପତ୍ର ଲେଖିଲେ ଗଜପତି ମହାରାଜା

**ଶାସ୍ତ୍ର ଅନୁମୋଦିତ ତିଥିରେ ସ୍ନାନଯାତ୍ରା, ରଥଯାତ୍ରା ପାଳନ ପରାମର୍ଶ**

ପୁରୀ,୧୫।୬(ସମିସ): ବାରମ୍ବାର ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅପମାନିତ କରୁଛି ଇସ୍କନ। ବିଧି, ପରମ୍ପରାକୁ ଭାଙ୍ଗି ଅଦିନିଆ ରଥଯାତ୍ରା କରୁଛି। ଏଭଳି ମନମାନି କରି କୋଟିକୋଟି ଜଗନ୍ନାଥପ୍ରେମୀଙ୍କ ଭାବାବେଗ ସହ ଖେଳୁଛି। ଏଭଳି ପରମ୍ପରା ବିରୋଧୀ କାମ ନକରିବା ପାଇଁ ପୂର୍ବରୁ ଅନେକଥର ଅବଗତ କରାଯାଇଥିଲେ ମଧ୍ୟ ନିଜ ଚରିତ୍ରରେ ସୁଧାର ଆଣୁନାହିଁ। ଏପରିକି ଜଗତ୍‌ଗୁରୁ ଶଙ୍କରାଚାର୍ଯ୍ୟ ଏବଂ ଗଜପତି ମହାରାଜାଙ୍କ ଶାସ୍ତ୍ର ପୁରାଣ ପ୍ରାମାଣିକତାକୁ ବି ସମ୍ପୂର୍ଣ୍ଣ ଭାବେ ଗ୍ରହଣ କରିନାହିଁ ଇସ୍କନ। ଏଭଳି ସ୍ଥିତିରେ ରବିବାର ପୁଣିଥରେ ଇସ୍କନ ମୁଖ୍ୟଙ୍କୁ ପତ୍ର ଲେଖିଛନ୍ତି ଗଜପତି ମହାରାଜା ଦିବ୍ୟସିଂହ ଦେବ। ସମଗ୍ର ବିଶ୍ୱରେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସ୍ନାନଯାତ୍ରା, ରଥଯାତ୍ରା ଶାସ୍ତ୍ର ଅନୁମୋଦିତ ତିଥିରେ ପାଳନ ସମ୍ପର୍କରେ ପଦକ୍ଷେପ ନେବାକୁ ଇସ୍କନ ଗର୍ଭର୍ଣ୍ଣିଂ ବଡି କମିଶନର ଅଧ୍ୟକ୍ଷଙ୍କୁ ପତ୍ର ଲେଖିଛନ୍ତି।

ଗଜପତି ମହାରାଜା ନିଜ ପତ୍ର ରବିବାର (ଇ-ମେଲ୍ ମାଧ୍ୟମରେ) ଅତି ସ୍ପଷ୍ଟ ଭାବେ ଉଲ୍ଲେଖ କରିଛନ୍ତି ଯେ ଭାରତ ବାହାରେ ବିଭିନ୍ନ ଦେଶର ଇସ୍କନ କେନ୍ଦ୍ର ତଥା ମନ୍ଦିରଗୁଡ଼ିକ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସ୍ନାନଯାତ୍ରା ଏବଂ ରଥଯାତ୍ରା ଶାସ୍ତ୍ରରେ ଅନୁମୋଦିତ ନଥିବା ତିଥିରେ ପାଳନ କରୁଥିବା ନଜରକୁ ଆସିଛି। ଏହା ସମ୍ପୂର୍ଣ୍ଣ ରୂପେ ଶାସ୍ତ୍ରବିରୋଧୀ କାର୍ଯ୍ୟ। ବିଭିନ୍ନ ଇସ୍କନ ମନ୍ଦିର ପକ୍ଷରୁ ଇଣ୍ଟରନେଟ୍‌ରେ ଏ ସମ୍ପର୍କରେ ଦିଆଯାଇଥିବା ଘୋଷଣାନାମାକୁ ମଧ୍ୟ ଚିଠି ସହିତ ସଂଲଗ୍ନ କରାଯାଇଛି। ଗଜପତି ମହାରାଜା ଲେଖିଛନ୍ତି ଯେ ଗତ ମାର୍ଚ୍ଚ ୨୦ରେ ଭୁବନେଶ୍ୱରଠାରେ ହୋଇଥିବା ଆଲୋଚନା ସମୟରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଶ୍ରୀଜଗନ୍ନାଥ ସଂସ୍କୃତି ଗବେଷକମାନେ ଦୃଢ଼ ଭାବେ ଇସ୍କନର ଯୁକ୍ତିକୁ ଖଣ୍ଡନ କରିବା ସହ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସ୍ନାନଯାତ୍ରା କେବଳ ଜ୍ୟେଷ୍ଠ ପୂର୍ଣ୍ଣିମା ତିଥି (ଚଳିତ ବର୍ଷ ଜୁନ୍ ୧୧) ପାଳନ ହୋଇପାରିବ ଏବଂ ଆଷାଢ଼ ଶୁକ୍ଳ ଦ୍ୱିତୀୟା (ଏ ବର୍ଷ ଜୁନ୍ ୨୭)ଠାରୁ ଆଷାଢ଼ ଶୁକ୍ଳ ପକ୍ଷ ଦଶମୀ (ଏ ବର୍ଷ ଜୁଲାଇ ୫ ତାରିଖ) ପବିତ୍ର ନଅ ଦିନ ମଧ୍ୟରେ ହିଁ ରଥଯାତ୍ରା (ଶ୍ରୀଗୁଣ୍ଡିଚା ଯାତ୍ରା ଏବଂ ବାହୁଡ଼ା ଯାତ୍ରା) ପାଳନ କରାଯାଇପାରିବ ବୋଲି ସ୍ପଷ୍ଟ ଭାବେ କହିଥିଲେ। ମହାପ୍ରଭୁଙ୍କ ସବୁଠାରୁ ପବିତ୍ର ଏହି ଯାତ୍ରା ଅନ୍ୟ ତିଥି କିମ୍ବା ତାରିଖରେ ପାଳନ କରାଯିବା ଦ୍ୱାରା ଶାସ୍ତ୍ର ତଥା ପବିତ୍ର ଶ୍ରୀଜଗନ୍ନାଥ ପରମ୍ପରା ଉଲ୍ଲଂଘନ ହେବ। ଏନେଇ ଗବେଷକମାନଙ୍କ ବିସ୍ତୃତ ଶାସ୍ତ୍ରସମ୍ମତ ମତ ଖୁବ୍‌ଶୀଘ୍ର ଇସ୍କନକୁ ପଠାଯିବ।

## ୨୦ରେ ଖୋଲିବ ସ୍କୁଲ୍

ଭୁବନେଶ୍ୱର, ୧୫।୬ (ସମିସ): ପ୍ରାୟ ଦୁଇ ମାସର ଛୁଟି ପରେ ଆସନ୍ତା ୨୦ ତାରିଖରେ ଖୋଲିବ ସ୍କୁଲ୍। ଏଥିପାଇଁ ୧୯ ତାରିଖରେ ବିଦ୍ୟାଳୟ ପରିସର ସଫାସୁତୁରା କରାଯିବ। ସ୍କୁଲର ବୈଦ୍ୟୁତିକ ସରଞ୍ଜାମ ଓ ବିଦ୍ୟୁତ୍ ସଂଯୋଗ ଯାଞ୍ଚ କରାଯିବ। ପାଣି ଟାଙ୍କି ସଫା କରାଯିବ ଓ ପିଲାଙ୍କ ବସିବା ବେଞ୍ଚ୍ ଓ ଚେୟାରକୁ ପରିଷ୍କାର କରାଯିବ। ଛାତ୍ରଛାତ୍ରୀଙ୍କୁ ମଧ୍ୟାହ୍ନ ଭୋଜନ ପାଇଁ ଚାଉଳ, ଡ଼ାଲି ଓ ଅନ୍ୟ ଖାଦ୍ୟ ପଦାର୍ଥର ଯାଞ୍ଚ ହେବ ଓ ୨୦ ତାରିଖଠାରୁ ପାଠପଢ଼ା ଚାଲିବ। ଏଥିପାଇଁ ସରକାରଙ୍କ ପକ୍ଷରୁ ନିର୍ଦ୍ଦେଶନାମା ଜାରି କରାଯାଇଛି। ଚଳିତବର୍ଷ ଗ୍ରୀଷ୍ମ ପ୍ରବାହ ଯୋଗୁଁ ବହୁ ପୂର୍ବରୁ ଖରାଛୁଟି ହୋଇଥିଲା। ମେ ୬ରୁ ଛୁଟି କରିବା ପାଇଁ ପୂର୍ବରୁ ନିର୍ଦ୍ଧାରିତ ହୋଇଥିଲେ ମଧ୍ୟ ଖରା ପାଇଁ ଏପ୍ରିଲ୍ ୨୩ ତାରିଖରୁ ଖରାଛୁଟି ଘୋଷଣା କରିଥିଲେ ସରକାର। ଫଳରେ ପ୍ରାୟ ୧୩ ଦିନ ପାଠପଢ଼ା ବାଧାପ୍ରାପ୍ତ ହୋଇଥିଲା। ଆଗାମୀ ୨ ଦିନ ମଧ୍ୟରେ ରାଜ୍ୟରେ ମୌସୁମୀ ପୁନଃ ସକ୍ରିୟ ହେବାରୁ ଖରାଛୁଟି ବଢ଼ିବାର କୌଣସି ସମ୍ଭାବନା ନ ଥିବା ଜଣେ ବରିଷ୍ଠ ଅଧିକାରୀ ସୂଚନା ଦେଇଛନ୍ତି।

# ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ

**ସନ୍ଦିଗ୍ଧଙ୍କୁ ଉଦ୍ଧାର ବେଳେ ପୁଲିସ୍-ଗ୍ରାମବାସୀ ମୁହାଁମୁହିଁ; ୪ ଅଟକ**

ତୁରୁମୁଙ୍ଗା, ୧୫।୬ (ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଡଳଙ୍ଗମୁଣ୍ଡା ସାହି ପୋଖରୀରୁ ପୁଲିସ୍ ଆଜି ସନ୍ଦେହଜନକ ଅବସ୍ଥାରେ ଜଣେ ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର କରିଛି। ମୃତକ ହେଲେ, କଣ୍ଟିଆପଡ଼ା ଗ୍ରାମର ରୟା ବେହେରା(୫୪)। ସେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଜଣେ କର୍ମଚାରୀ। ରୟାଙ୍କୁ ପିଟିପିଟି ହତ୍ୟା କରାଯାଇଛି ବୋଲି ତାଙ୍କ ପୁଅ ମନୋରଞ୍ଜନ ଅଭିଯୋଗ କରିବାରୁ ପୁଲିସ୍ ଏକ ହତ୍ୟା ମାମଲା ରୁଜୁ କରି ୪ ଜଣଙ୍କୁ ଅଟକ ରଖିଛି। ଏହାସହ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଧିକ ତଦନ୍ତ ଚଳାଇଛି।

ସୂଚନାନୁଯାୟୀ, ରଜ ଛୁଟି ଅବସରରେ ରୟା ଗାଁକୁ ଆସିଥିଲେ। ଶନିବାର ରାତିରେ ସେ ପ୍ରଫୁଲ୍ଲ ମୁଣ୍ଡାଙ୍କ ଘରକୁ ଦେଶୀ ମହୁଲି ପିଇବାକୁ ଯାଇଥିଲେ। କିନ୍ତୁ ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ତେବେ ଆଜି ସକାଳେ ତାଙ୍କ ଶବ ପୋଖରୀରେ ଭାସୁଥିବା ଦେଖି କିଛି ସ୍ଥାନୀୟ ଲୋକ ପୁଲିସ୍‌କୁ ଖବର ଦେଇଥିଲେ। ଚମ୍ପୁଆ ଏସ୍‌ଡିପିଓ ରଶ୍ମିରଞ୍ଜନ ସାହୁ, ଥାନାଧିକାରୀ ଦୀପ୍ତିରଞ୍ଜନ ସାହୁ, ଏକ ପ୍ଲାଟୁନ ପୁଲିସ ଫୋର୍ସ ଉପସ୍ଥିତିରେ ଅଗ୍ନିଶମ ବାହିନୀ ମୃତଦେହକୁ ପୋଖରୀରୁ ଉଦ୍ଧାର କରିଥିଲେ। ଅପରପକ୍ଷେ, ରୟାଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ କରି ଗ୍ରାମବାସୀ ପ୍ରଫୁଲ୍ଲ ମୁଣ୍ଡା, ନନ୍ଦ ମୁଣ୍ଡା ଓ ସରେନ ମୁଣ୍ଡାଙ୍କ ପରିବାରଲୋକଙ୍କୁ ଘର ଭିତରେ ବନ୍ଦ କରି ରଖିଥିଲେ। ପୁଲିସ ପହଞ୍ଚି ସେମାନଙ୍କୁ ଉଦ୍ଧାର କରିବାରୁ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଏପରିକି ପୁଲିସ୍-ଗ୍ରାମବାସୀ ମୁହାଁମୁହିଁ ପରିସ୍ଥିତି ଉପୁଜିଥିଲା। ଗ୍ରାମବାସୀ ପୁଲିସ୍‌କୁ ଗୋଡ଼ାଇବା ସହ ଅଟକ ବ୍ୟକ୍ତିଙ୍କୁ ମାଡ଼ ମାରିଥିଲେ। ଏହି ଘଟଣାରେ ପୁଲିସ ୪ ଜଣଙ୍କୁ ଉଦ୍ଧାର କରି ଥାନାକୁ ଆଣି ଘଟଣା ତଦନ୍ତ କରୁଛି।

# ରଥଯାତ୍ରା ଭିଡ଼ ନିୟନ୍ତ୍ରଣ କରିବ ଏଆଇ କ୍ୟାମେରା

**■ ଭୁବନେଶ୍ୱର ଉତ୍ତରା ଛକରୁ ପୁରୀ ଯାଏଁ ଲାଗିବ**
**■ ଆପ୍ ମାଧ୍ୟମରେ ଭିଡ଼ ଦେଖିପାରିବେ ଭକ୍ତ**

ଭୁବନେଶ୍ୱର,୧୫।୬(ସମିସ): ଏଥର ରଥଯାତ୍ରାରେ ଲାଗିବ ଏଆଇ କ୍ୟାମେରା। ଭିଡ଼ ଏବଂ ସନ୍ଦିଗ୍ଧଙ୍କ ଉପରେ ନଜର ରଖିବ ଏଆଇ କ୍ୟାମେରା। ଭୁବନେଶ୍ୱର ଉତ୍ତରା ଛକରୁ ପୁରୀ ଏବଂ ପୁରୀରୁ କୋଣାର୍କ ଯାଏଁ ଖଞ୍ଜାଯିବ ଏଆଇ କ୍ୟାମେରା। ଇଣ୍ଟିଗ୍ରେଟେଡ୍ କମାଣ୍ଡ କଣ୍ଟ୍ରୋଲର୍ ବ୍ୟବସ୍ଥା ଜରିଆରେ ଭିଡ଼ ନିୟନ୍ତ୍ରଣ କରାଯିବ। ଏଥିସହିତ ସୁରକ୍ଷା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା ପାଇଁ ପୁରୀରେ ଡ୍ରୋନ୍ ଏବଂ ଆଣ୍ଟି ଡ୍ରୋନ୍ ବ୍ୟବସ୍ଥା କରାଯାଇଥିବା ପୁଲିସ ଡିଜିପି ଯୋଗେଶ ବାହାଦୁର ଖୁରାନିଆ ସୂଚନା ଦେଇଛନ୍ତି।

ରଥଯାତ୍ରା ସୁରକ୍ଷା ନେଇ ଶନିବାର ଅନୁଷ୍ଠିତ ବୈଠକର ନିଷ୍ପତ୍ତି ସଂପର୍କରେ ସୂଚନା ଦେଇ ଡିଜିପି ଶ୍ରୀ ଖୁରାନିଆ କହିଛନ୍ତି, ପୁରୀରୁ କୋଣାର୍କ ଯାଏଁ ସମସ୍ତ ଗତିବିଧି ଉପରେ ନଜର ରଖିବ ଇଓ କ୍ୟାମେରା। ଏହି ସମସ୍ତ ସ୍ଥାନ ସିସିଟିଭି ସର୍ଭେଲାନ୍ସରେ ରହିବ ଓ ଯେଉଁ ସ୍ଥାନରେ ଗହଳି ଅଧିକ ହେବ ବା ଭିଡ଼ ହେଉଥିବ ସେସବୁ ସ୍ଥାନର ଭିଡିଓ ଉତ୍ତୋଳନ କରିବ ଏଆଇ କ୍ୟାମେରା। ଏହାଦ୍ୱାରା ସେଠାରେ ମୁତୟନ ଥିବା ପୁଲିସଙ୍କୁ ଭିଡ଼ ନିୟନ୍ତ୍ରଣ ପାଇଁ ପଠାଯାଇ ପାରିବ। ଡ୍ରୋନ୍ ଏବଂ ଆଣ୍ଟି ଡ୍ରୋନ୍ ଦୁଇଟି ଯାକ ପୁରୀରେ ନିୟୋଜିତ କରାଯାଇଛି। ସମ୍ଭାବ୍ୟ ଆତଙ୍କବାଦୀ ଆକ୍ରମଣର ଜବାବ ଦେବାକୁ ସମସ୍ତ ପ୍ରସ୍ତୁତି କରାଯାଇଛି। ଓଡ଼ିଶା ପୁଲିସର ସ୍ୱତନ୍ତ୍ର ବୁଲେଟପ୍ରୁଫ୍ ରକ୍ଷକ ଏଥିରେ ସାମିଲ ହେବେ। ପୁରୀ ସହରରେ ପଇଁତରା ମାରିବାକୁ ରକ୍ଷକ ଓ ସେଣ୍ଟ୍ରାଲ ଏଜେନ୍ସି ଫୋର୍ସ ମୁତୟନ କରାଯାଇଛି।

ଏଥିସହିତ ରଥଯାତ୍ରା ପାଇଁ ସ୍ୱତନ୍ତ୍ର ଆପ୍ ପ୍ରସ୍ତୁତ କରାଯାଇଛି। ଯେଉଁଥିରେ ରଥଯାତ୍ରା ବେଳେ ପୁରୀକୁ ଯାଉଥିବା ସମସ୍ତ ଭକ୍ତ, ରାସ୍ତା ଉପରେ ଗତିବିଧି ସହ ଟ୍ରାଫିକ ସମସ୍ୟା ବାବଦରେ ଅବଗତ ହୋଇ ପାରିବେ। ଭିଡ଼ ଥିଲେ, ଶ୍ରଦ୍ଧାଳୁମାନେ କେମିତି ପୁରୀକୁ ଯିବେ ଏବଂ କେଉଁ ରାସ୍ତା ଦେଇ ଯିବାକୁ ପଡ଼ିବ ସେସବୁ ଏହି ଆପ୍ଲିକେସନରେ ପାଇ ପାରିବେ ଓ କେଉଁ ପାର୍କିଂରେ ଗାଡ଼ି ରଖିବେ ତାହା ମଧ୍ୟ ଜାଣି ପାରିବେ। ବୈଠକରେ ପୁଲିସ ବିଭାଗର ବରିଷ୍ଠ ପଦାଧିକାରୀମାନେ ଉପସ୍ଥିତ ଥିଲେ।

# ଆନ୍ଦୋଳନରେ ବନ କର୍ମଚାରୀ: ସାରା ରାଜ୍ୟରେ ପାଟ୍ରୋଲିଂ ବନ୍ଦ

ଭୁବନେଶ୍ୱର,୧୫।୬(ସମିସ): ସାରା ରାଜ୍ୟରେ ବନ କର୍ମଚାରୀଙ୍କ ଆନ୍ଦୋଳନ। ରାଜ୍ୟର ସମସ୍ତ ବନାଞ୍ଚଳରେ ଫରେଷ୍ଟଗାର୍ଡ, ଫରେଷ୍ଟର ଓ ଡେପୁଟି ରେଞ୍ଜରମାନେ ପ୍ରତୀକାତ୍ମକ ଅନଶନ ସ୍ୱରୂପ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳନ ଆରମ୍ଭ କରିଛନ୍ତି। ଫଳରେ ୧୫ତାରିଖଠାରୁ ସାରା ରାଜ୍ୟରେ ଜଙ୍ଗଲ ପାଟ୍ରୋଲିଂ ବନ୍ଦ ହୋଇଯାଇଛି। ଏହି ସମୟରେ ହାତୀ, ବାଘ ଓ ଅନ୍ୟ ବନ୍ୟଜନ୍ତୁମାନେ ଜନବସତିମୁହାଁ ହେଲେ ମଧ୍ୟ ବନ କର୍ମଚାରୀମାନେ ସେମାନଙ୍କୁ ଘଉଡ଼ାଇବା ପାଇଁ ଯିବେ ନାହିଁ ବୋଲି ଘୋଷଣା କରିଛନ୍ତି। ଫଳରେ ବନ ବିଭାଗର କ୍ଷେତ୍ର ସ୍ତରରେ ବର୍ତ୍ତମାନ ଅଚଳାବସ୍ଥା ସ୍ଥିତି ସୃଷ୍ଟି ହୋଇଛି। ବଡ଼ କଥା ହେଉଛି ଯେ ୨୨ ତାରିଖ ପର୍ଯ୍ୟନ୍ତ ଏପରି ଆନ୍ଦୋଳନ ଚାଲିବା ସହ ଯଦି ଏହି ସମୟ ମଧ୍ୟରେ ରାଜ୍ୟ ସରକାର ସେମାନଙ୍କ ଦାବି ପୂରଣ ନ କରନ୍ତି, ତେବେ ୨୨ରୁ ସମୂହ ଛୁଟିରେ ଯିବାକୁ ବନ କର୍ମଚାରୀମାନେ ନିଷ୍ପତ୍ତି ନେଇଛନ୍ତି।

ସୂଚନାଅନୁଯାୟୀ, ହିନ୍ଦୋଳ ରେଞ୍ଜ ରାଜମୋହନପୁର ଜଙ୍ଗଲରେ ପାଟ୍ରୋଲିଂ କରୁଥିବା ବେଳେ କାର୍ଯ୍ୟରତ ଫରେଷ୍ଟ ଗାର୍ଡ ପ୍ରହ୍ଲାଦ ପ୍ରଧାନଙ୍କୁ ଶିକାରୀମାନେ ଗୁଳି କରି ହତ୍ୟା କରିଥିଲେ। ଏହା ପୂର୍ବରୁ ମଧ୍ୟ ଶିକାରୀଙ୍କ ଗୁଳିରେ ବହୁ ବନକର୍ମଚାରୀ ପ୍ରାଣ ହରାଇଛନ୍ତି। ଏହାକୁ ନେଇ ଗତ ମେ' ୨୫ ତାରିଖରେ ଓଡ଼ିଶା ଅଣ-ଗେଜେଟେଡ୍ ବନସେବା ସଂଘର ଏକ ଜରୁରୀକାଳୀନ ବୈଠକ ବସିଥିଲା। ବୈଠକରେ ବନ କର୍ମଚାରୀଙ୍କ ହତ୍ୟା ଘଟଣାକୁ ଫାଷ୍ଟଟ୍ରାକ୍ କୋର୍ଟରେ ବିଚାର କରିବା ସହ ମୃତକଙ୍କ ପରିବାରକୁ ଏକ କୋଟି ଟଙ୍କା ପ୍ରଦାନ ନେଇ ବ୍ୟବସ୍ଥା କରିବାକୁ ଦାବି ହୋଇଥିଲା। ଏହା ସହ ରାଜ୍ୟ ସରକାର ଏକ "ଫରେଷ୍ଟ କମିଶନ' ଗଠନ କରି ଓଡ଼ିଶା ବନ ବିଭାଗରେ ସଂରଚନା-ପୁନର୍ଗଠନ, ସୁରକ୍ଷା ବ୍ୟବସ୍ଥା, କ୍ୟାଡର ପରିମାର୍ଜନ, ନିଯୁକ୍ତି ପ୍ରକ୍ରିୟା ଓ କର୍ମଚାରୀଙ୍କ ଦକ୍ଷତାବୃଦ୍ଧି ସମ୍ବନ୍ଧରେ ବିଚାର କରି, ସରକାରଙ୍କୁ ଦୁଇମାସ ମଧ୍ୟରେ ରିପୋର୍ଟ ପ୍ରଦାନ କରିବାକୁ ଦାବି କରାଯାଇଥିଲା। ଏହା ବ୍ୟତୀତ ସମସ୍ତ ବନ/କ୍ଷେତ୍ର ଅଧିକାରୀଙ୍କୁ ଜାତୀୟ ବ୍ୟାଙ୍କ ଜରିଆରେ ପୁଲିସ୍ ଭଳି 'ସାଲାରୀ ପ୍ୟାକେଜ୍ ବୀମା' ପ୍ରଦାନ କରିବାକୁ ଦାବି କରାଯାଇଥିଲା। ମାତ୍ର ସରକାର ଏଥିପ୍ରତି କୌଣସି ପଦକ୍ଷେପ ନ ନେବା ପରେ ସେମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି।

ଏହି ୩ ଦଫା ଦାବି ସମ୍ବନ୍ଧରେ ସରକାର ଜୁନ୍ ୮ ତାରିଖ ସୁଦ୍ଧା ଉପଯୁକ୍ତ ପଦକ୍ଷେପ ଗ୍ରହଣ ନ କଲେ ସାମୂହିକ ଆନ୍ଦୋଳନ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଥିଲା। ଏହି ଆଧାରରେ ପ୍ରଥମେ ଜୁନ୍ ୯ରେ ପ୍ରତ୍ୟେକ ସର୍କଲ ଜୋନ୍ ତରଫରୁ ହେଡ୍‌କ୍ୱାର୍ଟର, ଜିଲ୍ଲାପାଳଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ପରେ ଜୁନ୍ ୧୫-୨୧ ତାରିଖ ମଧ୍ୟରେ ଯଦି ସରକାର ଅବହେଳା କରନ୍ତି, ତେବେ ପ୍ରତୀକାତ୍ମକ ଅନଶନ ସ୍ୱରୂପ ସମସ୍ତ ସଭ୍ୟସଭ୍ୟା କଳାବ୍ୟାଜ୍ ପିନ୍ଧି ବିରୋଧ ପ୍ରଦର୍ଶନ କରିବେ ବୋଲି ନିଷ୍ପତ୍ତି ହୋଇଥିଲା। ଏହିକ୍ରମରେ ୧୫ ତାରିଖରୁ ବନ କର୍ମଚାରୀମାନେ କଳାବ୍ୟାଜ୍ ପିନ୍ଧି ଆନ୍ଦୋଳକୁ ଓହ୍ଲାଇଛନ୍ତି। ଦାବି ପୂରଣ ନ ହେଲେ ଜୁନ୍ ୨୨ ଠାରୁ ଦାବି ପୂରଣ ହେବା ପର୍ଯ୍ୟନ୍ତ ସଭ୍ୟ/ ସଭ୍ୟାମାନେ ସାମୂହିକ ଛୁଟିରେ ରହି ସର୍କଲ ଅଫିସ ସାମ୍ନାରେ ୟୁନିଫର୍ମ ପିନ୍ଧି ଧାରଣା ପ୍ରଦର୍ଶନ କରିବେ ବୋଲି ସଂଘ ଚେତାବନୀ ଦେଇଛି।

## ତଣ୍ଟି ଚିପି ହତ୍ୟା; ୨ଗିରଫ

ଖପ୍ରାଖୋଲ,୧୫।୬(ସମିସ): ମୋବାଇଲ୍ ଚୋରିକୁ କେନ୍ଦ୍ର କରି ଯୁବକକୁ ତଣ୍ଟି ଚିପି ହତ୍ୟା। ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ଖପ୍ରାଖୋଲ ଥାନା ଦେଦର୍ହଗ୍ରାମରେ ଏହି ଆପରାଧିକ ଘଟଣା ଘଟିଛି। ମୃତକ ହେଲେ, ଗ୍ରାମର ଅଜୟ ପ୍ରଧାନ ଓରଫ୍ ଅଜୁ। ଖପ୍ରାଖୋଲ ପୁଲିସ୍ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ୍ ୨ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, ଗ୍ରାମର କରାଦୁ ମାଝୀ(୪୫) ଓ ଧରମୁ ମାଝୀ (୪୦)। ସୂଚନାନୁଯାୟୀ, ଶନିବାର ସଂଧ୍ୟାରେ ଅଜୁ ଗାଁ ନିକଟରେ ଥିବା ଏକ ଦେଶୀ ମଦ ଦୋକାନକୁ ଯାଇଥିଲେ। ସେଠାରେ କରାଦୁ ଏବଂ ଧରମୁ ବସି ମଦ ପିଉଥିଲେ। ଅଜୁ ସେମାନଙ୍କ ପାଖରୁ ଗୋଟିଏ ମୋବାଇଲ୍ ଚୋରି କରି ଫେରାର୍ ହୋଇଯାଇଥିଲେ। ଏହା ଦେଖି କରାଦୁ ଓ ଧରମୁ ପିଛା କରି ତାଙ୍କୁ ପୋଖରୀ କୂଳ ଉପରେ ଧରି ପକାଇଥିଲେ। ସେଠାରେ ସେମାନେ ଅଜୟଙ୍କ ତଣ୍ଟି ଚିପି ହତ୍ୟା କରିବା ପରେ ପୋଖରୀକୁ ଠେଲି ଦେଇଥିଲେ।

## ନୂଆପଡ଼ାର ୨ ବୃହତ୍ ଉଠାଜଳସେଚନ ପ୍ରକଳ୍ପକୁ ଅନୁମୋଦନ

ଭୁବନେଶ୍ୱର,୧୫।୬(ସମିସ): ନୂଆପଡ଼ା ଜିଲ୍ଲାରେ ୨ଟି ବୃହତ୍ ଉଠାଜଳସେଚନ ପ୍ରକଳ୍ପକୁ ଜଳସମ୍ପଦ ବିଭାଗ ପକ୍ଷରୁ ଅନୁମୋଦନ ମିଳିଛି। ଜିଲ୍ଲାର ଚାନ୍ଦପୋଲା-୧ ଏବଂ ଚାନ୍ଦପୋଲା-୨ ପ୍ରକଳ୍ପକୁ ବିଭାଗ ପକ୍ଷରୁ ପ୍ରଶାସନିକ ଅନୁମୋଦନ ମିଳିଥିବା ଜଣାପଡ଼ିଛି। ପ୍ରକଳ୍ପ ଦ୍ୱୟକୁ କାର୍ଯ୍ୟନ୍ୱୟନ କରିବା ପାଇଁ ଖୁବଶୀଘ୍ର ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରାଯିବ। ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ ଏହି ପ୍ରକଳ୍ପ ଦ୍ୱୟ ନିର୍ମାଣ ପାଇଁ ମୋଟ ୧୪୭ କୋଟି ୫୯ ଲକ୍ଷ ଟଙ୍କା ଖର୍ଚ୍ଚ ହେବ। ଏହାଦ୍ୱାରା ଜିଲ୍ଲାର ମୋଟ ୩୧୮୦ ହେକ୍ଟର ଚାଷଜମିରେ ଜଳସେଚନ ସୁବିଧା ଉପଲବ୍ଧ ହେବ।

# ପୋଲ୍ ଭଲ୍ଟରେ ଡୁପ୍ଲାଣ୍ଟିସଙ୍କ ଦ୍ୱାଦଶ ବିଶ୍ୱରେକର୍ଡ



ଷ୍ଟକହୋଲମ,୧୫।୬(ଏଜେନ୍ସି): ସ୍ୱିଡେନର ଆର୍ମଣ୍ଡ ଡୁପ୍ଲାଣ୍ଟିସ ପୋଲ୍ ଭଲ୍ଟରେ ପୁଣିଥରେ ନୂଆ ବିଶ୍ୱରେକର୍ଡ ପ୍ରତିଷ୍ଠା କରିଛନ୍ତି। ଘରୋଇ ମାଟିରେ ରବିବାର ଅନୁଷ୍ଠିତ ଷ୍ଟକହୋଲମ୍ ଡାଏମଣ୍ଡ ଲିଗ୍‌ରେ ୨୫ ବର୍ଷୀୟ ଅର୍ମାଣ୍ଡ ୬.୨୮ ମିଟର ଉଚ୍ଚକୁ ଡେଇଁଥିଲେ। ଯାହାକି ପୁରୁଷ ପୋଲ୍ ଭଲ୍ଟରେ ନୂଆ ବିଶ୍ୱରେକର୍ଡ ହୋଇଛି। ଆମେରିକା ଜନ୍ମିତ ଡବଲ୍ ଅଲିମ୍ପିକ ଚାମ୍ପିଅନ ଡୁପ୍ଲାଣ୍ଟିସ ଏଥିସହ ୧୨ଥର ଲାଗି ନିଜ ନାମରେ ବିଶ୍ୱରେକର୍ଡ ପ୍ରତିଷ୍ଠା କରିଛନ୍ତି। ଫେବୃଆରୀ ୨୮ ରେ ଫ୍ରାନ୍ସରେ ଅନୁଷ୍ଠିତ ଏକ ଇଭେଣ୍ଟରେ ସେ ୬.୨୭ ମିଟର ଡେଇଁ ନୂଆ ରେକର୍ଡର ଅଧିକାରୀ ରହିଥିଲେ। ୨୦୨୦ ମସିହାରେ ଡୁପ୍ଲାଣ୍ଟିସ ପ୍ରଥମଥର ଲାଗି ବିଶ୍ୱରେକର୍ଡ ନିଜ ନାମରେ ଲିପିବଦ୍ଧ କରିଥିଲେ। ସେତେବେଳେ ସେ ୬.୧୭ ମିଟର ଉଚ୍ଚକୁ ଡେଇଁଥିଲେ। ଏହାପରେ ସେ ୬.୧୮, ୬.୧୯, ୬.୨୦, ୬.୨୧, ୬.୨୨, ୬.୨୩, ୬.୨୪, ୬.୨୫, ୬.୨୭ ଓ ୬.୨୮ ମିଟର ଡେଇଁ ପର୍ଯ୍ୟାୟକ୍ରମେ ନିଜ ରେକର୍ଡକୁ ଭାଙ୍ଗିଛନ୍ତି।

## ସ୍ୱାମୀର ଗୋଇଠା ମାଡ଼ରେ ଗର୍ଭବତୀ ସ୍ତ୍ରୀ ମୃତ

ଭଦ୍ରକ, ୧୫।୬(ସମିସ): ଜଣେ ୪ମାସର ଅନ୍ତଃସତ୍ତ୍ୱା ମହିଳାଙ୍କୁ ତାଙ୍କ ସ୍ୱାମୀ ଗୋଇଠା ମାରି ହତ୍ୟା କରିବା ଭଳି ସଙ୍ଗୀନ ଅଭିଯୋଗ ହୋଇଛି। ଏଭଳି ଅଭାବନୀୟ ଘଟଣା ଘଟିଛି ଭଦ୍ରକ ଜିଲ୍ଲା ତିହିଡ଼ି ଥାନା ଅଧୀନ ତାଳପଦା ଗାଁରେ। ଗତ ଶନିବାର ରାତିରେ ତାଳପଦା ଗାଁର ପଞ୍ଚାନନ ଜେନାଙ୍କ ବିବାହିତ ଝିଅ ମୋନାଲିସା ଜେନା(୨୬)ଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ତିହିଡ଼ି ପୁଲିସ ମହିଳାଙ୍କ ସ୍ୱାମୀ ଶଙ୍କର୍ଷଣ ଜେନାକୁ ରବିବାର ଗିରଫ କରିଛି। ଅଭିଯୋଗ ଅନୁଯାୟୀ, ତାଳପଦା ଗାଁର ମୋନାଲିସା ଶଙ୍କର୍ଷଣଙ୍କୁ ପ୍ରେମବିବାହ କରିଥିଲେ। କିନ୍ତୁ ବିବାହ ପରେ ମୋନାଲିସାଙ୍କୁ ଶ୍ୱଶୁରଘର ଲୋକେ ନିର୍ଯାତନା ଦେଇ ଆସୁଥିଲେ। ଗତ ରାତିରେ ଦମ୍ପତିଙ୍କ ମଧ୍ୟରେ ଝଗଡ଼ା ହେବାରୁ ମୋନାଲିସାଙ୍କ ପେଟକୁ ଶଙ୍କର୍ଷଣ ଗୋଇଠା ମାରିଥିଲେ। ଏଥିରେ ତାଙ୍କର ମୃତ୍ୟୁ ହୋଇଥିଲା।

## ବିସ୍ଫୋରକ ଲୁଟ୍ ଘଟଣା: ମାଓବାଦୀଙ୍କ ମୁଖ୍ୟ ସହଯୋଗୀ ଗିରଫ

ରାଉରକେଲା, ୧୫।୬(ସମିସ): କେ. ବଲାଙ୍ଗ ଥାନା ଅନ୍ତର୍ଗତ ବଙ୍କୋ ପଥର ଖଣିରୁ ଚାଲାଣ ହେଉଥିବା ୫ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ୍ ଘଟଣାରେ ମାଓବାଦୀଙ୍କ ମୁଖ୍ୟ ସହଯୋଗୀଙ୍କୁ ରାଉରକେଲା ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତ ହେଲେ, ବଙ୍କୋ ଗ୍ରାମର ଜର୍ଜ ମୁଣ୍ଡା ଓରଫ କୁଲୁ (୪୩)। ସେ ମାଓବାଦୀଙ୍କୁ ଆଗୁଆ ସୂଚନା ଦେଇ ସହଯୋଗ କରୁଥିଲେ ବୋଲି ରବିବାର ଏକ ସାମ୍ବାଦିକ ସମ୍ମିଳନୀରେ ପଶ୍ଚିମାଞ୍ଚଳ ପୁଲିସ ଡିଆଇଜି ବ୍ରିଜେଶ କୁମାର ରାଏ ଏବଂ ଏସ୍‌ପି ନିତେଶ ୱାଧୱାନୀ ସୂଚନା ଦେଇଛନ୍ତି।

ଡିଆଇଜି ଶ୍ରୀ ରାଏ କହିଛନ୍ତି, ଗତ ମେ' ୨୭ରେ ବାଙ୍କୋ ପଥରକ୍ୱାରୀ ନିକଟରୁ ୫ ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ୍ ହେବାରେ କେ. ବଲାଙ୍ଗ ଥାନାରେ ଏନେଇ ଏକ ମାମଲା ରୁଜୁ ହୋଇ ତଦନ୍ତ ଆରମ୍ଭ ହୋଇଥିଲା। ଓଡ଼ିଶା ଏବଂ ଝାଡ଼ଖଣ୍ଡ ପୁଲିସ ପକ୍ଷରୁ ଏନେଇ ବ୍ୟାପକ ତନାଘନା ଆରମ୍ଭ ହୋଇଥିଲା। ଅତିରିକ୍ତ ଏସ୍‌ପିଙ୍କ ନେତୃତ୍ୱରେ ଏକ ଏସ୍‌ଆଇଟି ଗଠନ କରାଯାଇ ଏସ୍‌ଡିପିଓ କେ. ବଲାଙ୍ଗ ଥାନା ଅଧିକାରୀ ତଦନ୍ତ କରିଥିଲେ। ଏସପି ନିତେଶ ୱାଧୱାନୀ ପୂରା ଘଟଣାର ମନିଟରିଂ କରିଥିଲେ। ସେ ଆହୁରି କହିଛନ୍ତି ଯେ ଗିରଫ ଜର୍ଜ ମୁଣ୍ଡା ଦୀର୍ଘ ଦିନ ଧରି ବାଙ୍କୋଠାରେ ଥିବା ବାଙ୍କୋ ଷ୍ଟୋନ୍ କ୍ୱାରୀକୁ ବିରୋଧ କରିଆସୁଥିଲା। ଏଥିସହ ସ୍ଥାନୀୟ ମାଓବାଦୀ ସଂଗଠନ ସହ ମଧ୍ୟ ତାର ସମ୍ପର୍କରେ ଥିଲା। ଯାହାକୁ ଆଧାର କରି ବିସ୍ଫୋରକ ସାମଗ୍ରୀ ଲୁଟ ଘଟଣାରେ ସେ ମାଓବାଦୀଙ୍କୁ ସହାୟତା କରିଥିଲା ବୋଲି ଡିଆଇଜି ଶ୍ରୀ ରାଏ କହିଛନ୍ତି।

# ଅବଶିଷ୍ଟାଂଶ

## ବାଡ଼ିବୁଡ଼ୀ ନେଲାଣି...

ମସିହାରେ ରାଜ୍ୟରେ ୩ଜଣ କଲେରାରେ ଆକ୍ରାନ୍ତ ବାହାରିଥିଲେ। ଏବେ ଦୀର୍ଘ ୭ ବର୍ଷ ପରେ ଯାଜପୁର ଜିଲ୍ଲାରେ କଲେରା ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି। ଯାହା ସରକାରଙ୍କ ପାରିବାପଣିଆ ଉପରେ ବିରାଟ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ରାଜ୍ୟରେ ବଡ଼ ଧରଣର ଡାଇରିଆ ପଛରେ ଭିବ୍ରିଓ କଲେରା ବ୍ୟାକ୍ଟେରିଆ ରହିଛି ବୋଲି ବିଶେଷଜ୍ଞ କହୁଛନ୍ତି। ଦୀର୍ଘବର୍ଷ ପୂର୍ବରୁ ରାୟଗଡାର କାଶୀପୁର, ରାଉରକେଲାରେ ଏହା ଭୟଙ୍କର ପରିସ୍ଥିତି ସୃଷ୍ଟି କରିଥିଲା। ଏବେ ଯାଜପୁରରେ ସେହି ଘଟଣାର ପୁନରାବୃତ୍ତି ହୋଇଥିବା କୁହାଯାଉଛି।

ରାଜ୍ୟ ସରକାରଙ୍କ ପକ୍ଷରୁ ଜଳର ରାସାୟନିକ ପରୀକ୍ଷା କରିବା ପାଇଁ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ଟେଷ୍ଟ୍ କିଟ୍ ପ୍ରଦାନ କରାଯାଉଛି। ସେହିଭଳି ବୃହତ ପାନୀୟ ଜଳ ପ୍ରକଳ୍ପ ଗୁଡ଼ିକରେ ମଧ୍ୟ ଜଳ ବିଶୋଧନାଗାରରେ ମାନ ନିର୍ଦ୍ଧାରଣ ପାଇଁ ବ୍ୟବସ୍ଥା ରହିଛି। ଜଳର ଗୁଣବତ୍ତା ଯାଞ୍ଚ ପାଇଁ ପ୍ରତ୍ୟେକ ଜିଲ୍ଲାରେ ଗୋଟିଏ ଲେଖାଏଁ ପରୀକ୍ଷାଗାର ରହିଛି। ସେହିପରି ଉପଖଣ୍ଡସ୍ତରରେ ମଧ୍ୟ ୪୭ଟି ସରକାରୀ ପରୀକ୍ଷାଗାର ରହିଛି। ପ୍ରତ୍ୟେକ ପରୀକ୍ଷାଗାରରେ ବର୍ଷକୁ ହଜାର ହଜାର ସଂଖ୍ୟାରେ ଜଳର ନମୁନା ପରୀକ୍ଷା କରାଯାଉଛି। ଜଳର ରାସାୟନିକ ପରୀକ୍ଷା ସହିତ ଜୀବାଣୁ ଜନିତ ପରୀକ୍ଷା କରାଯାଇ ଆବଶ୍ୟକ ପ୍ରତିଷେଧକ ନିଆଯାଉଛି। ତେବେ ଏତେ ସବୁ ବ୍ୟବସ୍ଥା ସତ୍ତ୍ୱେ ପୁଣି ଡାଇରିଆ ବ୍ୟାପିବା ସରକାରୀ କଳର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସରକାର ବଦଳିବା ପରେ ରାଜ୍ୟରେ ପ୍ରଶାସନିକ ବ୍ୟବସ୍ଥା ଢିଲା ହୋଇ ଯାଇଥିବା ଓ ସ୍ୱାସ୍ଥ୍ୟ ବିଭାଗ ଗଭୀର ନିଦ୍ରାରେ ଶୋଇଥିବା ଅଭିଯୋଗ ହୋଇଛି।

ଏ ସମ୍ପର୍କରେ ଡାକ୍ତର ରମେଶ ଚନ୍ଦ୍ର ହୋତା କହିଛନ୍ତି, ଡାଇରିଆ ଏକ ଋତୁଭିତ୍ତିକ ରୋଗ(ସିଜିନାଲ୍ ଡିଜିଜ୍) ନୁହେଁ। ଏହା ଯେକୌଣସି ସମୟରେ ବି ହୋଇପାରେ। ଏହା ବିଶେଷକରି ଦୂଷିତ ପାଣି କିମ୍ବା ଖାଦ୍ୟ ଯୋଗୁଁ ବ୍ୟାପିଥାଏ। ପାଣିରେ ଦୀର୍ଘଦିନ ପର୍ଯ୍ୟନ୍ତ ଭିବ୍ରିଓ କଲେରା ରହିପାରେ। ତେଣୁ ସ୍ୱଚ୍ଛ ପାନୀୟ ଜଳ ଓ ପରିମଳ ପ୍ରତି ବିଶେଷ ଦୃଷ୍ଟି ଦେଲେ ଏହାକୁ ପ୍ରତିହତ କରିହେବ। ସେହିଭଳି ପାଣି ପରୀକ୍ଷା କରିବାର ମଧ୍ୟ କିଛି ନିର୍ଦ୍ଦିଷ୍ଟ ସମୟ ବ୍ୟବଧାନ ନାହିଁ। ଦୂଷିତ ପାଣି ସନ୍ଦେହ ଉପୁଜିଲେ, ତୁରନ୍ତ ଏହାର ପରୀକ୍ଷା କରାଇବା ଆବଶ୍ୟକ ବୋଲି ସେ କହିଛନ୍ତି।

## ଘମାଘୋଟ ଲଢ଼େଇ...

ଗତରାତିରେ ଇରାନର ପ୍ରତିରକ୍ଷା ବିଭାଗ ମୁଖ୍ୟାଳୟ ଉପରେ ମଧ୍ୟ ଇସ୍ରାଏଲ ଆକ୍ରମଣ କରିଥିବା ଖବର ମିଳିଛି। ଇସ୍ରାଏଲ ପକ୍ଷରୁ କୁହାଯାଇଛି ଯେ ଗତ ତିନି ଦିନ ମଧ୍ୟରେ ଇରାନର ୭୨ରୁ ଅଧିକ ସାମରିକ ଭିତ୍ତିଭୂମି ସହିତ ୧୭୦ଟି ସ୍ଥାନରେ କ୍ଷେପଣାସ୍ତ୍ର ଏବଂ ବୋମାମାଡ଼ କରାଯାଇଛି। ଏହି ଅଭିଯାନରେ ୨୦ରୁ ଅଧିକ ଲଢ଼ୁଆ ବିମାନ ସାମିଲ ହୋଇଥିଲେ। ଗତକାଲି ଇସ୍ରାଏଲ ଆକ୍ରମଣରେ ତେହରାନରେ ଏକ ଆବାସିକ କୋଠା ଭୁଶୁଡ଼ିବା ଯୋଗୁଁ ୨୯ ଶିଶୁଙ୍କ ସମେତ ୬୦ ଜଣ ବ୍ୟକ୍ତି ପ୍ରାଣ ହରାଇଥିଲେ।

ଇସ୍ରାଏଲରୁ ମିଳିଥିବା ସୂଚନା ଅନୁଯାୟୀ ଇରାନ ଆକ୍ରମଣରେ ୧୩ ଜଣ ପ୍ରାଣ ହରାଇଥିବା ବେଳେ ୨୦୦ରୁ ଅଧିକ ଆହତ ହୋଇଛନ୍ତି। ଗତ ରାତିସାରା ଇରାନ କ୍ଷେପଣାସ୍ତ୍ର ଆକ୍ରମଣ ଜାରି ରଖିଥିବା ବେଳେ ଏଥିରେ ୧୦ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି। ଇସ୍ରାଏଲର ଆବାସିକ କୋଠାକୁ ଟାର୍ଗେଟ କରି ଇରାନ ଆକ୍ରମଣ ଚଳାଇଥିବା କୁହାଯାଉଛି। ଏଥିରେ ଅନେକ କୋଠା ଭୁଶୁଡ଼ି ପଡ଼ିଥିବା କୁହାଯାଉଛି। ଗତକାଲି ଇସ୍ରାଏଲର ସେନା ମୁଖ୍ୟାଳୟ ଉପରେ ମଧ୍ୟ ଇରାନ କ୍ଷେପଣାସ୍ତ୍ର ମାଡ଼ କରିଥିଲା। ଇରାନର ଏଭଳି ଆକ୍ରମଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରି ଇସ୍ରାଏଲ ପ୍ରଧାନମନ୍ତ୍ରୀ ନେତନ୍ୟାହୁ ଚେତାବନୀ ଦେଇଛନ୍ତି ଯେ ଇରାନରେ ଆୟୋତୋଲ୍ଲା ପ୍ରଶାସନର ସବୁ ଟାର୍ଗେଟ ଉପରେ ଆକ୍ରମଣ କରାଯିବ।

ଅନ୍ୟପକ୍ଷରେ ଇରାନ ବୈଦେଶିକ ମନ୍ତ୍ରୀ ଅବ୍ବାସ ଅରାକଚି କହିଛନ୍ତି ଯେ ଇରାନ ଓ ଆମେରିକା ମଧ୍ୟରେ ପରମାଣୁ କଥାବାର୍ତ୍ତା ଚାଲିଥିଲା ଏବଂ ଚୁକ୍ତି ପାଇଁ ପଥ ପ୍ରସ୍ତୁତ ହେଉଥିବା ବେଳେ ଇରାନର ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରି ଇସ୍ରାଏଲ ଭୟଙ୍କର ଭୁଲ କରିଛି। କଥାବାର୍ତ୍ତାକୁ ଭଣ୍ଡୁର କରିବା ସହିତ ମଧ୍ୟପ୍ରାଚ୍ୟରେ ଯୁଦ୍ଧର ବାତାବରଣ ସୃଷ୍ଟି କରିବାକୁ ଇସ୍ରାଏଲ ଚକ୍ରାନ୍ତ ଚଳାଇଛି। ସେ କହିଲେ ଯେ ତୈଳ ବିଶୋଧନାଗାର ଉପରେ ଆକ୍ରମଣ କରି ଇସ୍ରାଏଲ ଯେଉଁ ଭୁଲ କରିଛି ତାର ପରିଣାମ ଭୋଗିବାକୁ ଇସ୍ରାଏଲ ପ୍ରସ୍ତୁତ ରହୁ। ଇତିମଧ୍ୟରେ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ କହିଛନ୍ତି ଯେ ସେ ଚାହିଁଲେ ଯୁଦ୍ଧ କିଛି କ୍ଷଣ ମଧ୍ୟରେ ଶେଷ ହୋଇଯିବ। ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧର ଉଦାହରଣ ଦେଇ ସେ କହିଲେ ଯେ ତାଙ୍କ ଯୋଗୁଁ ଦୁଇ ଦେଶ ଅସ୍ତ୍ରବିରତି କରିଥିଲେ। ଇରାନ ଓ ଇସ୍ରାଏଲ ମଧ୍ୟରେ ମଧ୍ୟ ଯୁଦ୍ଧବିରତି ହୋଇଯିବ। ଏଥିପାଇଁ ବିଭିନ୍ନ ସ୍ତରରେ କଥାବାର୍ତ୍ତା ଚାଲିଥିବା ସେ କହିଛନ୍ତି।

## ବଜ୍ରପାତ ନେଲା...

ଜଗନ୍ନାଥଙ୍କୁ ବାଙ୍ଗରିପୋଷି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବାରିପଦା ସ୍ଥାନାନ୍ତର କରାଯାଇଛି। ସେହିପରି ଗ୍ରାମର ମାଇଦି ସୋରେନ (୨୬) ଓ ରାମଚନ୍ଦ୍ର ସୋରେନ (୭) ମଧ୍ୟ ବଜ୍ରପାତରେ ଆହତ ହୋଇଛନ୍ତି। ଦୁହିଁଙ୍କୁ ବାଙ୍ଗରିପୋଷି ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି।

କେନ୍ଦୁଝର ଜିଲ୍ଲା ବାଉଁଶୁଳି ଗ୍ରାମର ଦିଲେଶ୍ୱର ନାଏକଙ୍କ ପତ୍ନୀ ଶୈଳେନ୍ଦ୍ରୀ ଆଜି ଅପରାହ୍ଣରେ ବାଡ଼ିପଟକୁ ଯାଇଥିବା ବେଳେ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ସେ ଟଳି ପଡ଼ିଥିଲେ। ସେହିପରି ପାଇକମାଳ ବ୍ଲକ୍, ବାରଫାଳିଆରେ ଆଜି ଅପରାହ୍ଣରେ ହଠାତ୍ ବର୍ଷା ହେବାରୁ ବଳଦେବ, ଧନସିଂ ଛତ୍ରିଆ (୩୦) ଓ ବୈକୁଣ୍ଠ ଛତ୍ରିଆ (୩୦) ଏକ ବରଗଛ ମୂଳେ ଆଶ୍ରୟ ନେଇଥିଲେ। ସେହି ସମୟରେ ଗଛ ଉପରେ ଏକ ବଜ୍ରପାତ ହେବାରୁ ବଳଦେବଙ୍କ ମୃତ୍ୟୁ ହୋଇଯାଇଥିଲା।

ଅନ୍ୟ ଏକ ଘଟଣାକ୍ରମେ, ମହାକାଳପଡ଼ା ବ୍ଲକ୍ ଚୌମୁହାଣି ଫେରିଘାଟରେ ଆଜି ମଧ୍ୟାହ୍ନରେ ବଜ୍ରପାତ ହେବାରୁ ପ୍ରଶାନ୍ତଙ୍କ ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ୨ଜଣ ଗୁରୁତର ଆହତ ହୋଇଛନ୍ତି। ଆହତଦ୍ୱୟ ହେଲେ, ତେନ୍ତୁଳିକନ୍ଧା ଗ୍ରାମର ବାବାଜୀ ରାଉତ ଓ ମଙ୍ଗଳପୁର ପଞ୍ଚାୟତର ଦୁଷ୍ମନ୍ତ ରାଉତ। ସବୁଦିନ ଭଳି ଆଜି ମଧ୍ୟାହ୍ନରେ ପାରାଦୀପରୁ କାମ ସାରି ମହାକାଳପଡ଼ା ଅଞ୍ଚଳର ୩୦ଜଣ ଶ୍ରମିକ ଚୌମୁହାଣି ଫେରିଘାଟରେ ଡଙ୍ଗାରେ ନଦୀ ପାର୍ ହେଉଥିଲେ। ମଧ୍ୟାହ୍ନରେ ଡଙ୍ଗା ନଦୀ ଅତିକ୍ରମ କରି କୂଳଠାରୁ ମାତ୍ର ୩୦ଫୁଟ୍ ଦୂରରେ ଥିବା ବେଳେ ବ୍ରଜପାତ ହୋଇଥିଲା। ଏଥିରେ ପ୍ରଶାନ୍ତ, ବାବାଜୀ ଓ ଦୁଷ୍ମନ୍ତ ଆହତ ହୋଇଥିଲେ। ଡଙ୍ଗା କୂଳରେ ପହଞ୍ଚିବା ପରେ ସେମାନଙ୍କୁ ମହାକାଳପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ପ୍ରଶାନ୍ତଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

## ୬ ପଦ ପାଇଁ...

ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ମୋହନ ସରକାରଙ୍କ ନୂଆ ମନ୍ତ୍ରିପରିଷଦର ନକ୍ସା ସମ୍ପୂର୍ଣ୍ଣ ପ୍ରସ୍ତୁତ ହୋଇସାରିଛି। କେଉଁ ମନ୍ତ୍ରୀ ସରକାରରୁ ବାଦ ପଡ଼ିବେ, କାହାର ବିଭାଗ ପରିବର୍ତ୍ତନ ହେବ ସେ ସମ୍ପର୍କରେ ଆପାତତଃ ନିଷ୍ପତ୍ତି ହୋଇସାରିଛି। ତେବେ ସରକାରଙ୍କ ବର୍ଷ ପୂର୍ତ୍ତି ଉତ୍ସବ ଓ ପ୍ରଧାନମନ୍ତ୍ରୀଙ୍କ ଗସ୍ତ ଦୃଷ୍ଟିରୁ ଏ ସମ୍ପର୍କରେ ସମ୍ପୂର୍ଣ୍ଣ ଗୋପନୀୟତା ଅବଲମ୍ବନ କରାଯାଉଛି। ଅନ୍ୟପକ୍ଷରେ ମନ୍ତ୍ରିପରିଷଦରେ ଖାଲି ପଡ଼ିଥିବା ୬ ପଦ ପାଇଁ ବିଭିନ୍ନ ଗୋଷ୍ଠୀର ୬୦ ନେତା ଆଶାୟୀ ଥିବାରୁ ଏ କ୍ଷେତ୍ରରେ ମୁଖ୍ୟମନ୍ତ୍ରୀଙ୍କ ନିଷ୍ପତ୍ତି ଚୂଡ଼ାନ୍ତ ହେବ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ପ୍ରଥମ ବର୍ଷ ପୂର୍ତ୍ତି ଅବସରରେ ଅନେକ ବିଭାଗର ରିପୋର୍ଟ କାର୍ଡ ମୁଖ୍ୟମନ୍ତ୍ରୀଙ୍କୁ ସନ୍ତୁଷ୍ଟ କରିପାରିନାହିଁ। ଅଭିଜ୍ଞତାର ଅଭାବ, ଜଣେ ଜଣେ ମନ୍ତ୍ରୀଙ୍କ ଉପରେ ଏକାଧିକ ବିଭାଗର ଦାୟିତ୍ୱ ସେମାନଙ୍କ ପ୍ରଦର୍ଶନ ଉପରେ ନକରାତ୍ମକ ପ୍ରଭାବ ପକାଇଛି। ଏହି ଆଧାରରେ ଆଗାମୀ ସମ୍ପ୍ରସାରଣ ସମୟରେ ୨ରୁ ୩ ଜଣ ମନ୍ତ୍ରୀ ବାଦ୍ ପଡ଼ିବାର ସମ୍ଭାବନା ରହିଛି ଓ ଅନେକ ମନ୍ତ୍ରୀଙ୍କର ବିଭାଗ ପରିବର୍ତ୍ତନ ହେବା ଏକପ୍ରକାର ନିଶ୍ଚିତ ବୋଲି କୁହାଯାଉଛି। ସେହିପରି ବଳକା ୬ଟି ମନ୍ତ୍ରୀ ପଦ ପାଇଁ ଆଶାୟୀ ନିଜ ନିଜସ୍ତରରେ ଲବି ଜାରି ରଖିଥିବା ବେଳେ ସବୁ ବିଧାୟକ ମନ୍ତ୍ରୀ ପଦ ପାଇଁ ଆଶାୟୀ ଅଛନ୍ତି। ପ୍ରଥମଥର ନିର୍ବାଚିତ ହୋଇଥିବା ଅନେକ ବିଧାୟକଙ୍କୁ ସରକାରରେ ମନ୍ତ୍ରୀ ପଦ ମିଳିଥିବାରୁ ସେମାନେ ମଧ୍ୟ ନିଜକୁ ଏଥିପାଇଁ ଯୋଗ୍ୟ ମନେ କରୁଛନ୍ତି। ତେବେ ଦଳର ବିଭିନ୍ନ ଗୋଷ୍ଠୀ ଓ ବଡ଼ ନେତାଙ୍କ ଅନୁଗତ କୁହାଯାଉଥିବା ପାଖାପାଖି ୨୦ରୁ ଊର୍ଦ୍ଧ୍ୱ ବିଧାୟକ ମନ୍ତ୍ରୀ ପଦ ପାଇବାକୁ ଆଶା ବାନ୍ଧି ବସିଛନ୍ତି। ସେହିପରି ନିଜ ନିଜ ଅନୁଗତଙ୍କ ପାଇଁ ରାଜ୍ୟ ବିଜେପିର କିଛି ଛାମୁଆ ନେତା ଉଭୟ ଓଡ଼ିଶା ଏବଂ ଦିଲ୍ଲୀସ୍ତରରେ ଲବି ଜାରି ରଖିଛନ୍ତି। ତେବେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣରେ ସର୍ବାଧିକ ଭୂମିକା ମୁଖ୍ୟମନ୍ତ୍ରୀଙ୍କର ହେବା ନେଇ ଦିଲ୍ଲୀ ନେତୃତ୍ୱ ସଙ୍କେତ ଦେଇଥିବା ବେଳେ ଏଥିଯୋଗୁଁ ଆଶାୟୀଙ୍କ ହୃଦସ୍ପନ୍ଦନ ବଢ଼ିଯାଇଛି। ସମ୍ପ୍ରସାରଣ ବେଳେ ଜିଲ୍ଲାୱାରୀ ସମୀକରଣ, ଦଳୀୟ ଆନୁଗତ୍ୟକୁ ମୁଖ୍ୟମନ୍ତ୍ରୀ ସର୍ବାଧିକ ଗୁରୁତ୍ୱ ଦେଇଥିବା ବେଳେ ଏଥିଯୋଗୁଁ ଅନେକ ଟାଣୁଆ ନେତାଙ୍କୁ ଆଗାମୀ ସମ୍ପ୍ରସାରଣରେ ନିରାଶ ହେବାକୁ ପଡ଼ିପାରେ ବୋଲି କୁହାଯାଉଛି। ସେହିପରି ମନ୍ତ୍ରିମଣ୍ଡଳରେ ମହିଳା ଭାଗିଦାରୀ ବୃଦ୍ଧି କରିବାକୁ ମୁଖ୍ୟମନ୍ତ୍ରୀ ଏକପ୍ରକାର ନିଷ୍ପତ୍ତି ନେଇଥିବା ବେଳେ ଯୁବ ଚେହେରାଙ୍କୁ ମଧ୍ୟ ସମାନ ସୁଯୋଗ ପ୍ରଦାନ କରିବାକୁ ଯାଉଛନ୍ତି। ସେହିପରି ଯେଉଁ ଜିଲ୍ଲାଗୁଡ଼ିକରୁ ସରକାରରେ ପ୍ରତିନିଧିତ୍ୱ ମିଳିନାହିଁ, ସେହି ଜିଲ୍ଲାଗୁଡ଼ିକୁ ଆଗାମୀ ସମ୍ପ୍ରସାରଣ ବେଳେ ସୁଯୋଗ ମିଳିପାରେ ବୋଲି ମଧ୍ୟ ଚର୍ଚ୍ଚା ହେଉଛି। ଏହାପରେ ମନ୍ତ୍ରିମଣ୍ଡଳରୁ ବାଦ ପଡ଼ିଥିବା ବରିଷ୍ଠ ନେତାଙ୍କୁ ନିଗମ, ବୋର୍ଡ ଓ ଅନ୍ୟାନ୍ୟ ସରକାରୀ ପ୍ରତିଷ୍ଠାନରେ ଥଇଥାନ କରି ସନ୍ତୁଷ୍ଟ କରାଯିବାକୁ ଚେଷ୍ଟା କରାଯିବ ବୋଲି ସୂଚନା ମିଳିଛି।

## ଜଳଭଣ୍ଡାରକୁ ଡେଇଁ...

ପ୍ରେମସମ୍ପର୍କ ଗଢ଼ି ଉଠିଥିଲା। କିନ୍ତୁ ପରିବାର ଲୋକେ ଏହାକୁ ବିରୋଧ କରିବାରୁ ସେମାନେ ଆତ୍ମହତ୍ୟା ପାଇଁ ନିଷ୍ପତ୍ତି ନେଇଥିଲେ। ଉଭୟଙ୍କର ମୋବାଇଲ୍ ଜଳଭଣ୍ଡାର ଭିତରୁ ମାଛ ଧରାଳି ଉଦ୍ଧାର କରି ଦେବା ପରେ ସେମାନେ ପାଣିରେ ବୁଡ଼ି ଯାଇଥିବା ଅନୁମାନ କରାଯାଉଥିଲା। ଅଗ୍ନିଶମ ବାହିନୀ ଖୋଜାଖୋଜି କରିବା ପରେ ପ୍ରେମୀଯୁଗଳଙ୍କ ହାତ ବନ୍ଧା ଯାଇଥିବା ଅବସ୍ଥାରେ ମୃତଶରୀର ଉଦ୍ଧାର କରାଯାଇଥିଲା। ସେମାନେ ପାଣିକୁ ଡେଇଁବା ପୂର୍ବରୁ ଉଭୟ ପରସ୍ପର ହାତକୁ ବାନ୍ଧି ଦେଇଥିବା ଅନୁମାନ କରାଯାଉଛି। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପରେ ଉଭୟଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି।

**NOTICE**
(above 18 years of age)
By virtue of an affidavit sworn before Executive Magistrate(K), Udala, Mayurbhanj, dated 05-05-2025, I Bisal Sahu, Address At- Chotraypur, PO- Khaladi, PS- Udala, Dist- Mayurbhanj, Odisha, Pin- 757041 declare that I have changed my name from Bishal Kumar Sahu to Bisal Sahu. Henceforth, I shall be known as Bisal Sahu for all purposes.
Bisal Sahu

**SALE**
Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.
Contact
GADHWAL GROUP
Mob.: 9437015112

**AFFIDAVIT**
By virtue of an affidavit before The Executive Magistrate, Titilagarh, on dated- 22/05/2025. I, **Laxman Sahu** (Applicant name) Son of Debendra Sahu, permanent resident of At- Sargiguda (Ram Mandir Road), P.O./P.S. Titilagarh, Dist- Bolangir, (Odisha), PIN- 767033 now residing at the same place affirm that I have changed my minor daughter name from **Monalisa Sahu** (old name) To **Payal Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Payal Sahu** (new name).
Laxman Sahu

ସକାଳ THE SAKALA



www.sakalaepaper.com

# ରଜ ସଂକ୍ରାନ୍ତି ପାଇଁ ପୁରପଲ୍ଲୀ ଉତ୍ସବମୁଖର

କଣ୍ଡାପଡ଼ା,୧୫।୬(ସମିସ):

## ଆଞ୍ଚଳିକ ରଜ ମହୋତ୍ସବରେ ରକ୍ତଦାନ ଶିବିର



ସାଇଲୋ ବଡ଼ବିଲସ୍ଥିତ ଗୋପବନ୍ଧୁ ବିଦ୍ୟା ମନ୍ଦିରର ପୁରାତନ ଛାତ୍ର ସଂସଦ ତରଫରୁ ଆୟୋଜିତ ଅଷ୍ଟମ ବାର୍ଷିକ ଆଞ୍ଚଳିକ ରଜ ମହୋତ୍ସବରେ ରକ୍ତଦାନ ଶିବିର ଗତକାଲି ଅନୁଷ୍ଠିତ ହୋଇଯାଇଛି। ଗୋବିନ୍ଦପୁର ଅଞ୍ଚଳର ଦୁଇ ବରିଷ୍ଠ ବ୍ୟକ୍ତି ସାଧୁଚରଣ ରାଉତରାୟ ଓ ଶଙ୍କର ରାଉତରାୟଙ୍କ ମୁଖ୍ୟାତିଥ୍ୟରେ ଶୁଭାରମ୍ଭ କରାଯାଇଥିଲା। ପ୍ରାରମ୍ଭରେ ପୋଡ଼ପିଠା ପ୍ରତିଯୋଗିତା ସହ ପୁଚି, ହୁଳହୁଳି ଓ ଝୋଟି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବିଚାରକ ଭାବରେ ପୁଷ୍ପାଞ୍ଜଳି ଆଚାର୍ଯ୍ୟ, ସଂଯୁକ୍ତା ମହାନ୍ତି, ରଣଜିତ ରାଉତରାୟ, ବିଭୂତି ଭୂଷଣ ପଣ୍ଡା, ବିରେନ ଆଚାର୍ଯ୍ୟ, କିଶୋର ପାତ୍ର, କିଶୋର ରାଉତରାୟ ମୂଲ୍ୟାଙ୍କନ କରିଥିଲେ। ସନ୍ଧ୍ୟାରେ ସେଭେନ ଷ୍ଟାର ଚାରିଟେବଲ ଟ୍ରଷ୍ଟ ତରଫରୁ କେନ୍ଦ୍ରୀୟ ରେଡ଼କ୍ରସ ରକ୍ତ ଭଣ୍ଡାର କଟକଙ୍କ ସହଯୋଗରେ ଏକ ମେଗା ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଥିଲା। ଏହି ଶିବିରରେ ୧୦୨ ୟୁନିଟ ରକ୍ତ ସଂଗ୍ରହିତ ହୋଇଥିଲା। ସେଭେନ ଷ୍ଟାର ଚାରିଟେବଲ ଟ୍ରଷ୍ଟର ସଭାପତି ଭାରତୀ ବେହେରା ଓ ଉପସଭାପତି ଅବନୀ ବେହେରାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ସୁକାନ୍ତ ବେହେରା, ନିରୁପମା ବେହେରା ଓ ମନମୋହନ ବେହେରା ପ୍ରମୁଖ ସହାୟତା କରିଥିଲେ। ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବରିଷ୍ଠ ବିଭାଗର ପାରମ୍ପରିକ ଓ ଆଧୁନିକ ନୃତ୍ୟ ପ୍ରତିଯୋଗିତାରେ ବିଚାରକ ଭାବରେ ରାଷ୍ଟ୍ରୀୟ ପୁରସ୍କାରପ୍ରାପ୍ତ ତଥା ଡ଼ିପିଏସ କଳିଙ୍ଗର ବରିଷ୍ଠ ନୃତ୍ୟଗୁରୁ ସୁବ୍ରତ ପଟ୍ଟନାୟକ, ଅକ୍ସଫୋର୍ଡ ସ୍କୁଲର ନୃତ୍ୟଗୁରୁ ଦିଲ୍ଲୀପ ଦାସ ତଥା ଓଡ଼ିଆ ସିରିଏଲ ଜଗତର ଜଣାଶୁଣା ଚେହେରା ଅନନ୍ତ ନାରାୟଣ ରଥ ବିଚାରକ ଭାବରେ ମୂଲ୍ୟାଙ୍କନ କରିଥିଲେ।

## କଟକ ସଦର ରଜ ମହୋତ୍ସବର ଦ୍ୱିତୀୟ ସନ୍ଧ୍ୟା



**କିଶନନଗର:** କଟକ ସଦର ଅନ୍ତର୍ଗତ କିଶନନଗରଠାରେ ବିଧାୟକ ପ୍ରକାଶଚନ୍ଦ୍ର ସେଠୀଙ୍କ ତତ୍ତ୍ୱାବଧାନରେ ଆୟୋଜିତ ୫ଦିନିଆ କଟକ ସଦର ରଜ ମହୋତ୍ସବ ଶୁକ୍ରବାର ସଜବାଜ ସନ୍ଧ୍ୟାରେ ଉଦଘାଟିତ ହୋଇଥିବା ବେଳେ ପହିଲି ରଜ ମହୋତ୍ସବର ଦ୍ୱିତୀୟ ସଂଧ୍ୟାରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଯୋଗଦେଇ ଖୁବ୍ ଶୀଘ୍ର ସବ୍ ରେଜିଷ୍ଟ୍ରାର କାର୍ଯ୍ୟାଳୟ ଖୋଲିବାକୁ ଯାଉଛି ବୋଲି ଘୋଷଣା କରିଥିଲେ। ବାବା ଅମୃତା ନନ୍ଦ ମହାରାଜ, ଝାରସୁଗୁଡ଼ା ବିଧାୟକ ଟଙ୍କଧର ତ୍ରିପାଠୀ, ତନ୍ମୟ ଦାସ, ସମାଜସେବୀ ହିମାଂଶୁ ମହାନ୍ତି, ସରପଞ୍ଚ ସୁଜାତା ସେଠୀ ସମ୍ମାନୀତ ଅତିଥି ଭାବରେ ଯୋଗଦେଇଥିଲେ। ଏଡିଏମ ଦିବ୍ୟଲୋଚନ ମହନ୍ତ, ସଦର ଉପଜିଲ୍ଲାପାଳ ଦିବ୍ୟଜ୍ୟୋତି ସ୍ମୃତି ରଞ୍ଜନ ଦେଓ, ତହସିଲଦାର କ୍ଷିରୋଦ କୁମାର ଦାଶ ପ୍ରମୁଖଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶେଷରେ ଅସୀମା ପଣ୍ଡା ସାଥୀଙ୍କ ଦ୍ୱାରା ରଙ୍ଗାରଙ୍ଗ କାର୍ଯ୍ୟକ୍ରମ କରାଯାଇଥିଲା। କାର୍ଯ୍ୟକ୍ରମ ପରିଚାଳନାରେ ଉତ୍କଳ ବିକାଶ ପରିଷଦ ସଭାପତି ଙ୍କ ପ୍ରଭାତ କୁମାର ସେଠୀ, କାର୍ଯ୍ୟକାରୀ ସଭାପତି ବିମଳ ପଣ୍ଡା, ଅର୍ଜୁନ ସାହୁ, କାର୍ତ୍ତିକ ସାହୁ, ବାପି ନନ୍ଦ, କ୍ଷୀରୋଦ ସେଠୀ, ମଣ୍ଡଳ ସଭାପତି ଚିତ୍ତ ରଞ୍ଜନ ସାହୁ, ନିରଞ୍ଜନ ରାଉଳ, ଆମ୍ରୀ ସଭାପତି ରମାପଦ ବିଶ୍ୱାଳ, ଯୋଗେନ୍ଦ୍ର ଭୋଇ, ରଘୁନାଥ ଚୌଧୁରୀ, କ୍ଷିତିନ୍ଦ୍ର ମିତ୍ର, କାର୍ତ୍ତିକ ଚନ୍ଦ୍ର ସାହୁ, ତାପସ ମଣ୍ଡଳ ପ୍ରମୁଖ ସହଯୋଗ କରିଥିଲେ।

## ସାଇ କ୍ରିଏଟିଭ ୱାର୍ଲ୍ଡ ପକ୍ଷରୁ ରଜ ମହୋତ୍ସବ



**ନରସିଂହପୁର:** ନରସିଂହପୁର ବ୍ଲକ ଅନ୍ତର୍ଗତ କାନପୁରର ସଂଗୀତ ଓ ନୃତ୍ୟକଳାର ଅନୁଷ୍ଠାନ ସାଇ କ୍ରିଏଟିଭ ୱାର୍ଲ୍ଡ ତରଫରୁ ରଜ ଅବସରରେ କାନପୁରରେ ରଜ ମହୋତ୍ସବ -୨୦୨୫ ଅନୁଷ୍ଠିତ ହୋଇଯାଇଛି। କାନପୁର ଗ୍ରାମ ପଞ୍ଚାୟତର ସରପଞ୍ଚ ସଙ୍ଗୀତା ପ୍ରଧାନ ମୁଖ୍ୟ ଅତିଥି, ସମ୍ମାନୀତ ଅତିଥି ରୂପେ ପ୍ରେରଣା ଫାଉଣ୍ଡେସନର ସଭାପତି ପ୍ରତ୍ୟୁଷ ରଞ୍ଜନ ମହାପାତ୍ର, ନାଟ୍ୟ ନିର୍ଦ୍ଦେଶକ ବିଭୂତି ଭୂଷଣ ନାୟକ ଓ କାନପୁର ଗ୍ରାମ୍ୟ କମିଟିର ସମ୍ପାଦକ ଭରତ ଚନ୍ଦ୍ର ଖଟୁଆ ଯୋଗଦେଇ ଗାଁ ଗହଳିରେ ଥିବା ଲୁକ୍କାୟିତ ପ୍ରତିଭା ମାନଙ୍କର ବିକାଶ ଉପରେ ଆଲୋକପାତ କରିଥିଲେ। ଅନୁଷ୍ଠାନର ପ୍ରତିଷ୍ଠାତା ତଥା ମୁଖ୍ୟ ପରିଚାଳକ ଜ୍ୟୋତିରଞ୍ଜନ ସାହୁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନୁଷ୍ଠାନର ସହସମ୍ପାଦକ ମାଷ୍ଟର ଅନୀଲ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଆଖପାଖ ଗାଁ ର ଝିଅ ଓ ମହିଳାଙ୍କୁ ନେଇ ରଙ୍ଗୋଲି, ପୁଚି, ମେହେନ୍ଦି, ମ୍ୟୁଜିକ୍ ଚେୟାର ଓ ରଜ ପର୍ବ ଆଧାରିତ ସାଧାରଣଜ୍ଞାନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସୁବାସ ଚନ୍ଦ୍ର ସ୍ୱାଇଁ, ପ୍ରତୀକ୍ଷା ମହାରଣା ଓ ସୁଚିତ୍ରା ପ୍ରିୟଦର୍ଶିନୀ ବିଚାରପତି ଭାବେ ଯୋଗଦେଇଥିଲେ। ନିମନ୍ତ୍ରିତ ବରେଣ୍ୟ ଅତିଥିଙ୍କ ଦ୍ୱାରା କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ ଗତ ଯୁକ୍ତ ଦୁଇ ବିଜ୍ଞାନରେ ନରସିଂହପୁର ବ୍ଲକ୍‌ରେ ପ୍ରଥମ ଓ ଦ୍ୱିତୀୟ ସ୍ଥାନ ଅଧିକାର କରିଥିବା ପ୍ରତିଭାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସିଦ୍ଧାନ୍ତ ଦାଶ, ବିଭୂତି ଭୂଷଣ ସେଠୀ ଓ ମନୋଜ କୁମାର ସାହୁ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଭାଣପୁର ରଜ ମହୋତ୍ସବ ଓ ସମ୍ବର୍ଦ୍ଧନା ସଭା

**ଫୁଲନଖରା:** କଟକ ସଦର ଥାନା ୫୮ ନଂ ୱାର୍ଡ ଅନ୍ତର୍ଗତ ଭାଣପୁର ଗ୍ରାମର ଆରାଧ୍ୟା ଦେବୀ ମା' ଦୁଲାଦେଇଙ୍କ ପୀଠସ୍ଥଳରେ ପହିଲି ରଜ ଅବସରରେ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହେବା ସହ ୭୨ତମ ରଜ ମହୋତ୍ସବ ଉଦ୍‌ଘାଟିତ ହୋଇଯାଇଛି। ଭାଣପୁର ଗ୍ରାମ୍ୟ ଉନ୍ନୟନ କମିଟିର ସଭାପତି ଲକ୍ଷ୍ମୀଧର ଜେନାଙ୍କ ପୌରହିତ୍ୟରେ ଅନୁଷ୍ଠିତ



ସମ୍ବର୍ଦ୍ଧନା ସଭାରେ ମୁଖ୍ୟଅତିଥି ଭାବରେ ସ୍ଥାନୀୟ କର୍ପୋରେଟର ଜନାର୍ଦ୍ଦନ ପରିଡା, ମୁଖ୍ୟବକ୍ତା ଭାବରେ ସମାଜସେବୀ ପ୍ରଭାତ କୁମାର ନନ୍ଦ, ସମ୍ମାନିତ ଅତିଥି ଭାବରେ ୫୬ନଂ ୱାର୍ଡ କର୍ପୋରେଟର ଲିପ୍ସା ନାୟକ, ଆଞ୍ଚଳିକ ଶାନ୍ତି କମିଟି ସଭାପତି ନିମାଇଁ ଚରଣ ଲେଙ୍କା, ସଂପାଦକ ସୁରେନ୍ଦ୍ର ମହାପାତ୍ର, ସମାଜସେବୀ ସ୍ୱାଧୀନଚେତା ମହାନ୍ତି, ପ୍ରତାପନଗରୀ ଗ୍ରାମ୍ୟ କମିଟି ସହ ସଂପାଦକ ବାଦଲ ଜେନା, ନଳିନୀ ସେନାପତି, ଭାଣପୁର ଦୁର୍ଗାପୂଜା କମିଟିର ସଭାପତି ପ୍ରମୋଦ ଓଝା, ଗ୍ରାମ୍ୟ କମିଟି ସଂପାଦକ ଦିଲ୍ଲୀପ କୁମାର ନାୟକ, ଉପସଭାପତି ସନାତନ ରାଉତ, ଆଇନଜୀବୀ ଭାଗୀରଥି ରାଉତ ଓ ଇଂ କ୍ଷୀରୋଦ ଦାସ ପ୍ରମୁଖ ଯୋଗଦେଇଥିଲେ। ୩ଦିନ ଧରି ଆୟୋଜିତ ହେବାକୁ ଥିବା ଉକ୍ତ ଉତ୍ସବର ପ୍ରଥମ ଦିବସରେ ସଂଧ୍ୟାରେ ଗ୍ରାମର ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖିଥିବା ବ୍ୟକ୍ତି ବିଶେଷ, ନୃତ୍ୟ ପରିବେଷଣ କରିଥିବା କୁନି କୁନି କଳାକାର ଏବଂ ବିଶେଷ କରି ଭାଣପୁର ବିଦ୍ୟାଳୟ ସମୂହର ଚଳିତ ବର୍ଷ ପ୍ରତ୍ୟେକ ଶ୍ରେଣୀରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ଏବଂ ବିଭିନ୍ନ ଗଣମାଧ୍ୟମର ପ୍ରତିନିଧିମାନଙ୍କୁ ଗ୍ରାମ୍ୟ କମିଟି ତରଫରୁ ସମ୍ବର୍ଦ୍ଧିତ କରାଯାଇଥିଲା। ଗ୍ରାମ୍ୟ କମିଟିର କୋଷାଧ୍ୟକ୍ଷ ରାଜେଶ କୁମାର ଭଞ୍ଜ ମଞ୍ଚ ସଞ୍ଚାଳନ କରିଥିବା ବେଳେ ଶରତ ଜେନା ସାତ ଦଶନ୍ଧି ଧରି ଅନୁଷ୍ଠିତ ହେଉଥିବା ରଜ ମହୋତ୍ସବର ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିଲେ। ସରୋଜ କୁମାର ନାୟକ, ନରେଶ ନାୟକ, ସୁଜିତ୍ ରାଉତ, ଅନୀଲ ସାହୁ, ଭରତ ବେହେରା, ବବୁଲ ରାଉତ, ପ୍ରତାପ ରାଉତ, ଶଙ୍କର ପରିଡା, ହଜାରୀ ଜେନା, ଜିତେନ୍ଦ୍ର ଜେନାଙ୍କ ସମେତ ଗ୍ରାମ୍ୟ କମିଟିର ସମସ୍ତ ସଦସ୍ୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ଆଇନଜୀବୀ ଅଜିତ୍ ରାଉତ ଧନ୍ୟବାଦ ଦେଇଥିଲେ। ଶେଷରେ ଅପେରା ଦ୍ୱାରା ନାଟକ ମଞ୍ଚସ୍ଥ ହୋଇଥିଲା।

## ରଜ କୁଇନ୍ ପ୍ରତିଯୋଗିତା

**ଆଠଗଡ଼:** ରଜପର୍ବରେ ଆଠଗଡ଼ ବିଜୁ ପଟ୍ଟନାୟକ କଲ୍ୟାଣ ମଣ୍ଡପ ପରିସରରେ ଆଠଗଡ଼ ଓଁକାର ଡ୍ୟାନ୍ସ ଗ୍ରୁପ ପକ୍ଷରୁ ରଜ ମହୋତ୍ସବ ଉଦଘାଟନ ହୋଇଯାଇଛି। ଡ୍ୟାନ୍ସ ଗ୍ରୁପ ସଭାପତି ଶ୍ରୀକାନ୍ତ ଦାସଙ୍କ ଅଧ୍ୟକ୍ଷତାରେ ମୁଖ୍ୟଅତିଥି ଭାବେ ଆଠଗଡ଼ ଏନଏସି ଅଧ୍ୟକ୍ଷା ସସ୍ମିତା ରାଉତ, ସମ୍ମାନୀୟ ଅତିଥି ଭାବେ ଗୀତିକାର ରାଧାନାଥ ଦାସ, ଢେଙ୍କାନାଳ ଜିଲ୍ଲାର ନାଟ୍ୟ ନିର୍ଦ୍ଦେଶକ ପରେଶ ପଟ୍ଟନାୟକ ପ୍ରମୁଖ ଯୋଗଦେଇ କଳାକାରଙ୍କୁ ପୁରସ୍କୃତ କରିଥିଲେ। ସମ୍ପାଦକ ସୋନମ ପୃଷ୍ଟି ବାର୍ଷିକ ବିବରଣୀ ପାଠ କରିଥିଲା ବେଳେ ଓଁକାର ଡ୍ୟାନ୍ସ ଗ୍ରୁପ ନୃତ୍ୟ ଗୁରୁ ସମୀର କୁମାର ପୁଷ୍ଟି ଧନ୍ୟବାଦ ଦେଇଥିଲେ। ସେହିପରି ଆଠଗଡ ଗଡଜାତ ପରିକ୍ରମା ପକ୍ଷରୁ ସ୍ଥାନୀୟ ମହାବୀର ପ୍ଲାଜା ଠାରେ ୧୨ ତମ ଗଡଜାତ ରଜ ମହୋତ୍ସବ ମହାସମାରୋହରେ ପାଳିତ ହୋଇଯାଇଛି। ଗଡଜାତ ପରିକ୍ରମାର ସମ୍ପାଦକ ଲଲାଟେନ୍ଦୁ ସେନାପତିଙ୍କ ସଂଯୋଜନାରେ ଅନୁଷ୍ଠିତ ଗଡଜାତ ରଜ ମହୋତ୍ସବ ବହୁ ସ୍ଥାନୀୟ କଳାକାରଙ୍କୁ ନେଇ ରଜ କୁଇନ ପ୍ରତିଯୋଗିତା ଓ ନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରତିଯୋଗୀଙ୍କୁ ଅତିଥିମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା।

## ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ରଜ ମହୋତ୍ସବ

**ନିଶ୍ଚିନ୍ତକୋଇଲି:** ନିଶ୍ଚିନ୍ତକୋଇଲି ବ୍ଲକ ଅଧିନସ୍ଥ ତରତଶାସନଠାରେ ଥିବା ମା' ହରଚଣ୍ଡୀ ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ କାର୍ଯ୍ୟାଳୟ ପ୍ରାଙ୍ଗଣରେ ରଜ ମହୋତ୍ସବ ପାଳନ କରାଯାଇଛି। ମଞ୍ଚର ସଭାପତି ଶରତ ଚନ୍ଦ୍ର ଦାଶଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ବରିଷ୍ଠ ସଭ୍ୟ ରମେଶଚନ୍ଦ୍ର ପଣ୍ଡା ଉଦ୍‌ଘାଟନ କରିଥିଲେ। ପ୍ରାରମ୍ଭରେ ଅହମ୍ମଦାବାଦ୍‌ଠାରେ ଘଟିଥିବା ଉଡାଜାହଜ ଦୁର୍ଘଟଣାରେ ପ୍ରାଣ ହରାଇଥିବା ମୃତକଙ୍କ ଆତ୍ମାର ସଦ୍‌ଗତି ପାଇଁ ଏକ ମିନିଟ୍ ନିରବ ପ୍ରାର୍ଥନା କରାଯାଇଥିଲା। ସଭ୍ୟ



ଭରତ ଚନ୍ଦ୍ର ସାହୁଙ୍କ ପରିଚାଳନାରେ ସଭ୍ୟ ଉତ୍ତମ ଚରଣ ରାଉତ ଓ ବଟକୃଷ୍ଣ ସ୍ୱାଇଁଙ୍କ ସମେତ ବହୁ କଳାକାରଙ୍କ ଦ୍ୱାରା ଭକ୍ତି ସଂଗୀତ ପରିବେଷଣ କରାଯାଇଥିଲା। ନିରଞ୍ଜନ ପଣ୍ଡାଙ୍କ ସଂଯୋଜନାରେ ଏଥିରେ ଅତିଥି ଭାବେ ଦେବବ୍ରତ ପଣ୍ଡା, ବିଜୟ ମିଶ୍ର, କୁଳମଣି ସାହୁ, ରାଜକିଶୋର ମହାନ୍ତି, ବସନ୍ତ ସ୍ୱାଇଁ, ପ୍ରହଲ୍ଲାଦ ଜେନା ପ୍ରମୁଖ ଯୋଗଦେଇଥିଲେ। ବରିଷ୍ଠ ସଭ୍ୟ ବଟକୃଷ୍ଣ ସ୍ୱାଇଁଙ୍କ ଦ୍ୱାରା ରଚିତ ଭଜନମାଳା ପୁସ୍ତକକୁ ଅତିଥିମାନେ ଉନ୍ମୋଚିତ କରିଥିଲେ। ଏହି ମହୋତ୍ସବରେ ଉପସ୍ଥିତ ଥିବା ସମସ୍ତ ସଭ୍ୟ ସଭ୍ୟାଙ୍କ ମଧ୍ୟରେ ରଜ ପୋଡପିଠା ଓ ରଜପାନ ବଣ୍ଟନ କରାଯାଇ ଭାବର ଆଦାନ ପ୍ରଦା ନ କରାଯାଇଥିଲା। ସଭ୍ୟ ଧନେଶ୍ୱର ସେଠୀ, ରମେଶଚନ୍ଦ୍ର ପଣ୍ଡା, ମାନଗୋବିନ୍ଦ ମିଶ୍ର, ଅଲେଖଚନ୍ଦ୍ର ସାମଲ, ନୟନ ରଞ୍ଜନ ପତି, ରଘୁନାଥ ଶତପଥି, ରଞ୍ଜନ ମହାନ୍ତି, ସୁରେନ୍ଦ୍ରନାଥ ସାହୁ, ମନମୋହନ ଦାସ, ବଟକୃଷ୍ଣ ମଳିକ, ନିରଞ୍ଜନ ସାହୁ ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ପ୍ରତିଭା ସମ୍ମାନ ସମାରୋହ

**ନିଶ୍ଚିନ୍ତକୋଇ:** ନିଶ୍ଚିନ୍ତକୋଇଲି ମା' ବେଲେଶ୍ୱରୀ ସାଂସ୍କୃତିକ ପରିଷଦ ଆନୁକୂଲ୍ୟରେ ପାଳନ କରାଯାଉଥିବା ରଜ ମହୋତ୍ସବର ପ୍ରଥମ ସନ୍ଧ୍ୟାରେ ବହୁ ପ୍ରତିଭାମାନଙ୍କୁ ସମ୍ମାନୀତ କରାଯାଇଛି। ଅହମ୍ମଦ ବକ୍ସ ସ୍କୁଲ ଖେଳ ପଡିଆରେ ଆୟୋଜିତ ଏକ ସମ୍ବର୍ଦ୍ଧନା ଉତ୍ସବରେ ବିଭିନ୍ନ ବର୍ଗରେ ପାରଦର୍ଶିତା ଅର୍ଜନ କରିଥିବା କୃତୀ ବ୍ୟକ୍ତିତ୍ୱଙ୍କୁ ମାନପତ୍ର, ଉପଢୌକନ ଓ ମୁକୁଟ ପ୍ରଦାନ କରାଯାଇ ସମ୍ମାନୀତ କରାଯାଇଥିଲା। ପରିବାରର ସଂପାଦକ ସ୍ତମ୍ଭକାର ପ୍ରମୋଦ କୁମାର ନାୟକଙ୍କ ସଂଯୋଜନାରେ ଏଥିରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ ସମାଜସେବୀ ଶିକ୍ଷାବିତ୍ ଶଶଧର ପଣ୍ଡା, ମୁଖ୍ୟବକ୍ତା ଭାବେ ରାଜ୍ୟ ସରକାରଙ୍କ ଅର୍ଥ ବିଭାଗର ଯୁଗ୍ମ ନିର୍ଦ୍ଦେଶକ ସଚ୍ଚିଦାନନ୍ଦ ବେହେରା, ସମ୍ମାନୀତ ଅତିଥି ଭାବେ ଜେଏନ୍ କଲେଜ ଭାଷା ସାହିତ୍ୟ ବିଭାଗର ମୁଖ୍ୟ ପ୍ରାଧ୍ୟାପକ ଡ. ନିଖିଳେଶ ମହାନ୍ତି, ଉଚ୍ଚ ନ୍ୟାୟାଳୟର ଅବସରପ୍ରାପ୍ତ ଅଧିକ୍ଷକ ସମାଜସେବୀ କେଶବ ରାଉତ, ପୁଲିସ ବିଭାଗର ପ୍ରଶିକ୍ଷକ ଗୋପୀନାଥ ବେହେରା ପ୍ରମୁଖ ଯୋଗଦେଇ ରଜ ପାଳନର ମହନୀୟତା ଓ ଏଥିରେ ଯୁବପିଢ଼ୀଙ୍କ ମଧ୍ୟରେ ହେଉଥିବା ସଂକ୍ରାନ୍ତରେ ଆଲୋକପାତ କରିବା ସହିତ ହଜିଯାଉଥିବା ରଜ ପର୍ବ ପାଳନର ପ୍ରଥା ଓ ପରମ୍ପରାକୁ ଉଜ୍ଜୀବିତ କରିବା ପାଇଁ ଆହ୍ୱାନ ଦେଇଥିଲେ। ପରିଷଦର ସଭାପତି ରଞ୍ଜନ ଚାନ୍ଦ ଅତିଥିଙ୍କୁ ସ୍ୱାଗତ କରିଥିଲା ବେଳେ ସାରସ୍ୱତ ସାଧକ ଡ. ଏକାଦଶୀ ପ୍ରଧାନ, ସମାଜସେବୀ ଶଶଧର ପଣ୍ଡା, ପ୍ରାଧ୍ୟାପକ ଡ. ବିବେକାନନ୍ଦ ସିଂ, ସିଆରସିସି ସୁଶାନ୍ତ ପଣ୍ଡା, ସ୍ୱାସ୍ଥ୍ୟ ସେବିକା ସଂଯୁକ୍ତା ସାହୁ, ପ୍ରଧାନଶିକ୍ଷକ ବିଶ୍ୱଭୂଷଣ ସେନାପତି, ରାବେୟା ସରୱାର, ଶିକ୍ଷକ ରଞ୍ଜନ ବେହେରା, ସମାଜସେବୀ ସୁକାନ୍ତ ନାଥଶର୍ମାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରିବାରର ସଭାପତି ସାମ୍ବାଦିକ ବଲ୍ଲଭ ଚରଣ ପଲେଇ ଧନ୍ୟବାଦ ଦେଇଥିବା ବେଳେ ନୃତ୍ୟଗୁରୁ ଅଜୟ ବେହେରାଙ୍କ ସମେତ ପରିଷଦର ସମସ୍ତ କର୍ମକର୍ତ୍ତା ସହଯୋଗ କରିଥିଲେ।

## ପୁଲିସ ଚଢ଼ଉ; ୫ ଜୁଆଡ଼ି ଗିରଫ

ଚୌଦ୍ୱାର,୧୫।୬(ସମିସ): ରଜ ପର୍ବ ଅବସରରେ ବିଭିନ୍ନ ସ୍ଥାନରେ ଜୁଆଖେଳ ଚାଲିଥିବା ଖବର ପାଇ ଚୌଦ୍ୱାର ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ କରି ୫ ଜଣଙ୍କୁ ଗିରଫ କରିବା ସହିତ ସେମାନଙ୍କ ନିକଟରୁ ନଗଦ ଟଙ୍କା ଓ ତାସ ଜବତ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ଯାଜପୁର ଜିଲ୍ଲା ମିର୍ଜାପୁରର ପଞ୍ଚାନନ ସାହୁ (୫୫), ସାଲେପୁର ଥାନା ମାଲଲେଖନପୁରର ରଞ୍ଜିତ ଲେଙ୍କା(୩୬), ଚୌଦ୍ୱାର ନୂଆବଣିଆସାହିର କିଶୋର ମହାରଣା(୪୦), ପ୍ରତାପ ଚନ୍ଦ୍ର ବାରିକ(୩୮) ଓ ରବିନ୍ଦ୍ର ମହାରଣା (୨୨)। ସେମାନଙ୍କ ନିକଟରୁ ନଗଦ ୩ ହଜାର ୭୬୦ଟଙ୍କା ଓ ତାସମୁଠା ଜବତ କରାଯାଇଛି। ଏମାନେ ଚୌଦ୍ୱାର ମଙ୍ଗଳାସାହି ନିକଟ ଚାଟେଶ୍ୱର ଶ୍ମଶାନ ପିଣ୍ଡିରେ ଜୁଆ ଖେଳୁଥିବା ବେଳେ ପୁଲିସ ହାତରେ ଧରାପଡ଼ିଥିଲେ।

## ଆକ୍ରମଣ ଘଟଣାରେ ଜଣେ ଗିରଫ

ଚୌଦ୍ୱାର,୧୫।୬(ସମିସ): ଚୌଦ୍ୱାର ଥାନା ଅନ୍ତର୍ଗତ ବଡ଼ପଦାଗାଁରେ ଶନିବାର ଦିନ ବେଳା ରଜ ଉତ୍ସବ ଚାଲିଥିବାବେଳେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ସେହି ଗ୍ରାମର ସାଗର ବାରିକ(୨୫) ନାମକ ଜଣେ ବ୍ୟକ୍ତି ଏକ ଫାର୍ସାରେ ସେହି ଗ୍ରାମର କ୍ଷୀର ବାରିକ୍‌ଙ୍କୁ ଆକ୍ରମଣ କରିଥିଲେ। ଫାର୍ସା ମାଡ଼ରେ କ୍ଷୀର ଗୁରୁତର ଆହତ ହେବାରେ ତାଙ୍କୁ ଚିକିତ୍ସା ପାଇଁ କଟକ ବଡ଼ମେଡ଼ିକାଲକୁ ପଠାଯାଇଛି। ଅଭିଯୋଗ ପାଇ ପୁଲିସ ଘଟଣାରେ ଅନୁସନ୍ଧାନ କରି ଅଭିଯୁକ୍ତ ସାଗରକୁ ଗିରଫ କରି ରବିବାର ଦିନ କୋର୍ଟ ଚାଲାଣ କରିଛି।

## ବିଶ୍ୱ ବରିଷ୍ଠ ହତାଦର ସଚେତନତା ଦିବସ



ତିଗିରିଆ,୧୫।୬(ସମିସ): ତିଗିରିଆ ନିଜିଗଡ ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ରବିବାର ସ୍ଥାନୀୟ ପ୍ରସନ୍ନମଣି ଷ୍ଟଡି ଆଇକ୍ୟୁ ପରିସରରେ ବିଶ୍ୱ ବରିଷ୍ଠ ହତାଦର ସଚେତନତା ଦିବସ ପାଳିତ ହୋଇଯାଇଛି। ବରିଷ୍ଠ ନାଗରିକ ମଞ୍ଚର ସମ୍ପାଦକ ସୁଶୀଲ କୁମାର ନନ୍ଦଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ସୁବୋଧ ପଟ୍ଟନାୟକ, ଜୟନ୍ତ ସିଂ, ପ୍ରସନ୍ନ ପଟ୍ଟନାୟକ ଏବଂ ପ୍ରସନ୍ନମଣି ଷ୍ଟଡି ଆଇକ୍ୟୁର ନିର୍ଦ୍ଦେଶକ ଶ୍ରୀଧର ପଣ୍ଡା, ସହ ନିର୍ଦ୍ଦେଶକ ସୁଶାନ୍ତ ବେହେରା, ବରିଷ୍ଠ ଆଇନଜୀବୀ ପ୍ରଶାନ୍ତ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଆଜିର ସମାଜରେ ବୟସ୍କ, ବୟୋଜେଷ୍ଠ ତଥା ବରିଷ୍ଠ ନାଗରୀକଙ୍କୁ ଉଭୟ ପରିବାର ତଥା ସରକାରୀ/ ବେସରକାରୀ ଅନୁଷ୍ଠାନରେ ଅବହେଳା କରାଯାଉଛି ବୋଲି ଅଭିଯୋଗ କରିବା ସହିତ ଏଥିନେଇ ପ୍ରଶାସନ ତତ୍ପରତା ଦେଖାଇବା ନେଇ ଦାବି ଉପସ୍ଥାପନ କରି ଆଜିର ଯୁବପୀଢ଼ି ଏନେଇ ଯତ୍ନବାନ ହେବାକୁ ନିବେଦନ କରିଥିଲେ।

## ଝାଡ଼ାବାନ୍ତିରେ ୧୧ ଆକ୍ରାନ୍ତ, ଜଣେ ଗୁରୁତର

ଟାଙ୍ଗୀ,୧୫।୬(ସମିସ): ଝାଡ଼ାବାନ୍ତି ସ୍ୱାସ୍ଥ୍ୟ ବିଭାଗର ନିଦ ହଜାଇଥିବାବେଳେ ଟାଙ୍ଗୀ-ଚୌଦ୍ୱାର ବ୍ଲକ ସଫା ପଞ୍ଚାୟତ ସୁଆଁରି ଗ୍ରାମରେ ୧୧ଜଣ ଝାଡ଼ାବାନ୍ତିରେ ଆକ୍ରାନ୍ତ ହେବା ଓ ଜଣେ ଗୁରୁତର ହେବା ସାଧାରଣରେ ଆଲୋଡ଼ନ ସୃଷ୍ଟି କରିଛି। କିଛି ପୀଡିତ କଟକ ବଡ଼ ଡାକ୍ତରଖାନାରେ ଓ କିଛି ଘରୋଇ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବାବେଳେ ନିର୍ମଳ ଗଉଡ଼ ନାମକ ଜଣେ ୬୨ବର୍ଷୀୟ ବୃଦ୍ଧଙ୍କ ଅବସ୍ଥା ଗୁରୁତର ହୋଇଥିବା ସୂଚନା ମିଳିଛି। ଖବର ପାଇ ରବିବାର ପୂର୍ବାହ୍ନରେ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ଡା. ରୀମା ଷଡ଼ଙ୍ଗୀ, ଟାଙ୍ଗୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ସୁପରିଣ୍ଟେଣ୍ଡେଣ୍ଟ ଡା.ମଧୁସ୍ମିତା ନାୟକ, ଡା. ସୁଚରିତା ଦାସ, ସ୍ୱାସ୍ଥ୍ୟ ସୁପରଭାଇଜର ବିଜୟ ସାହୁ ଓ ଅତିରିକ୍ତ ବିଡିଓ ଶାଶ୍ୱତ କୁମାର ଜେନା ଉକ୍ତ ଗ୍ରାମ ପରିଦର୍ଶନ ପୂର୍ବକ ଜଳଉତ୍ସ ଗୁଡିକର ସ୍ଥିତି ଯାଞ୍ଚ କରିଛନ୍ତି। ସରପଞ୍ଚ ନିବାସ ଚନ୍ଦ୍ର ପାଣ୍ଡବ ଓ ସମିତି ସଭ୍ୟ ଜିତେନ୍ଦ୍ର ବଦ୍ରାଙ୍କ ସମେତ ସ୍ଥାନୀୟ ଆଶା ଏବଂ ଅଙ୍ଗନବାଡ଼ି କର୍ମୀ ସ୍ଥାନୀୟ ବାସିନ୍ଦାଙ୍କୁ ସ୍ୱାସ୍ଥ୍ୟ ସଂକ୍ରାନ୍ତ ସଚେତନତା ବାର୍ତ୍ତା ପ୍ରଦାନ କରିଥିବାବେଳେ ସୋମବାର ଠାରୁ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଣ କରାଯିବ ବୋଲି ଜଣାପଡ଼ିଛି।



ସ୍ୱାସ୍ଥ୍ୟ ବିଭାଗର ତନାଘନା

## ରଶି ଲଗାଇ ଯୁବକଙ୍କ ଆତ୍ମହତ୍ୟା

ନିଶ୍ଚିନ୍ତକୋଇଲି,୧୫।୬(ସମିସ): ନେମାଳ ଗ୍ରାମର ନବଘନ ଦାସଙ୍କ ପୁତ୍ର ସୁବଳ ଦାସ ଶନିବାର ପ୍ରଥମ ରଜ ଦିନ ତାଙ୍କ ଶୋଇବା ଘରେ ଫ୍ୟାନ୍‌ରେ ରଶି ଲଗାଇ ଆତ୍ମହତ୍ୟା କରିଛନ୍ତି। ପୁଲିସ ପକ୍ଷରୁ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଥିଲା। ଶନିବାର ପରିବାର ଭିତରେ ରଜ ପାଳନର ଉତ୍ସାହ ଚାଲିଥିଲା ବେଳେ ହଠାତ ସୁବଳ ପଙ୍ଖାରେ ଝୁଲିପଡିଥିଲେ। ତାଙ୍କୁ ଉଦ୍ଧାର କରି ଚିକିତ୍ସା ନିମନ୍ତେ ନିଶ୍ଚିନ୍ତକୋଇଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ ହେଲେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୁବଳ ସୁଦୂର ହାଇଦ୍ରାବାଦ୍‌ର ଏକ ଘରୋଇ କମ୍ପାନୀରେ କାର୍ଯ୍ୟ କରୁଥିଲେ। ୧୫ ଦିନ ହେବ ସେ ଘରକୁ ଆସିଥିଲେ। ହଠାତ୍ କ'ଣ ପାଇଁ ଏଭଳି ନିଷ୍ପତି ନେଲେ ତାହା ଜଣାପଡିନାହିଁ। ଶୋକାକୁଳ ପରିବେଶରେ ଗ୍ରାମ ଶ୍ମଶାନରେ ଭାଇ ବଳରାମ ଦାସ ମୁଖାଗ୍ନି ଦେଇଥିଲେ।

### ବାଲିମେଳା ମହୋତ୍ସବ ଉଦ୍‌ଯାପିତ

## ଭାଇଚାରାର ପ୍ରତୀକ ନେମାଳ ମହାପୁରୁଷ ଅଚ୍ୟୁତାନନ୍ଦଙ୍କ ପୀଠ

ନେମାଳ,୧୫।୬(ସମିସ)

ଯୁଗେ ଯୁଗେ ମାଳିକାର ସ୍ରଷ୍ଟା ଭାବେ ମହାପୁରୁଷ ଅଚ୍ୟୁତାନନ୍ଦ ସୁବିଦିତ, ଯଦିଓ ଏହା ତାଙ୍କର ଏକମାତ୍ର ପରିଚୟ ନୁହେଁ। ଜଣେ ସିଦ୍ଧ ପୁରୁଷ ଓ ମହାନ ସନ୍ଥ ଭାବରେ ଓଡିଆ ଜାତିରେ ଜନ୍ମଗ୍ରହଣ କରି ସେ ଏ ଜାତିକୁ ଧନ୍ୟ କରିଛନ୍ତି। ସେହି ମହାନ ପୁରୁଷଙ୍କ କୃତିତ୍ୱ ଓ ତାଙ୍କର ସାଧନାପୀଠ ନେମାଳରେ ଦେବସ୍ନାନ ଯାତ୍ରା ଓ ନିର୍ବିକଳ୍ପ ଶୂନ୍ୟ ସମାଧି ଦିବସ ଉପଲକ୍ଷେ ଆୟୋଜିତ ବାଲିମେଳା ମହୋତ୍ସବର ଉଦ୍‌ଯାପନୀ ପର୍ବ ଅବସରରେ ଆଜି ଉପସ୍ଥିତ ବହୁ ସାଧୁସନ୍ଥ ମତବ୍ୟକ୍ତ କରିଛନ୍ତି। ବାଲିମେଳା ମହୋତ୍ସବ କମିଟି ଅଧ୍ୟକ୍ଷ ସାମ୍ବାଦିକ ଡ. ବିନୟ କୁମାର ଦାସଙ୍କ ସଭାପତିତ୍ୱ ଏବଂ ପ୍ରେସ୍ କ୍ଲବର ସଭାପତି କ୍ଷମାନିଧି ପୁଝାରୀଙ୍କ ସଂଯୋଜନାରେ ଆୟୋଜିତ କର୍ଯ୍ୟକ୍ରମରେ ଉଦ୍‌ଘାଟକ ଭାବେ ବ୍ରହ୍ମ ଅବଧୂତ ସୁକାନ୍ତ ଦାସଜୀ ମହାରାଜ ଯୋଗଦେଇଥିବା ବେଳେ ମୁଖ୍ୟଅତିଥି ଭାବେ ବିଶିଷ୍ଟ



ସଂଖ୍ୟାଲଘୁ ସଂପ୍ରଦାୟଙ୍କୁ ବାଲି ମହୋତ୍ସବର ପ୍ରଥମ ବାଲଭୋଗ ଅର୍ପଣ

ସମାଜସେବୀ ଗୋଲଖ ପରିଡା ଯୋଗଦେଇଥିଲେ। ବରେଣ୍ୟ ଅତିଥି ଭାବେ ହରି ଓଁ ବାବା, ବାବା ବଂଶିଧର, ମହନ୍ତ ଅନ୍ତରାମ ଦାସ, ବାବାଜି ବିଶ୍ୱନାଥ ଦାସ, ଅଶୋକ ବାବା, ଡ. ପ୍ରସନ୍ନ ଦାସ, ଶୁକାନନ୍ଦ ଗିରି, ସ୍ୱାମୀ ବିଷ୍ଣୁଗିରି ମହାରାଜ, ବାବା ରେବତୀ ରମଣ ଦାସ, ଭାବନାନନ୍ଦ ଦାସ କାହ୍ନା ବାବା ପ୍ରମୁଖ ଯୋଗଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମକୁ ସାମ୍ବାଦିକ ରତ୍ନାକର ବାରିକ, ସାମ୍ବାଦିକ ଅଭୟ ଜେନା, ସୁଜାତା ଗୋସ୍ୱାମୀ, ସମାଜସେବୀ କେଶବ ଚନ୍ଦ୍ର ଦଳାଇ, ଉପସଭାପତି ସାମ୍ବାଦିକ ଗୋବିନ୍ଦ ଦାସ, ସାଂସ୍କୃତିକ ସଂଯୋଜକ ସାମ୍ବାଦିକ ମୀନକେତନ ଦାସ, ସହ ସମ୍ପାଦକ ସାମ୍ବାଦିକ ଅମିତାଭ ମହାପାତ୍ର, କୋଷାଧ୍ୟକ୍ଷ ସାମ୍ବାଦିକ ଜାନକୀବଲ୍ଲଭ ମହାନ୍ତି, ସାମ୍ବାଦିକ କିରଣ ଶଙ୍କର ନାୟକ, ସାମ୍ବାଦିକ ଇଜାଜ ଖାଁନ, ସାମ୍ବାଦିକ ପ୍ରମୋଦ ଦାସ ପ୍ରମୁଖ ସହଯୋଗ କରିଥିଲେ। ଏହି ଅବସରରେ ବାଲିଯାତ୍ରା ମହୋତ୍ସବ ବାଣିଜ୍ୟ ମେଳାରେ ଅଂଶଗ୍ରହଣ କରିଥିବା ହ୍ୟାଣ୍ଡିକ୍ରାଫ୍ଟ, ଓରମାସର ସମସ୍ତ ବ୍ୟବସାୟୀଙ୍କୁ ପ୍ରଶଂସା ପତ୍ର ପ୍ରଦାନ କରାଯାଇଥିବା ବେଳେ ଅତିଥିଙ୍କୁ ଭବ୍ୟ ସମ୍ବର୍ଦ୍ଧନା ଦିଆଯାଇଥିଲା। ଶେଷରେ ବରିଷ୍ଠ ସେବାୟତ ଧରଣୀଧର ପୂଝାରୀ, ଶଶୀକାନ୍ତ ପୂଝାରୀ ଓ ପ୍ରଶାନ୍ତ କୁମାର ପୂଝାରୀଙ୍କ ସଂଯୋଜନାରେ ମହାପୁରୁଷ ଶ୍ରୀ ଶ୍ରୀ ଅଚ୍ୟୁତାନନ୍ଦଙ୍କ ସମୟରୁ ଭାଇଚାରା ସମ୍ପର୍କ ସୃଷ୍ଟି ହୋଇଥିବା ଶଖା ଅଚ୍ୟୁତି ଖାଁଙ୍କ ସମ୍ପର୍କକୁ ନିବିଡ କରିବା ପାଇଁ ସଂଖ୍ୟାଲଘୁ ସଂପ୍ରଦାୟଙ୍କୁ ବାଲି ମହୋତ୍ସବର ପ୍ରଥମ ବାଲଭୋଗ ଅର୍ପଣ କରାଯାଇ ସମ୍ପର୍କକୁ ଆହୁରି ସୁଦୃଢ଼ କରିବା ପାଇଁ ପ୍ରଭୁଙ୍କ ନିକଟରେ ପ୍ରାର୍ଥନା କରାଯାଇଥିଲା। ହରପ୍ରସାଦ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୬.୨୨ ● ପାଉଣ୍ଡ ୧୧୬.୫୬
- ୟୁରୋ ୯୯.୭୪ ● ୟେନ୍ ୦.୬୦

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୯୩,୨୧୦ (ଭୁବନେଶ୍ୱର)
- ରୁପା : ୧୧,୧୨୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୧,୧୧୮.୦୦
- ନିଫ୍ଟି ୨୪,୭୧୮.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



### ଇସ୍ରାଏଲ୍-ଇରାନ ଯୁଦ୍ଧ

# ୨୦ ବର୍ଷର ରେକର୍ଡ ଭାଙ୍ଗିବ ତେଲ ଦର

**ନୂଆଦିଲ୍ଲୀ,୧୬।୬(ଏଜେନ୍ସି):**



ଦିନକୁ ଦିନ ତେଜୁଛି ଇସ୍ରାଏଲ-ଇରାନ ଉତ୍ତେଜନା। ଉଭୟ ଦେଶ ପରସ୍ପରର ତୈଳ ଉତ୍ସ ଏବଂ ରିଫାଇନାରୀକୁ ଟାର୍ଗେଟ କରିଛନ୍ତି। ଶନିବାର ଇରାନ ଇସ୍ରାଏଲର ଉତ୍ତର ଉପକୂଳବର୍ତ୍ତୀ ସହର ହାଇଫାରେ ଅନେକ ବାଲିଷ୍ଟିକ୍ କ୍ଷେପଣାସ୍ତ୍ର ମାଡ଼ କରିଛି। ହାଇଫାରେ ଅନେକ ଇସ୍ରାଏଲୀ ତୈଳ ବିଶୋଧନାଗାର ଅଛି। ଇସ୍ରାଏଲ ଇରାନର ଅନେକ ତୈଳ ଏବଂ ଗ୍ୟାସ କ୍ଷେତ୍ର ଏବଂ ରିଫାଇନାରୀ ଉପରେ ମଧ୍ୟ ଆକ୍ରମଣ କରିଛି। ରିପୋର୍ଟ ଅନୁସାରେ, ଇସ୍ରାଏଲ୍ ଆକ୍ରମଣରେ ଇରାନରେ ଅନେକ ରିଫାଇନାରୀ ଏବଂ ତୈଳ ଏବଂ ଗ୍ୟାସ କ୍ଷେତ୍ର ଏବେ ଜଳୁଛି। ଇରାନ୍‌ର ସାଉଥ୍ ପାର୍ସ ଗ୍ୟାସ୍ କ୍ଷେତ୍ରରେ ଆକ୍ରମଣ ପରେ ସେଠାରେ ଉତ୍ପାଦନ ବନ୍ଦ ହୋଇଛି। ଏହାଫଳରେ ସୋମବାର ଅଶୋଧିତ ତୈଳ ମୂଲ୍ୟରେ ଏକ ବଡ଼ ବୃଦ୍ଧି ଦେଖିବାକୁ ମିଳିପାରେ ବୋଲି କୁହାଯାଉଛି। ଏମିତିକି ଏହା ଗତ ୨୦ ବର୍ଷ ମଧ୍ୟରେ ଗୋଟିଏ ଦିନରେ ସବୁଠାରୁ ବଡ଼ ବୃଦ୍ଧି ହୋଇପାରେ।

ଏହା ପୂର୍ବରୁ ଶୁକ୍ରବାର ବିଶ୍ୱ ତୈଳ ବଜାରରେ ଏକ ବଡ଼ ହଇଚଇ ସୃଷ୍ଟି ହୋଇଥିଲା। ଜେପି ମୋର୍ଗାନ୍ ଚେତାବନୀ ଦେଇଛି ଯେ ଯଦି ମଧ୍ୟପ୍ରାଚ୍ୟରେ ଉତ୍ତେଜନା ଆହୁରି ବୃଦ୍ଧି ପାଏ, ତେବେ ତେଲ ମୂଲ୍ୟ ପ୍ରତି ବ୍ୟାରେଲ ପିଛା ୧୨୦ ଡଲାର ପର୍ଯ୍ୟନ୍ତ ବଢ଼ିପାରେ। ଇରାନରୁ ତେଲ ଯୋଗାଣ ବାଧାପ୍ରାପ୍ତ ହୋଇପାରେ। ଏହା ତେଲ ମୂଲ୍ୟରେ ବହୁତ ଦ୍ରୁତ ବୃଦ୍ଧି ଆଣିପାରେ। ଏହି ବୃଦ୍ଧି ଧୀରେ ଧୀରେ ହେବ ନାହିଁ, ବରଂ ହଠାତ୍ ହେବ। ଶୁକ୍ରବାର କାରବାର ସମୟରେ, ବ୍ରେଣ୍ଟ କ୍ରୁଡ ଫ୍ୟୁଚର୍ସ ମୂଲ୍ୟ ପ୍ରାୟ ୯% ବୃଦ୍ଧି ପାଇ ପ୍ରତି ବ୍ୟାରେଲ ପିଛା ୭୫ ଡଲାର ଉପରେ ପହଞ୍ଚିଛି।

ଇରାନର ଦକ୍ଷିଣ ପାର୍ସ ଗ୍ୟାସ ଫିଲ୍ଡ ଉପରେ ଇସ୍ରାଏଲର ଆକ୍ରମଣ ପରେ ଉତ୍ପାଦନ ବନ୍ଦ ହୋଇଯାଇଛି। ଏହି ଗ୍ୟାସ୍ କ୍ଷେତ୍ରରୁ ପ୍ରତିଦିନ ୧୨ନିୟୁତ ଘନ ମିଟର ଗ୍ୟାସ ଉତ୍ପାଦନ ହୋଇଥାଏ। ସେହିପରି ପଶ୍ଚିମ ତେହେରାନର ଶାହରାନ ତୈଳ କ୍ଷେତ୍ର ଇସ୍ରାଏଲୀ ଆକ୍ରମଣ ଯୋଗୁଁ ଜଳୁଛି। ଇସ୍ରାଏଲ ତେହେରାନର ଦୁଇଟି ତୈଳ ଡିପୋ ଉପରେ ଆକ୍ରମଣ କରିଛି ଏବଂ ସେଥିରେ ନିଆଁ ଲାଗିଛି। ଇରାନ କହିଛି ଯେ ବିଶ୍ୱର ସର୍ବବୃହତ ଗ୍ୟାସ କ୍ଷେତ୍ରରେ ଉତ୍ପାଦନ ଆଂଶିକ ଭାବରେ ପ୍ରଭାବିତ ହୋଇଛି। ଇରାନରେ ଅନେକ ତୈଳ ବିଶୋଧନାଗାରରେ ନିଆଁ ଲାଗିଛି। ଇରାନ ଦୈନିକ ୩୩ ଲକ୍ଷ ବ୍ୟାରେଲ ଅଶୋଧିତ ତୈଳ ଉତ୍ପାଦନ କରେ ଯାହା ବିଶ୍ୱ ଯୋଗାଣର ୩.୫ ପ୍ରତିଶତ। ଜେପି ମୋର୍ଗାନ ଚେତାବନୀ ଦେଇଛି

### ଜଳୁଛି ତୈଳ ଓ ଗ୍ୟାସ କ୍ଷେତ୍ର

ଯେ ଇରାନ ଉପରେ ଆକ୍ରମଣ ଯୋଗୁଁ ତୈଳ ମୂଲ୍ୟ ବ୍ୟାରେଲ ପିଛା ୧୨୦ ଡଲାର ପର୍ଯ୍ୟନ୍ତ ବଢ଼ିପାରେ। ଏହା ବିଶ୍ୱବ୍ୟାପୀ ମୁଦ୍ରାସ୍ଫୀତି ବୃଦ୍ଧି ପାଇବାର ଆଶଙ୍କା ସୃଷ୍ଟି କରୁଛି। ଏଥିଯୋଗୁ ଆମେରିକାରେ ମୁଦ୍ରାସ୍ଫୀତି ୫%ରେ ପହଞ୍ଚିପାରେ। ସେହିପରି, ଭାରତରେ ମଧ୍ୟ ପେଟ୍ରୋଲ ଏବଂ ଡିଜେଲର ମୂଲ୍ୟ ବୃଦ୍ଧି ପାଇପାରେ। ଯଦି ଏହା ହୁଏ, ତେବେ କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକୁ ମୁଦ୍ରାସ୍ଫୀତି ହ୍ରାସ କରିବା ପାଇଁ ନେବାକୁ ଥିବା ପଦକ୍ଷେପ ବନ୍ଦ କରିବାକୁ ପଡ଼ିପାରେ। ଆମେରିକୀୟ ଫେଡେରାଲ ରିଜର୍ଭ ଏବଂ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ)କୁ ମଧ୍ୟ ସୁଧ ହାର ହ୍ରାସ କରିବାର ସମ୍ଭାବନା ଉପରେ ପୁନର୍ବିଚାର କରିବାକୁ ପଡ଼ିପାରେ।

# ମାଗଣା ଆଧାର ଅପ୍‌ଡେଟ୍ ସମୟ ସୀମା ବର୍ଷେ ବଢ଼ିଲା

**ନୂଆଦିଲ୍ଲୀ,୧୬।୬(ଏଜେନ୍ସି):** ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ କେନ୍ଦ୍ର ସରକାର ମାଗଣା ଆଧାର ଅପ୍‌ଡେଟ୍ ସମୟ ସୀମାରେ ବୃଦ୍ଧି କରିଛନ୍ତି। ଏହି ଅନୁଯାୟୀ, ଭାରତୀୟ ସ୍ୱତନ୍ତ୍ର ପରିଚୟ କର୍ତ୍ତୃପକ୍ଷ (ୟୁଆଇଡିଏଆଇ) ମାଗଣା ଅନଲାଇନ୍ ଆଧାର ଡକ୍ୟୁମେଣ୍ଟ ଅପଡେଟ୍ ସମୟ ସୀମା ଏକ ବର୍ଷ ବଢ଼ାଇ ଦେଇଛନ୍ତି। ଏହା ଲୋକମାନଙ୍କୁ ସେମାନଙ୍କର ଆଧାରରେ ସଠିକ୍ ସୂଚନା ଅପଡେଟ୍ କରିବାରେ ସାହାଯ୍ୟ କରିବ। ଯେଉଁମାନେ ବିବାହ, ଠିକଣା ପରିବର୍ତ୍ତନ କିମ୍ବା ଅନ୍ୟ କୌଣସି କାରଣରୁ ସେମାନଙ୍କର ଡକ୍ୟୁମେଣ୍ଟ ଅପଡେଟ୍ କରିବାକୁ ଚାହୁଁଛନ୍ତି, ସେମାନେ ଏବେ ଏହି କାମ ମାଗଣାରେ କରିପାରିବେ। ଏହି ମାଗଣା ସେବା କେବଳ 'ମାଇଁଆଧାର' ପୋର୍ଟାଲରେ ଉପଲବ୍ଧ, ଯାହା ଫଳରେ ଲୋକମାନେ ସହଜରେ ସେମାନଙ୍କର ସ୍ମାର୍ଟଫୋନ୍ କିମ୍ବା କମ୍ପ୍ୟୁଟରରୁ ଡକ୍ୟୁମେଣ୍ଟ ଦାଖଲ କରିପାରିବେ। ତେବେ ମାଗଣା ଆଧାର ଡକ୍ୟୁମେଣ୍ଟ ଅପଡେଟ୍ କରିବାର ଶେଷ ତାରିଖ ୨୦୨୫ ଜୁନ୍ ୧୪ରୁ ୨୦୨୬ ଜୁନ୍ ୧୪ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ଏହି ସମୟ ମଧ୍ୟରେ ଲୋକମାନେ ସେମାନଙ୍କର ଡକ୍ୟୁମେଣ୍ଟ ଅପଲୋଡ୍ କରି ଆଧାର କାର୍ଡରେ ଜନସଂଖ୍ୟାଗତ ସୂଚନା ଅପଡେଟ୍ କରିପାରିବେ ଏବଂ ଏଥିପାଇଁ, ଠିକଣା ପ୍ରମାଣ ଏବଂ ପରିଚୟ ପ୍ରମାଣ ସହିତ ଜଡିତ ଡକ୍ୟୁମେଣ୍ଟ ଅପଲୋଡ୍ କରିବାକୁ ପଡିବ। ୟୁଆଇଡିଏଆଇ ପକ୍ଷରୁ 'ଏକ୍ସ' ରେ ଏହି ସୂଚନା ଦେଇଛି। ପୋଷ୍ଟ ଅନୁଯାୟୀ, ଏହି ମାଗଣା ସେବା ଲକ୍ଷ ଲକ୍ଷ ଆଧାର କାର୍ଡ ଧାରକଙ୍କୁ ଲାଭ ପହଞ୍ଚାଇବା ପାଇଁ ହୋଇଛି। ଏହି ସମୟ ମଧ୍ୟରେ ଏହି ସେବା କେବଳ 'ମାଇଁଆଧାର' ଅନଲାଇନ୍ ପୋର୍ଟାଲ୍ ମାଧ୍ୟମରେ ମାଗଣାରେ ଉପଲବ୍ଧ। ନିଜର ପରିଚୟ କିମ୍ବା ଠିକଣା ପ୍ରମାଣିତ କରିବା ପାଇଁ ଭୋଟର ପରିଚୟ ପତ୍ର, ବିଦ୍ୟୁତ୍ ବିଲ୍, ରାସନ୍ କାର୍ଡ ଏବଂ ପାସପୋର୍ଟ ଭଳି ଡକ୍ୟୁମେଣ୍ଟଗୁଡ଼ିକୁ ଅପଲୋଡ୍ କରାଯାଇପାରିବ। ଡକ୍ୟୁମେଣ୍ଟ ଗୁଡ଼ିକ ପିଡିଏଫ୍, ପିଏନ୍‌ଜି, କିମ୍ବା ଜେପିଇଜି ଫର୍ମାଟରେ ହେବା ଉଚିତ ଏବଂ ସେଗୁଡିକର ଆକାର ୨ ଏମ୍‌ବିରୁ କମ୍ ହେବା ଜରୁରୀ।




### ଇସ୍ରାଏଲ୍-ଇରାନ ଉତ୍ତେଜନା

# ସଙ୍କଟରେ ଭାରତର ଚା' କାରବାର

**ନୂଆଦିଲ୍ଲୀ,୧୬।୬(ଏଜେନ୍ସି):** ପଶ୍ଚିମ ଏସୀୟ ବଜାର ବିଶେଷକରି ଇରାନ ଏବଂ ଇରାକରୁ ପ୍ରବଳ ଚାହିଦା ଯୋଗୁଁ ଭାରତୀୟ ପାରମ୍ପରିକ ଚା'ର ମୂଲ୍ୟ ବୃଦ୍ଧି ପାଇଛି। କିନ୍ତୁ ବର୍ତ୍ତମାନ ଇସ୍ରାଏଲ ଏବଂ ଇରାନ ମଧ୍ୟରେ ଉତ୍ତେଜନା ବୃଦ୍ଧି ଯୋଗୁ ସଙ୍କଟରେ ଭାରତର ଚା' କାରବାର। ଦୁଇ ଦେଶ ମଧ୍ୟରେ ଯୁଦ୍ଧ ପରିସ୍ଥିତିରେ ଏହି ଅଞ୍ଚଳଗୁଡ଼ିକରେ ଚା' ଯୋଗାଣରେ ବାଧା ସୃଷ୍ଟି ହୋଇପାରେ।

ଏ ସମ୍ପର୍କରେ ଭାରତୀୟ ଚା' ରପ୍ତାନିକାରୀ ସଂଘ (ଆଇଟିଇଏ)ର ସଭାପତି ଅଂଶୁମାନ କାନୋଡିଆ କହିଛନ୍ତି ଯେ ଚା' ପରିବହନ କରୁଥିବା କାର୍ଗୋଗୁଡ଼ିକ ପୂର୍ବରୁ ଚାଲିଯାଇଛନ୍ତି, କିଛି ଏବେ ବି କିଛି ପରିବହନ ଅପେକ୍ଷାରେ ଅଛନ୍ତି। ତେଣୁ, ବର୍ତ୍ତମାନ ଏବଂ ଭବିଷ୍ୟତର ଅର୍ଡରକୁ ନେଇ ଏବେ ଚିନ୍ତା ରହିଛି। ସେ କହିଛନ୍ତି, ଆମେ ଯୁଦ୍ଧ ପରିସ୍ଥିତିକୁ ନେଇ ଚିନ୍ତିତ। ସଂଘର ସଦସ୍ୟମାନେ ସେମାନଙ୍କ ନିଜ ନିଜ କ୍ରେତାଙ୍କ ସହିତ ଯୋଗାଯୋଗରେ ଅଛନ୍ତି। ଏହି ସମୟରେ ଆମେ ପରିସ୍ଥିତି ଆକଳନ କରିବାକୁ ଚେଷ୍ଟା କରୁଛୁ। ଉତ୍ପାଦକ ଏବଂ ରପ୍ତାନିକାରୀ ଉଭୟ ଚା' ବ୍ୟବସାୟରେ ଏକ ଅସ୍ଥାୟୀ ଝଟକା ଆଶା କରୁଛନ୍ତି। ଭାରତୀୟ ଚା' ସଂଘ ସଭାପତି ହେମନ୍ତ ବାଙ୍ଗର କହିଛନ୍ତି ଯେ ଇରାନ ଭାରତୀୟ ଚା' ପାଇଁ ସବୁଠାରୁ ବଡ଼ ବଜାର ମଧ୍ୟରୁ ଗୋଟିଏ। ଯୁଦ୍ଧ ଯୋଗୁ ବାଣିଜ୍ୟରେ ଅସ୍ଥାୟୀ ବାଧା ସୃଷ୍ଟି ହୋଇପାରେ।




ଭାରତୀୟ ଟି ଆସୋସିଏସନର ସଭାପତି ସନ୍ଦୀପ ସିଂଘାଣିଆ କହିଛନ୍ତି ଯେ ଇରାନ୍-ଇସ୍ରାଏଲ୍ ଉତ୍ତେଜନା ହ୍ରାସ ନ ହେବା ପର୍ଯ୍ୟନ୍ତ ପରିସ୍ଥିତି ସମାନ ରହିବ। ପାରମ୍ପରିକ ଚା' ରପ୍ତାନି ଇରାନରୁ ଆସୁଥିବା ଚାହିଦା ଉପରେ ନିର୍ଭର କରେ। ଯଦି ସେଠାରେ ଚାହିଦା ହ୍ରାସ ପାଏ, ତେବେ ବିଶେଷକରି ପାରମ୍ପରିକ ଚା' ରପ୍ତାନି ପ୍ରଭାବିତ ହେବ। ଆମେ ପରିସ୍ଥିତି ଶାନ୍ତ ହେବା ପାଇଁ ଅପେକ୍ଷା କରିଛୁ। ସାଧାରଣତଃ ଭାରତରୁ ଇରାନକୁ ପ୍ରାୟ ୩ କୋଟି କିଲୋ ଚା' ରପ୍ତାନି


### ପ୍ରଭାବିତ ହୋଇପାରେ ରପ୍ତାନି

କରାଯାଇଥାଏ। ୨୦୨୨ରେ ଇରାନକୁ ଚା' ରପ୍ତାନି ୨.୨୨ କୋଟି କିଲୋ ଥିଲା। କିନ୍ତୁ ୨୦୨୩ ମସିହାରେ ଏହା ହ୍ରାସ ପାଇ ମାତ୍ର ୫୯.୨ ଲକ୍ଷ କିଲୋକୁ ଖସିଆସିଲା, କାରଣ ଇରାନ ଭାରତୀୟ ଚା' ପାଇଁ ଚୁକ୍ତି ପଞ୍ଜୀକରଣ କରିବା ବନ୍ଦ କରିଦେଲା। ଏହାପରେ, 2୦୨୪ରେ ରପ୍ତାନି ପୁଣି ଥରେ ୯୨.୪ ଲକ୍ଷ କିଲୋକୁ ବୃଦ୍ଧି ପାଇଲା। ଭାରତୀୟ ଚା' ଇରାନ୍‌କୁ ସଂଯୁକ୍ତ ଆରବ ଏମିରେଟ୍ସ ଦେଇ ପଠାଯାଇଥାଏ। ବର୍ତ୍ତମାନ, ଭାରତୀୟ ଚା'ର ଚାହିଦା ବହୁତ ଅଧିକ। ବିଶ୍ୱର ସର୍ବବୃହତ ଚା' ଯୋଗାଣକାରୀ ଶ୍ରୀଲଙ୍କା ଏବେ ବି ତାର କ୍ଷମତାଠାରୁ କମ୍ ଉତ୍ପାଦନ କରୁଛି। ୨୦୨୪ରେ ଭାରତ ଦ୍ୱାରା ମୋଟ ୧୨୮.୪୭ କୋଟି କିଲୋଗ୍ରାମ ଚା' ଉତ୍ପାଦନ ମଧ୍ୟରୁ ୧୧.୮୬ କୋଟି କିଲୋଗ୍ରାମ ପାରମ୍ପରିକ ଚା' ଥିଲା। ଇରାକ, ତୁର୍କୀ, ସିରିଆ ଭଳି ମୁଖ୍ୟ କ୍ରେତା ଯେଉଁମାନେ ପୂର୍ବରୁ ଶ୍ରୀଲଙ୍କା ଚା କିଣୁଥିଲେ, ସେମାନେ ଏବେ ଭାରତୀୟ ଚା' ବଜାର ଆଡକୁ ଫେରୁଥିବା ସେ କହିଛନ୍ତି।

### ଇସ୍ରାଏଲ୍-ଇରାନ ଯୁଦ୍ଧ

# ଭାରତରେ ମହଙ୍ଗା ହେବ ଡ୍ରାଏ ଫ୍ରୁଟ୍

**ନୂଆଦିଲ୍ଲୀ,୧୬।୬(ଏଜେନ୍ସି):** ଇରାନ ଏବଂ ଇସ୍ରାଏଲ ମଧ୍ୟରେ ବଢୁଥିବା ଉତ୍ତେଜନାର ପ୍ରଭାବ ଏବେ ସାଧାରଣ ଲୋକଙ୍କ ଥାଳିରେ ପହଞ୍ଚିବା ଆରମ୍ଭ କରିଛି। ବିଶେଷକରି ଏହି ଯୁଦ୍ଧ ଯୋଗୁଁ ଆପଣଙ୍କ ମିଠା ଏବଂ ଡ୍ରାଏ ଫ୍ରୁଟ୍ସର ମୂଲ୍ୟ ଆକାଶଛୁଆଁ ହୋଇପାରେ। ବାସ୍ତବରେ ଏହି ଦୁଇ ଦେଶ ମଧ୍ୟରେ ଚାଲିଥିବା ସଂଘର୍ଷ ଯୋଗୁଁ ବିଶ୍ୱ ଯୋଗାଣ ଶୃଙ୍ଖଳା ପ୍ରଭାବିତ ହେଉଛି, ଯାହା ଶୁଖିଲା ଫଳର ମୂଲ୍ୟ ଉପରେ ସିଧାସଳଖ ପ୍ରଭାବ ପକାଇପାରେ। ଭାରତରେ, ପର୍ବପର୍ବାଣୀ ଏବଂ ବିଶେଷ ଅବସରରେ ବାଦାମ, ପିସ୍ତା, କାଜୁ ଏବଂ ଅନ୍ୟାନ୍ୟ ଡ୍ରାଏ ଫ୍ରୁଟ୍ସର ବ୍ୟବହାର ବହୁତ ଅଧିକ। ହେଲେ ଏହି ଡ୍ରାଏ ଫ୍ରୁଟ୍ସଗୁଡ଼ିକ ମଧ୍ୟରୁ ଅଧିକାଂଶ ଇରାନ, ତୁର୍କୀ, ଆଫଗାନିସ୍ତାନ ଏବଂ ଆମେରିକା ଭଳି ଦେଶରୁ ଆମଦାନି ହୋଇଥାଏ। ବିଶେଷକରି ପିସ୍ତା ଏବଂ କିସମିସ୍ ଭଳି ଉତ୍ପାଦ ଇରାନରୁ ବହୁ ପରିମାଣରେ ଭାରତକୁ ଆସିଥାଏ। ଯଦି ଆଗକୁ ଯୁଦ୍ଧ ପରିସ୍ଥିତି ଅଧିକ ଖରାପ ହୁଏ, ତେବେ ଇରାନରୁ ଭାରତକୁ ଡ୍ରାଏ ଫ୍ରୁଟ୍ସ ଯୋଗାଣ ବାଧାପ୍ରାପ୍ତ ହୋଇପାରେ। ଏହାବ୍ୟତୀତ, ଏହି ସଂଘର୍ଷ ଯୋଗୁଁ ମଧ୍ୟପ୍ରାଚ୍ୟରେ ପରିବହନ ମାର୍ଗଗୁଡ଼ିକ ମଧ୍ୟ ବିପଦରେ ପଡ଼ିଛି। ଯଦି ପରିବହନ ମାର୍ଗ ପ୍ରଭାବିତ ହୁଏ କିମ୍ବା ସାମୁଦ୍ରିକ ମାଲ ପରିବହନ ଭଡ଼ା ବୃଦ୍ଧି ପାଏ, ତେବେ ଆମଦାନି ହେଉଥିବା ଡ୍ରାଏ ଫ୍ରୁଟ୍ସର ମୂଲ୍ୟ ଦ୍ରୁତ ଗତିରେ ବୃଦ୍ଧି ପାଇପାରେ। ବିଶେଷଜ୍ଞମାନେ କହିଛନ୍ତି ଯେ ଏଭଳି ପରିସ୍ଥିତିରେ ଆଗାମୀ କିଛି ସପ୍ତାହ ମଧ୍ୟରେ ଡ୍ରାଏ ଫ୍ରୁଟ୍ସ ମୂଲ୍ୟ ୧୫-୨୦%କ୍ ବୃଦ୍ଧି ପାଇପାରେ। ଆହୁରିମଧ୍ୟ ଏହାର ସିଧାସଳଖ ପ୍ରଭାବ ମିଠା ଶିଳ୍ପ ଉପରେ ମଧ୍ୟ ଦେଖାଯିବ। କାରଣ ଭାରତରେ ଅଧିକାଂଶ ପ୍ରିମିୟମ୍ ମିଠାରେ ଡ୍ରାଏ ଫ୍ରୁଟ୍ସ ବ୍ୟବହାର କରାଯାଏ। ମୂଲ୍ୟ ବୃଦ୍ଧି ଯୋଗୁଁ ମିଠା ମଧ୍ୟ ମହଙ୍ଗା ହୋଇପାରେ ଏବଂ ସାଧାରଣ ଗ୍ରାହକଙ୍କ ପକେଟ ଉପରେ ବୋଝ ବଢ଼ିବ। ବର୍ତ୍ତମାନ, ବ୍ୟବସାୟୀ ଏବଂ ଆମଦାନୀକାରୀମାନେ ସରକାରଙ୍କ ନିକଟରେ



### ମୂଲ୍ୟ ୨୦% ଯାଏ ବଢ଼ିପାରେ

ଦାବି କରିଛନ୍ତି ଯେ ବିକଳ୍ପ ଯୋଗାଣ ଉତ୍ସ ବିଷୟରେ ବିଚାର କରାଯିବା ଉଚିତ। ଅତ୍ୟାବଶ୍ୟକୀୟ ସାମଗ୍ରୀର ରପ୍ତାନି-ଆମଦାନୀ ସମ୍ପର୍କରେ ଏକ ସ୍ଥାୟୀ ସମାଧାନ ବାହାର କରାଯିବା ଉଚିତ। ଯଦିଓ ବର୍ତ୍ତମାନ ପରିସ୍ଥିତି ନିୟନ୍ତ୍ରଣ ମଧ୍ୟରେ ଅଛି, କିନ୍ତୁ ଯଦି ଏହି ଯୁଦ୍ଧ ଦୀର୍ଘ ସମୟ ଧରି ଜାରି ରୁହେ ତେବେ ଆଗାମୀ ଦିନରେ ଏହା ପର୍ବପର୍ବାଣୀର ମିଠାକୁ ମଧ୍ୟ ପ୍ରଭାବିତ କରିପାରେ।

# ଏୟାର କୋରିୟର ପାଇଁ ଲିକ୍ୱିଡ୍, ପାଉଡର, ଇଲେକ୍ଟ୍ରୋନିକ୍ ସାମଗ୍ରୀ ମନା

**ନୂଆଦିଲ୍ଲୀ,୧୬।୬ (ଏଜେନ୍ସି):** ଅହମ୍ମଦାବାଦରେ ବିମାନ ଦୁର୍ଘଟଣା ପରେ ଏବେ ଏୟାର କୋରିୟର ପାର୍ସଲ ଉପରେ କଟକଣା ଲାଗୁ କରାଯାଇଛି। ବିମାନରେ ଏଣିକି କୌଣସି ଲିକ୍ୱିଡ, ପାଉଡର ଓ ସାମଗ୍ରୀ ସଡ଼କ ମାର୍ଗରେ ପରିବହନ ପାଇଁ ବୁକ୍ କରାଯାଇପାରିବ। ଏଣୁ କୋରିୟର କମ୍ପାନୀମାନେ ଗ୍ରାହକଙ୍କୁ ଅନୁରୋଧ କରିଛନ୍ତି ଯେ ଏପରି କୌଣସି ସାମଗ୍ରୀ ଏୟାର କୋରିୟରରେ ଆଉ ପଠାନ୍ତୁନାହିଁ।

### ବିମାନବନ୍ଦର କର୍ତ୍ତୃପକ୍ଷଙ୍କ ନିର୍ଦ୍ଦେଶ

ଇଲେକ୍ଟ୍ରୋନିକ୍ ସାମଗ୍ରୀ ନେଇ ଯିବା ଉପରେ କଟକଣା ଲଗାଯାଇଛି। ଏପରି କୌଣସି କୋରିୟର ପାର୍ସଲକୁ କୌଣସି ପ୍ରକାରର ଏୟାର କୋରିୟରରେ ସ୍ୱୀକାର କରାଯିବନାହିଁ। ଶ୍ରୀମହାବୀର ଏକ୍ସପ୍ରେସ୍ ସର୍ଭିସ୍ ପ୍ରାଇଭେଟ ଲିମିଟେଡ ଏ ନେଇ ସାରା ଦେଶର ନିଜର କାର୍ଯ୍ୟାଳୟଗୁଡିକୁ ଲିଖିତ ଆଦେଶ ଜାରି କରିଛନ୍ତି।




ଏହି ଆଦେଶରେ ବୁକିଂ କରିବାବେଳେ ଏଣିକି ସତର୍କ ହେବା ପାଇଁ ଉଲ୍ଲେଖ କରାଯାଇଛି। ଦେଶର ସବୁ ବିମାନ ବନ୍ଦରକୁ ଏ ନେଇ କଡ଼ାକଡି ନିର୍ଦ୍ଦେଶ ଜାରି କରାଯାଇଛି। ଯଦି ବିନା ସୂଚନାରେ ଏପରି କୌଣସି ସାମଗ୍ରୀ ପଠାଯାଏ ତେବେ ଏହାକୁ ବିମାନ ବନ୍ଦରରେ ରଖିଦିଆଯିବ, ଯାହା ଫେରସ୍ତ ମିଳିବନାହିଁ। ଅନୁମାନ କରାଯାଉଛି ଏୟାର କୋରିୟର କମ୍ପାନୀମାନେ ସେମାନଙ୍କ ଅଫିସରେ ଏବେ ଏ ନେଇ ଲିଖିତ ସତର୍କତା ଝୁଲାଇପାରନ୍ତି। ତେବେ ଏପରି ଯଦି କୌଣସି ବ୍ୟକ୍ତି ଏୟାର ଟ୍ରାଭେଲ କରୁଥାନ୍ତି ତାଙ୍କ ବ୍ୟାଗେଜ କଡ଼ାକଡ଼ି ଯାଞ୍ଚ ହେଉଛି। ଏପରି କୌଣସି ସାମଗ୍ରୀ ମିଳିଲେ ଜବତ କରାଯାଉଛି। ଏପରି ସାମଗ୍ରୀକୁ ନେଇ ଏବେ ଯାତ୍ରୀଙ୍କୁ ପଚରାଉଚରା କରାଯାଉଛି। କେତେକ ମାମଲାରେ ଯାତ୍ରୀଙ୍କୁ ବିମାନରେ ଯିବାକୁ ରୋକି ଦିଆଯାଉଛି। ଏଥିରେ ମାଦକ ଦ୍ରବ୍ୟ, ପରଫ୍ୟୁମ, ଔଷଧ, ସୌନ୍ଦର୍ଯ୍ୟ ପ୍ରସାଧାନ, ବ୍ୟାଟେରୀ ସେଲ୍, ହ୍ୟାଣ୍ଡ ବ୍ୟାଗେଜରେ ଇଲୋକ୍ଟ୍ରୋନିକ ଉତ୍ପାଦ ଆଦିକୁ ଅଟକ ଯାଉଛି। ତେବେ ଏଗୁଡ଼ିକୁ ସୀମିତ ଯାତ୍ରାରେ ସ୍ୱୀକାର କରାଯାଉଛି।

### ଚାଇନାରୁ ରେଆର୍ ଆର୍ଥ ମ୍ୟାଗ୍ନେଟ୍ ଯୋଗାଣ ବନ୍ଦ

# ବିପଦରେ ଭାରତୀୟ ଇଭି ଶିଳ୍ପ

**ନୂଆଦିଲ୍ଲୀ,୧୬।୬(ଏଜେନ୍ସି):**




ଭାରତୀୟ ଏବଂ ବିଶ୍ୱ ଅଟୋମୋବାଇଲ୍ ଶିଳ୍ପ ଏକ ନୂତନ ଆହ୍ୱାନର ସମ୍ମୁଖୀନ ହେଉଛି। ଆକଳନ କରାଯାଉଛି ଯେ କିଛି ଅଟୋମୋଟିଭ୍ ବ୍ୟବହାର ପାଇଁ ଆବଶ୍ୟକ ରେଆର ଆର୍ଥ ମ୍ୟାଗ୍ନେଟ୍ ଷ୍ଟକ୍ ଚଳିତବର୍ଷ ଜୁଲାଇ ମଧ୍ୟଭାଗ ସୁଦ୍ଧା ଶେଷ ହୋଇପାରେ। ଏହାର ସବୁଠାରୁ ବଡ଼ କାରଣ ହେଉଛି ଏହି ଚୁମ୍ବକର ରପ୍ତାନି ଉପରେ ଚୀନ୍ ଦ୍ୱାରା ଲାଗୁ କରାଯାଇଥିବା କଠୋର କଟକଣା ଏବଂ ରପ୍ତାନିରେ ବିଳମ୍ବ। ଏହା ବିଶେଷ କରି ଦେଶରେ ବୈଦ୍ୟୁତିକ ଯାନ(ଇଭି) ଉତ୍ପାଦନ ଗତିକୁ ପ୍ରଭାବିତ କରିପାରେ ଏବଂ ବଜାରରେ ଅସ୍ଥିରତା ସୃଷ୍ଟି କରିପାରେ।

ରିପୋର୍ଟ ଅନୁଯାୟୀ, ଇକ୍ରା ଲିମିଟେଡରର ବରିଷ୍ଠ ଉପାଧ୍ୟକ୍ଷ ଜିତିନ୍ ମକ୍କର କହିଛନ୍ତି ଯେ ରେଆର ଆର୍ଥ ମ୍ୟାଗ୍ନେଟ୍‌ର ବର୍ତ୍ତମାନର ଅଭାବ ଅଟୋ ଶିଳ୍ପ ପାଇଁ ଏକ ଦୁଃଖଦ ଘଟଣା ପରି। ପୂର୍ବରୁ ୨୦୨୧-୨୨ ରେ ସେମିକଣ୍ଡକ୍ଟର ଅଭାବ ଯାତ୍ରୀବାହୀ ଯାନ ଉତ୍ପାଦନକୁ ପ୍ରାୟ ୧ ଲକ୍ଷ ୟୁନିଟ୍ (ଅର୍ଥାତ୍ ୪ପ୍ରତିଶତ) ହ୍ରାସ କରିଥିଲା। ଏବେ ପୁଣି ଥରେ ଶିଳ୍ପ ସମ୍ମୁଖରେ ଯୋଗାଣ ସମ୍ବନ୍ଧୀୟ ଆଉ ଏକ ପ୍ରତିବନ୍ଧକ ସୃଷ୍ଟି ହୋଇଛି। ତାଙ୍କ ମତରେ ଯଦି ଚୀନର ମନୋଭାବ ସମାନ ରୁହେ, ତେବେ ଭାରତରେ ଅଧିକାଂଶ ଯାତ୍ରୀ ଏବଂ ଦୁଇଚକିଆ ଯାନରେ ବ୍ୟବହୃତ ରେଆର ଆର୍ଥ ମ୍ୟାଗ୍ନେଟ୍ ରଷ୍ଟକ୍ କେବଳ ୨୦୨୫ ଜୁଲାଇ ମଧ୍ୟଭାଗରେ ଶେଷ ହୋଇଯିବ।

ଏଠାରେ ସୂଚନାଯୋଗ୍ୟ ଯେ, ରେଆର ଆର୍ଥ ମ୍ୟାଗ୍ନେଟ୍ ନିଓଡାଇମିୟମ୍-ଆଇରନ-ବୋରନ୍‌ରୁ ତିଆରି ଏବଂ ତାହା ବେଶ ଶକ୍ତ। ଏଗୁଡ଼ିକ ବିଶେଷକରି ବୈଦ୍ୟୁତିକ ଯାନରେ ବ୍ୟବହୃତ ଟ୍ରାକ୍ସନ୍ ମୋଟର ଏବଂ ପାୱାର ଷ୍ଟିଅରିଂ ମୋଟର (ଯେପରିକି ଦୁଇଚକିଆ ଯାନ ଏବଂ କାର) ରେ ବ୍ୟବହୃତ ହୁଏ। ସାଧାରଣ ଫେରାଇଟ୍ ଚୁମ୍ବକ (ଯାହା ସାଧାରଣତଃ ଛୋଟ କଳା ଚୁମ୍ବକ) ୱିଣ୍ଡୋ ମୋଟର, ୱାଇପର ଏବଂ ଷ୍ଟାର୍ଟର ମୋଟର ଭଳି କମ୍ ଶକ୍ତି ପ୍ରୟୋଗ ସ୍ଥାନରେ ବ୍ୟବହୃତ ହୁଏ।

ଏକ ଇଭିରେ ବ୍ୟବହୃତ ଏକ ମୋଟରର ମୂଲ୍ୟ ୮୦୦୦ ଟଙ୍କାରୁ ୧୫ ହଜାର ଟଙ୍କା ପର୍ଯ୍ୟନ୍ତ ହୋଇଥାଏ। ଯେଉଁଥିରେ ରେଆର ଆର୍ଥ ମ୍ୟାଗ୍ନେଟ୍‌ର ଭାଗ ପ୍ରାୟ ୩୦ ପ୍ରତିଶତ। ୨୦୨୫ରେ ଭାରତ ପ୍ରାୟ ୨୦୦ ନିୟୁତ ଡଲାର ମୂଲ୍ୟର ଏପରି ଚୁମ୍ବକ ଆମଦାନୀ କରିଥିଲା, ଯାହା ମଧ୍ୟରୁ ୮୫% ପ୍ରତିଶତ ଚୀନରୁ ଆସିଥିଲା।

### ଜୁଲାଇ ଅଧାରେ ଷ୍ଟକ୍ ଶେଷ ହୋଇଯାଇପାରେ

### ରପ୍ତାନି ନିୟମ କଡ଼ା କରିଛି ଡ୍ରାଗନ୍

ବର୍ତ୍ତମାନର ସଙ୍କଟକୁ ଦୃଷ୍ଟିରେ ରଖି, ଅନେକ ଯାନବାହନ ନିର୍ମାତା ଏବଂ ଓଇଏମ୍ କମ୍ପାନୀଗୁଡ଼ିକ ବିକଳ୍ପ ଉପାୟ ଖୋଜୁଛନ୍ତି। ଏଥିରେ ଚୀନରୁ ସମାପ୍ତ ବୈଦ୍ୟୁତିକ ମୋଟର ଆମଦାନୀ କରିବା, ଚୁମ୍ବକ ଆସେମ୍ବଲି ପାଇଁ ରୋଟରଗୁଡ଼ିକୁ ଚୀନକୁ ଫେରାଇ ପଠାଇବା, ବିରଳ-ପୃଥିବୀ ମୁକ୍ତ ସାମଗ୍ରୀରୁ ତିଆରି ବିକଳ୍ପ ଅନୁସନ୍ଧାନ କରିବା ଏବଂ ଚୁମ୍ବକ-ମୁକ୍ତ ମୋଟର ଡିଜାଇନ୍ ଗ୍ରହଣ କରିବା ଅନ୍ତର୍ଭୁକ୍ତ। କିନ୍ତୁ ପ୍ରତ୍ୟେକ ବିକଳ୍ପର ଲଜିଷ୍ଟିକ୍ସ, ପ୍ରଯୁକ୍ତିବିଦ୍ୟା ଏବଂ ନିୟମାବଳୀ ସହିତ ଜଡିତ ନିଜସ୍ୱ ଚ୍ୟାଲେଞ୍ଜ ଅଛି। ଏହି ସମାଧାନଗୁଡ଼ିକୁ ଶୀଘ୍ର ବିକଶିତ କରାଯିବା ଆବଶ୍ୟକ ଏବଂ ପରୀକ୍ଷଣ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରାଯିବା ଆବଶ୍ୟକ ଯାହା ଦ୍ୱାରା ଉତ୍ପାଦନରେ କୌଣସି ବଡ଼ ବାଧା ନ ହୁଏ। ରିପୋର୍ଟ ଅନୁଯାୟୀ, କେୟାରଏଜ୍ ରେଟିଂସର ସହକାରୀ ନିର୍ଦ୍ଦେଶକ ମଧୁସୂଦନ ଗୋସ୍ୱାମୀ କହିଛନ୍ତି, ଭାରତରେ ରେଆର ଆର୍ଥ ମ୍ୟାଗ୍ନେଟ୍‌ର ଅଭାବ ଜନିତ ବର୍ତ୍ତମାନର ପରିସ୍ଥିତି କେବଳ ଏକ ଯୋଗାଣ ଶୃଙ୍ଖଳ ସମସ୍ୟା ନୁହେଁ, ବରଂ ଏକ ରଣନୈତିକ ଚେତାବନୀ। ଚୀନର କଠୋର ରପ୍ତାନି ନୀତି ଭାରତର ଇଭି ମହତ୍ତ୍ୱାକାଂକ୍ଷାର ଦୁର୍ବଳ ମୂଳଦୁଆକୁ ପ୍ରକାଶ କରିଛି। ଯଦି ଆମେ ପ୍ରକୃତରେ ଆତ୍ମନିର୍ଭରଶୀଳ ହେବାକୁ ଚାହୁଁ, ତେବେ ଆମକୁ ଘରୋଇ ଭାବରେ ରେଆର ଆର୍ଥ ମ୍ୟାଗ୍ନେଟ୍‌ର ଏକ ସମ୍ପୂର୍ଣ୍ଣ ଇକୋସିଷ୍ଟମ ସୃଷ୍ଟି କରିବାକୁ ପଡିବ।» ସେ ପରାମର୍ଶ ଦେଇଛନ୍ତି ଯେ ଭବିଷ୍ୟତରେ ଏପରି ସଙ୍କଟ ପୁନରାବୃତ୍ତି ନ ହେବା ପାଇଁ ସରକାରୀ-ବେସରକାରୀ କ୍ଷେତ୍ର ଏବଂ ବିଶ୍ୱ ସହଭାଗୀତା ସହିତ ସହଯୋଗରେ ରଣନୈତିକ ସଂରକ୍ଷଣ, ଗବେଷଣା ଏବଂ ବିକାଶ ସାହାଯ୍ୟରେ ଏକ ଜାତୀୟ ରଣନୀତି ପ୍ରସ୍ତୁତ କରିବାକୁ ପଡିବ।

# ନାଇଜେରିଆରେ ଶହେ ଜଣଙ୍କୁ ଗୁଳିକରି ହତ୍ୟା



## ଅନେକଙ୍କୁ ଘରେ ବନ୍ଦ କରି ଜିଅନ୍ତା ଜାଳିଦେଲେ

ଅବୁଜା, ୧୫।୬ (ଏଜେନ୍ସି): ନାଇଜେରିଆ ବେନ୍ୟୁ ରାଜ୍ୟର ଗୁମା ଅନ୍ତର୍ଗତ ୟେଲେୱାଟାଠାରେ ଆତଙ୍କବାଦୀ ନରସଂହାର କରିଛନ୍ତି। ସଶସ୍ତ୍ର ଆକ୍ରମଣକାରୀ ଗ୍ରାମବାସୀଙ୍କୁ ଚାରିପଟୁ ଘେରି ଗୁଳିମାଡ଼ କରିଛନ୍ତି। ଏଥିରେ ଶହେରୁ ଅଧିକ ଲୋକଙ୍କ ଜୀବନ ଯାଇଛି। ଶତାଧିକ ଆହତ ହୋଇଛନ୍ତି। ଅନେକ ଲୋକ ନିଖୋଜ ମଧ୍ୟ ଅଛନ୍ତି। କିନ୍ତୁ ଦୁଃଖର ବିଷୟ ଏହି କି ଯେ ଆହତଙ୍କୁ ଏ ପର୍ଯ୍ୟନ୍ତ ଜରୁରୀ ଚିକିତ୍ସା ସୁବିଧା ମିଳିପାରି ନାହିଁ। ଶୁକ୍ରବାର ରାତିରେ ଏହି ଆକ୍ରମଣ ହୋଇଥିବାବେଳେ ରବିବାର ଏହା ସାମ୍ନାକୁ ଆସିଛି। ମାନବାଧିକାର ଗୋଷ୍ଠୀ ଆମେନିଷ୍ଟି ଇଣ୍ଟରନ୍ୟାସନାଲ ନାଇଜେରିଆ ପକ୍ଷରୁ ସାମାଜିକ ଗଣମାଧ୍ୟମରେ ଏହି ସୂଚନା ଦିଆଯାଇଛି। ଏହି ଗୋଷ୍ଠୀବଦ୍ଧ ଆକ୍ରମଣରେ ଆକ୍ରମଣକାରୀ ଗାଁର ଅନେକ ପରିବାରକୁ ତାଙ୍କ ଘରେ ବନ୍ଦ କରି ଜିଅନ୍ତା ଜାଳି ଦେଇଥିଲେ। ଏଥିରେ ଲୋକେ ଏଭଳି ଭାବେ ଜଳି ଯାଇଛନ୍ତି ଯେ ମୃତଦେହ ଚିହ୍ନଟ କରିବା ମଧ୍ୟ କଷ୍ଟସାଧ୍ୟ ହୋଇଯାଇଛି। ବେନ୍ୟୁ ପୁଲିସ ଏହି ମାମଲାର ସୂଚନା ଦେଇଛି। କିନ୍ତୁ କିଏ ଓ କାହିଁକି ଆକ୍ରମଣ କରିଥିଲା ଏବଂ କେତେ ଜଣ ପ୍ରାଣ ହରାଇଛନ୍ତି ତାହାର ତଥ୍ୟ ଦେଇ ନାହିଁ। ବେନ୍ୟୁ ନାଇଜେରିଆର ମଧ୍ୟ ବେଲ୍ଟରେ ରହିଛି। ଏହାର ଉତ୍ତରରେ ମୁସଲମାନ ସଂଖ୍ୟାଗରିଷ୍ଠ। କିନ୍ତୁ ଦକ୍ଷିଣରେ ଅଧିକାଂଶ ଖ୍ରୀଷ୍ଟିଆନ ରହୁଛନ୍ତି। ଜମି ଏବଂ ପାଣିକୁ ନେଇ ଉଭୟ ସମ୍ପ୍ରଦାୟ ମଧ୍ୟରେ ସବୁବେଳେ ସଂଘର୍ଷ ହେଉଛି। ଜନଜାତି ଏବଂ ଧାର୍ମିକ ଭାଗବଣ୍ଟା ଯୋଗୁଁ ଝଗଡ଼ା ଦିନକୁ ଦିନ ବଢ଼ିବାରେ ଲାଗିଛି। ଜମିକୁ ନେଇ ମୁସଲମାନ ଏବଂ ଖ୍ରୀଷ୍ଟିଆନ ପଶୁପାଳକ ଓ କୃଷକଙ୍କ ମଧ୍ୟରେ ପ୍ରତିଯୋଗିତା ହେଉଛି।

# ଚିହ୍ନଟ ହେଲା ରୁପାଣୀଙ୍କ ମୃତଦେହ, ଅନ୍ତ୍ୟେଷ୍ଟି ଆଜି



## ଚିହ୍ନଟ ହେଲାଣି ୪୭ ମୃତଦେହ

## ୨୪ ମୃତଦେହ ସମ୍ପର୍କୀୟଙ୍କୁ ହସ୍ତାନ୍ତର

ଅହମଦାବାଦ, ୧୫।୬ (ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଗୁଜରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୁପାଣୀଙ୍କ ମୃତଦେହ ଚିହ୍ନଟ କରାଯାଇଛି। ରବିବାର ତାଙ୍କ ଡିଏନଏ ମିଶିଛି। ସୋମବାର ଅପରାହ୍ଣ ୩ଟାରେ ରାଜକୋଟରେ ତାଙ୍କର ଅନ୍ତିମ ସଂସ୍କାର କରାଯିବ ବୋଲି ପରିବାର ପକ୍ଷରୁ ସୂଚନା ଦିଆଯାଇଛି। ଗତଚ ୧୨ ତାରିଖରେ ହୋଇଥିବା ଏହି ବିମାନ ଦୁର୍ଘଟଣା ଜନିତ ମୃତ୍ୟୁସଂଖ୍ୟା ୨୭୫ରେ ପହଞ୍ଚି ଯାଇଛି। ଅହମଦାବାଦ ସିଭିଲ ହସ୍ପିଟାଲ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ ଏ ପର୍ଯ୍ୟନ୍ତ ୨୩୦ ପରିବାର ସହ ଯୋଗାଯୋଗ କରାଗଲାଣି। ଆଜି ସକାଳ ସୁଦ୍ଧା ୨୪୮ ମୃତଦେହର ଡିଏନଏ ନମୁନା ସଂଗ୍ରହ କରାଯାଇଛି। ୪୭ ମୃତଦେହ ଚିହ୍ନଟ କରାଯାଇଛି। ମୃତ୍ୟୁ ପ୍ରମାଣପତ୍ର ସହିତ ୨୪ଟି ମୃତଦେହ ସମ୍ପର୍କୀୟଙ୍କୁ ପ୍ରଦାନ କରାଯାଇଛି। ଆମ୍ବୁଲାନ୍ସ ମାଧ୍ୟମରେ ମୃତଦେହକୁ ପଠା ଯାଉଛି। ଏଥିପାଇଁ ୨୩୦ ଟିମ୍ ଗଠନ କରାଯାଇଛି। ଏମାନେ ମୃତକଙ୍କ ସମ୍ପର୍କୀୟଙ୍କ ସହ ଯୋଗାଯୋଗ କରୁଛନ୍ତି। ଦୁର୍ଘଟଣାରେ ପ୍ରାଣ ହରାଇଥିବା ୧୧ ବିଦେଶୀ ନାଗରିକଙ୍କ ସମ୍ପର୍କୀୟ ଆଜି ଅହମଦାବାଦରେ ପହଞ୍ଚି ପାରନ୍ତି। ସେହିପରି ମୃତଦେହ ରଖିବା ପାଇଁ ଭଦୋଦରାରୁ ୧୦୦ କଫିନ ଅହମଦାବାଦ ଅଣାଯାଇଛି। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ (ପିଏମଓ) ଟିମ୍ ଏବଂ ବୋଇଂ ଟିମ୍ ଘଟଣାସ୍ଥଳରେ ପହଞ୍ଚିଛି। ପ୍ରଧାନମନ୍ତ୍ରୀଙ୍କ ପ୍ରମୁଖ ସଚିବ ପିକେ ମିଶ୍ର ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ସେ ଅହମଦାବାଦ ହସ୍ପିଟାଲକୁ ଯାଇ ଆହତଙ୍କ ସହ ମଧ୍ୟ କଥା ହୋଇଛନ୍ତି। ଏହି ଦୁର୍ଘଟଣା ଗଭୀର ଆଘାତ ଦେଇଛି ବୋଲି ସେ କହିଛନ୍ତି।

# ଏୟାର ଇଣ୍ଡିଆକୁ ଶନିଦଶା



## ଭଦୋଦରାରେ ଜରୁରୀ ଅବତରଣ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଏୟାର ଇଣ୍ଡିଆର ସଙ୍କଟ ଥମିବାର ନା ଧରୁନି। ଅହମଦାବାଦ ବିମାନ ଦୁର୍ଘଟଣା ପରେ ରବିବାର ସନ୍ଧ୍ୟାରେ ନୂଆଦିଲ୍ଲୀରେ କମ୍ପାନୀର ଆଉ ଏକ ବିମାନ ଜରୁରୀ ଅବତରଣ କରିଛି। ସୂଚନା ଅନୁଯାୟୀ ଦିଲ୍ଲୀର ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନ ବନ୍ଦର (ଆଇଜିଆଇ)ରୁ ସନ୍ଧ୍ୟା ୬ଟା ୫୧ରେ ଦିଲ୍ଲୀ-ଭଦୋଦରା (ଏଆଇ-୮୧୯) ବିମାନ ଉଡ଼ାଣ ଆରମ୍ଭ କରିଥିଲା। ମାତ୍ର ଏହା ପରେ ପାଇଲଟ୍ ଲ୍ୟାଣ୍ଡିଂ ଗିୟରରେ ସମସ୍ୟା ଥିବା ଆଶଙ୍କା କରିଥିଲେ। ଏହା ପରେ ଦିଲ୍ଲୀ ଏୟାର ଟ୍ରାଫିକ କଣ୍ଟ୍ରୋଲ (ଏଟିସି)କୁ ସୂଚନା ଦେଇଥିଲେ। ସତର୍କତାମୂଳକ ପଦକ୍ଷେପ ସ୍ୱରୂପ ଏହାକୁ ଦିଲ୍ଲୀ ଫେରାଇ ଅଣା ଯାଇଥିଲା। ଉଡ଼ାଣର ଅଧଘଣ୍ଟା ପରେ ୭ଟା୨୦ରେ ଆଇଜିଆଇରେ ବିମାନ ଜରୁରୀ ଅବତରଣ କରିଥିଲା। ଏଥିପାଇଁ ବିମାନବନ୍ଦରରେ ସମସ୍ତ ପ୍ରସ୍ତୁତି କରାଯାଇଥିଲା। ସବୁ କିଛି ଯାଞ୍ଚ କରିବା ପରେ ଏହା ରାତିରେ ଉଡ଼ାଣ ଭରିବ।

## ଏସି ନାହିଁ, ଗରମରେ ୫ ଘଣ୍ଟା ସିଝିଲେ ଯାତ୍ରୀ

ଦୁବାଇ, ୧୫।୬ (ଏଜେନ୍ସି): ସମସ୍ୟା ଏୟାର ଇଣ୍ଡିଆ କମ୍ପାନୀର ପିଛା ଛାଡୁ ନାହିଁ। ଏୟାର ଇଣ୍ଡିଆ ଏକ୍ସପ୍ରେସର ବିମାନ ଆଇଏକ୍ସ-୧୯୬ରେ ଏସି କାମ କରିନାହିଁ। ଏଥିପାଇଁ ଯାତ୍ରୀ ବିନା ଏସିରେ ୫ ଘଣ୍ଟା ପର୍ଯ୍ୟନ୍ତ ଗରମରେ ସିଝିଥିଲେ। ଯାତ୍ରୀଙ୍କୁ ବିମାନବନ୍ଦରକୁ ଯିବାକୁ ମଧ୍ୟ ଦିଆଯାଇ ନ ଥିଲା। ବିମାନ ଭିତରେ ରହିବାକୁ ବାଧ୍ୟ କରାଯାଇଥିଲା ବୋଲି ଅଭିଯୋଗ ହୋଇଛି। ଗତ ୧୩ ତାରିଖରେ ଦୁବାଇରୁ ରାଜସ୍ଥାନର ଜୟପୁର ଆସୁଥିବା ବିମାନରେ ଏହି ସ୍ଥିତି ଦେଖା ଯାଇଥିଲା। ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଏହି ବିମାନ ୫ ଘଣ୍ଟା ବିଳମ୍ବରେ ଉଡ଼ାଣ କରିଥିଲା। ଏହି ବିମାନର ଭିଡିଓ ଭାଇରାଲ ହେବାରେ ଲାଗିଛି। ୪୦ ଡିଗ୍ରୀ ତାପମାତ୍ରାରେ ଯାତ୍ରୀ ବିମାନ ଭିତରେ ରହି ହାତରେ କାଗଜ ଧରି ବିଞ୍ଚି ହେଉଥିବାର ଦେଖାଯାଉଛି। ଏଥିଯୋଗୁଁ କିଛି ବରିଷ୍ଠ ନାଗରିକଙ୍କ ସ୍ୱାସ୍ଥ୍ୟାବସ୍ଥା ମଧ୍ୟ ବିଗିଡି ଯାଇଥିଲା। ବିମାନରେ ପର୍ଯ୍ୟାପ୍ତ ପାଣି ବି ନ ଥିଲା। ଏଥିପାଇଁ ବିମାନ କମ୍ପାନୀର ପରିଚାଳକଙ୍କୁ ଦାୟୀ କରିବାକୁ ଡିଜିସିଏ ନିକଟରେ ଯାତ୍ରୀ ଦାବି କରିଛନ୍ତି।

## ଗୌହାଟୀ-କୋଲକାତା ବିମାନ ୧୮ ଘଣ୍ଟା ବିଳମ୍ବ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଏୟାର ଇଣ୍ଡିଆ ଏକ୍ସପ୍ରେସର ବିମାନ ଆଇଏକ୍ସ-୧୨୨୬ ବିମାନ ଯାତ୍ରୀଙ୍କ ପାଇଁ ଖରାପ ସ୍ୱପ୍ନ ସଦୃଶ ହୋଇଛି। ଗୌହାଟୀରୁ କୋଲକାତା ଯାତ୍ରା କରିବାକୁ ଥିବା ଏହି ବିମାନର ଉଡ଼ାଣରେ ୧୮ ଘଣ୍ଟା ବିଳମ୍ବ ହୋଇଛି। ଯାନ୍ତ୍ରିକ ତ୍ରୁଟି ଦେଖାଯିବା ଯୋଗୁଁ ବିମାନକୁ ଦୁଇ ଦୁଇ ଥର ଅଟକାଇ ଦିଆଯାଇଛି। ଏହି ବିମାନରେ ୧୭୦ ଯାତ୍ରୀ ଯାତ୍ରା କରୁଥିଲେ। ଏହା ଶନିବାର ରାତି ୯ଟା ୨୦ରେ ଲୋକପ୍ରିୟ ଗୋପୀନାଥ ବରୋଦୋଲୋଇ ଅନ୍ତର୍ଜାତୀୟ ବିମାନବନ୍ଦରରୁ ଛାଡ଼ିବାର ଥିଲା। ଯାତ୍ରୀ ବସି ସାରିଥିବା ସତ୍ତ୍ୱେ ବିମାନକୁ ମଧ୍ୟରାତ୍ରିରେ ଅନେକ ଘଣ୍ଟା ପର୍ଯ୍ୟନ୍ତ ଅଟକାଇ ଦିଆଯାଇଥିଲା। ରାତି ୧ଟା୩୦ରେ ଯାତ୍ରୀଙ୍କୁ ପ୍ରଥମେ ଲାଉଞ୍ଜ ଏବଂ ପରେ ହୋଟେଲକୁ ନିଆଯାଇଥିଲା। ଏଠାରେ ଜଳଖିଆ କରିବାକୁ ମଧ୍ୟ ଦିଆଯାଇ ନ ଥିଲା। ଏହା ପରେ ସକାଳେ ପୁଣି ଯାତ୍ରୀଙ୍କୁ ବିମାନବନ୍ଦରକୁ ନିଆଯାଇ ସମାନ ସମସ୍ୟା ଲାଗି ଫେରାଇ ଅଣା ଯାଇଥିଲା। ଶେଷରେ ଅନ୍ୟ ଏକ ବିମାନରେ ରବିବାର ଅପରାହ୍ଣ ୩ଟା ୩୪ରେ ଯାତ୍ରୀଙ୍କୁ ଗନ୍ତବ୍ୟସ୍ଥଳକୁ ପଠା ଯାଇଥିଲା।

# ଜନ୍ମଦିନରେ ଟ୍ରମ୍ପଙ୍କ ବିରୋଧରେ ବିକ୍ଷୋଭ



ୱାଶିଂଟନ, ୧୫।୬ (ଏଜେନ୍ସି): ସାରା ବିଶ୍ୱକୁ ଗଣତନ୍ତ୍ରର ଶିକ୍ଷା ଦେଉଥିବା ଆମେରିକା ଉପରେ ଏକଛତ୍ରବାଦର ଅଭିଯୋଗ ଲାଗିଛି। ଆମେରିକା ସେନାର ୨୫୦ତମ ପ୍ରତିଷ୍ଠା ଦିବସ, ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଜନ୍ମଦିନ (ଶନିବାର)କୁ ନେଇ ଖୁସିର ମାହୋଲ ଥିବାବେଳେ ରବିବାର ହଜାର ହଜାର ଲୋକ ରାଷ୍ଟ୍ରପତିଙ୍କ ବିରୋଧରେ ରାସ୍ତାକୁ ଓହ୍ଲାଇଛନ୍ତି। ଗୋଟିଏ ପଟେ ଟ୍ରମ୍ପ ସେନାକୁ ସମ୍ବୋଧନ କରିଥିବାବେଳେ ଅନ୍ୟପଟେ ତାଙ୍କ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ ଉଗ୍ର ହୋଇଛି। ଗଣତାନ୍ତ୍ରିକ ରାଷ୍ଟ୍ରରେ ଏକଛତ୍ରବାଦର ଶାସନ ଚାଲିଛି ବୋଲି ବିକ୍ଷୋଭକାରୀ ଅଭିଯୋଗ କରିଛନ୍ତି। କଥା କଥାରେ ଅନ୍ୟ ଦେଶକୁ ଗଣତନ୍ତ୍ରର ପରାମର୍ଶ ଦେଉଥିବା ଆମେରିକା ଆଜି ନିଜେ ଏଥିରେ ଛନ୍ଦି ହୋଇଯାଇଛି। ଲୋକଙ୍କ ଅଧିକାରକୁ ଟ୍ରମ୍ପ ପ୍ରଶାସନ ଦଳିଚକଟି ଦେଉଥିବା ଅଭିଯୋଗ କରି ଲୋକେ ରାସ୍ତାକୁ ଓହ୍ଲାଇଛନ୍ତି। ଟ୍ରମ୍ପଙ୍କ ନୀତି ବିଶେଷ କରି ପ୍ରବାସୀଙ୍କ ବିରୋଧରେ ହେଉଥିବା କାର୍ଯ୍ୟାନୁଷ୍ଠାନକୁ ବିରୋଧ କରି ଶନିବାର ଦେଶରେ ବଡ଼ଧରଣର ବିକ୍ଷୋଭ ପ୍ରଦର୍ଶନ ହୋଇଥିଲା। ଆଜି ମଧ୍ୟ ଏହା ଜାରି ରହିଛି। ଅନେକ ସହରରେ ବିକ୍ଷୋଭ କରାଯାଇଛି। ରାଜା ଶାସନ ଚାଲିବ ନାହିଁ ବୋଲି ବିକ୍ଷୋଭକାରୀ ସ୍ଲୋଗାନ ଦେଇଛନ୍ତି। ଆଟଲାଣ୍ଟା, ଫିଲାଡେଲଫିଆ, ସିକାଗୋ, ନ୍ୟୁୟର୍କ, ଅଷ୍ଟିନ, ଲସ୍ ଆଞ୍ଜେଲସ ଏବଂ ହ୍ୟୁଷ୍ଟନ ସମେତ ଅନ୍ୟ ସହର ଗୁଡିକରେ ଲୋକେ 'ନୋ କିଙ୍ଗ୍ସ: ଡେ ଅଫ୍ ଡିଫାୟନ୍ସ' ନାମରେ ବିରୋଧ କରାଯାଇଛି। ସଡ଼କ, ପାର୍କ ଏବଂ ପୁଲିସ ପୋଷ୍ଟ ଗୁଡିକର ବିକ୍ଷୋଭ କରାଯାଇଛି। ଏଥିରେ ଲକ୍ଷାଧିକ ଲୋକ ସାମିଲ ହୋଇଥିଲେ। ଟ୍ରମ୍ପ ଗଣତାନ୍ତ୍ରିକ ସଂସ୍ଥାକୁ ଦୁର୍ବଳ କରି ରାଜା ଭଳି ବ୍ୟବହାର କରୁଥିବା ସେମାନେ ଅଭିଯୋଗ କରିଛନ୍ତି। ଏକଛତ୍ରବାଦ ଚଳିବ ନାହିଁ ଏବଂ ପ୍ରବାସୀଙ୍କ ଅଧିକାର ଜିନ୍ଦାବାଦ ସ୍ଲୋଗାନ ଦିଆଯାଇଛି।

ଆଜି ଆମେରିକା ସମାଜର ୨ଟି ଝଲକ ଦେଖିବାକୁ ମିଳିଥିଲା। ଗୋଟିଏ ପଟେ ସେନା ଶୌର୍ଯ୍ୟ ପ୍ରଦର୍ଶନ କରି ଇତିହାସ ସୃଷ୍ଟି କରିଥିବାବେଳେ ଅନ୍ୟପଟେ ଗଣତାନ୍ତ୍ରିକ ଏବଂ ଲୋକଙ୍କ ଅଧିକାର ପାଇଁ ସ୍ୱର ଉଠିଛି। ଟ୍ରମ୍ପଙ୍କ ଏହି ପରେଡ ତାଙ୍କ ସମର୍ଥକଙ୍କ ପାଇଁ ଉତ୍ସବ ଆଣିଥିବାବେଳେ ବିରୋଧୀଙ୍କ ତାଙ୍କୁ ଚେତାବନୀ ଦେଇଛନ୍ତି। ଏହି ପ୍ରଦର୍ଶନ ସମୟରେ କିଛଇ ସ୍ଥାନରେ ହିଂସା ହୋଇଛି। ଲସ୍ ଆଞ୍ଜେଲସ ଏବଂ ପୋର୍ଟଲାଣ୍ଡରେ ପୁଲିସ ପ୍ରଦର୍ଶନକାରୀଙ୍କ ମଧ୍ୟରେ ସଂଘର୍ଷ ହୋଇଛି। ଆନ୍ଦୋଳନକାରୀଙ୍କୁ ଘଉଡାଇବା ପାଇଁ ଲୁହବୁହା ଗ୍ୟାସ ମାଡ କରାଯାଇଛି। ଏଥିରେ ଅନେକ ଆହତ ହୋଇଛନ୍ତି। ସଲ୍ଟ ଲେକ୍ ସିଟିରେ ପୁଲିସ ଫାଙ୍କା ଗୁଳିଚାଳନା କରିଛି। ଏଥିରେ ଜଣେ ଗୁରୁତର ଆହତ ହୋଇଛନ୍ତି।

# ଦୁଇ ଭାଇ ଠକିନେଲେ ୨୬୭୬ କୋଟି



ଜୟପୁର, ୧୫।୬ (ଏଜେନ୍ସି): ରାଜସ୍ଥାନରୁ ବଡ଼ ଠକେଇ ମାମଲା ସାମ୍ନାକୁ ଆସିଛି। ସିକର ଜିଲ୍ଲାର ଦୁଇ ଭାଇ ସୁଭାଷ ବିଜାରାନୀ ଏବଂ ରଣବୀର ବିଜାରାନୀ ସ୍ମାର୍ଟ ସିଟି ନାମରେ ଲୋକଙ୍କୁ ଠକି ସର୍ବସ୍ୱାନ୍ତ କରିଦେଇଛନ୍ତି। ଦୁହେଁ ଅଧିକ ରିଟର୍ଣ୍ଣ, ଫ୍ଲାଟ୍, ପ୍ଲଟ୍‌ର ପ୍ରତିଶ୍ରୁତି ଦେଇ ସାରା ଦେଶରୁ ପ୍ରାୟ ୭୦ ହଜାର ଲୋକଙ୍କଠାରୁ ୨,୬୭୬ କୋଟି ଟଙ୍କା ଠକି ନେଇଛନ୍ତି। ଏହି ଠକେଇ ପାଇଁ ସେ ସଂସ୍ଥା ମଧ୍ୟ ଗଢ଼ିଥିଲେ। ନିଯୁକ୍ତି ଦେଇ ଲୋକଙ୍କୁ ଠକିବାର ପ୍ରଶିକ୍ଷଣ ଦେଇଥିଲେ। ଯେତେ ଅଧିକ ନିବେଶକ ଯୋଡିବେ ସେତେ ଅଧିକ କମିଶନ ସହିତ ବାଇକ୍, ଲ୍ୟାପଟପ୍, କାର୍ ଆଦି ଦେବାକୁ ଏଜେଣ୍ଟମାନଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ଶେଷରେ ନିବେଶକ ବିପୁଳ ଟଙ୍କା ଧରି ଦୁଇ ଭାଇ ଅଫିସ ବନ୍ଦ କରି ଫେରାର ହୋଇ ଯାଇଥିଲେ। ରାଜସ୍ଥାନ ଯୋଧପୁର ପୁଲିସ ଏହି ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଇଡି ମଧ୍ୟ ମାମଲା ହାତକୁ ନେଇଛି। ଗତ ଗୁରୁବାର ଏଜେନ୍ସି ଏହି ମାମଲାରେ ୨୫ ଠିକଣାରେ ଚଢ଼ଉ କରିଥିଲା।

ସୂଚନା ଅନୁଯାୟୀ ସୁଭାଷ ଏବଂ ରଣବୀର ୨୦୨୧ରେ 'ନେକ୍ସା ଏଭରଗ୍ରୀନ୍' ନାମରେ କମ୍ପାନୀ ଖୋଲିଥିଲେ। ଏହାକୁ ଅହମଦାବାଦରେ ପଞ୍ଜିକୃତ କରିଥିଲେ। ଗୁଜୁରାଟର 'ଧୋଲେରା ସ୍ମାର୍ଟ ସିଟି' ପ୍ରକଳ୍ପର ଫଟୋ ଦେଖାଇ ନିବେଶକଙ୍କୁ ଆକୃଷ୍ଟ କରିଥିଲେ। ରଣବୀର ପ୍ରଥମେ ୨୦୧୪ରେ ଏବଂ ପରେ ଅବସରପ୍ରାପ୍ତ ସେନା କର୍ମଚାରୀ ସୁଭାଷ ୩୦ ଲକ୍ଷ ଟଙ୍କା ଦେଇ ଧୋଲେରାରେ ଜମି କିଣିଥିଲେ। ଏଠାରେ ନିଜର ୧୩୦୦ ବିଘା ଜମି ରହିଛି ଏବଂ ଏହା ବିଶ୍ୱସ୍ତରୀୟ ସସ ସ୍ମାର୍ଟସିଟି ହେବାକୁ ଯାଉଥିବା କହି ଲୋକଙ୍କୁ ଭୁଆଁ ବୁଲାଇ ଥିଲା। ଏଥିରେ ଦୁଇ ଭାଇଙ୍କୁ ସଲିମ୍ ଖାନ, ସମୀର, ଦାତାର ସିଂହ, ରକ୍ଷାପାଲ, ଓମପାଲ ଏବଂ ସନୱାରମାଲ ଆଦି ସହଯୋଗ କରିଥିଲେ। ଏମାନଙ୍କ ମାଧ୍ୟମରେ ଏଜେଣ୍ଟ ନିଯୁକ୍ତ କରି ୧୫୦୦ କୋଟି ଟଙ୍କାର କମିଶନ ବାଣ୍ଟି ନେଇଗଲେ। ଠକେଇ ଅର୍ଥରୁ ୧୩୦୦ ବିଘା ଜମି, ରାଜସ୍ଥାନରେ ବିଳାସପୂର୍ଣ୍ଣ କାର, ଖଣି ଏବଂ ହୋଟେଲ, ଅହମଦାବାଦରେ ଫ୍ଲାଟ୍ ଏବଂ ଗୋଆରେ ୨୫ଟି ରେସ୍ତୋରାଁ କିଣିଥିଲେ। ନଗଦ ଆକାରରେ ୨୫୦ କୋଟି ନେଇଥିଲେ। ଅବଶିଷ୍ଟ ଟଙ୍କାକୁ ୨୭ଟି ସେଲ୍ କମ୍ପାନୀକୁ ହସ୍ତାନ୍ତର କରିଥିଲେ।

■ ଜେସିବିରେ ମାଟିଖୋଳା

# ଏକାସଙ୍ଗେ ଭୁଶୁଡ଼ିଲା ୬ କୋଠା; ୩ ମୃତ

ମଥୁରା, ୧୫।୬ (ଏଜେନ୍ସି): ଉତ୍ତର ପ୍ରଦେଶ ମଥୁରାର ଗୋବିନ୍ଦ ନଗର ଅଞ୍ଚଳରେ ରବିବାର ଦ୍ୱିପହରେ ବଡ଼ ଅଘଟଣ ଘଟିଛି। ଜେସିବିରେ ମାଟି ଖୋଳା ଚାଲିଥିବାବେଳେ ୬ଟି କୋଠା ଏକାଥରକେ ଭୁଶୁଡ଼ି ଯାଇଛି। ଏହି ଦୁର୍ଘଟଣାରେ ୩ ଜଣଙ୍କ ଜୀବନ ଯାଇଛି। ୪ ଜଣଙ୍କୁ ଅବଶେଷ ତଳୁ ଉଦ୍ଧାର କରାଯାଇଛି। ଆହୁରି ୬-୭ ଜଣ ଅବଶେଷ ତଳେ ଫସି ରହିଥିବା କୁହାଯାଉଛି। ଏହାର ସୂଚନା ପାଇବା ପରେ ପୁଲିସ, ନଗର ନିଗମ, ପ୍ରଶାସନ ଏବଂ ଅଗ୍ନିଶମ ବାହିନୀ ଦଳ ଘଟଣାସ୍ଥଳରେ ପହଞ୍ଚି ଥିଲା। ପରେ ଏନଡିଆର୍‌ଏଫ ଏଥିରେ ସାମିଲ ହୋଇଛି। ବିଳମ୍ବିତ ରାତି ପର୍ଯ୍ୟନ୍ତ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ମୃତକଙ୍କ ମଧ୍ୟରେ ତୋତାରାମ (୩୮), ଦୁଇ ଭଉଣୀ ଯଶୋଦା (୬) ଏବଂ କାବ୍ୟ (୬) ସାମିଲ ଅଛନ୍ତି। ସୂଚନା ଅନୁଯାୟୀ ଭୁଶୁଡି ଯାଇଥିବା ସମସ୍ତ ୬ଟି ଘର ମାଟିର ଢିପି ଉପରେ ନିର୍ମିତ ହୋଇଥିଲା। ପ୍ରତ୍ୟକ୍ଷଦର୍ଶୀଙ୍କ ଅନୁଯାୟୀ ଏଠାରେ ଥିବା ଖାଲି ଜମିରେ ଜେସିବି ଖୋଳୁଥିଲା। ହଠାତ୍ ମାଟି ଭୁଶୁଡ଼ି ପଡ଼ିଲା ଏବଂ ଗୋଟିଏ ପରେ ଗୋଟିଏ ସମସ୍ତ ଘର ଭଗ୍ନାଂଶରେ ଅବଶେଷରେ ପରିଣତ ହୋଇଗଲା। ଏହି ସମୟରେ ଭୂମିକମ୍ପ ହୋଇଥିବା ପରି ଅନୁଭବ ହୋଇଥିଲା।

# ସାଇପ୍ରସରେ ମୋଦୀ; ସ୍ୱାଗତ କଲେ ରାଷ୍ଟ୍ରପତି

ନିକୋସିଆ, ୧୫।୬ (ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରବିବାର ସାଇପ୍ରସରେ ପହଞ୍ଚିଛନ୍ତି। ସାଇପ୍ରସ ରାଷ୍ଟ୍ରପତି ନିକୋସ କ୍ରିଷ୍ଟୋଡୌଲିଡେସ ତାଙ୍କୁ ବିମାନବନ୍ଦରରେ ସ୍ୱାଗତ କରିଛନ୍ତି। ମୋଦୀଙ୍କ ହାତ ଧରି ନିକୋଶ ପାଛୋଟି ନେଇଛନ୍ତି। ଏହା ପରେ ମୋଦୀ ସାଇପ୍ରସର ଲିମାସୋଲ ଯାଇଥିଲେ। ହୋଟେଲ ବାହାରେ ଭାରତୀୟ ସମୁଦାୟର ଲୋକଙ୍କୁ ଭେଟିଥିଲେ। ଦୁଇ ଦେଶ ମଧ୍ୟରେ ବ୍ୟାପାର ବୃଦ୍ଧିକୁ ନେଇ ମୋଦୀ ଏବଂ ନିକୋଶଙ୍କ ମଧ୍ୟରେ ବୈଠକ ହୋଇଥିଲା। ଏଥିରେ ବ୍ୟବସାୟୀକ ବର୍ଗ ମଧ୍ୟ ସାମିଲ ହୋଇଥିଲେ। ସାଇପ୍ରସ ପରେ ମୋଦୀ କାନାଡ଼ା ଗସ୍ତ କରି ଜି-୭ ଶିଖର ସମ୍ମିଳନୀରେ ସାମିଲ ହେବେ।

# ଆଜି ଜାରି ହେବ ବିଜ୍ଞପ୍ତି

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ରବିବାର ଏକ ବୈଠକ କରି ଆଗାମୀ ଜନଗଣନା ପାଇଁ ଚାଲିଥିବା ପ୍ରସ୍ତୁତିର ସମୀକ୍ଷା କରିଛନ୍ତି। ଏହି ବୈଠକରେ ସ୍ୱରାଷ୍ଟ୍ର ସଚିବ ଗୋବିନ୍ଦ ମୋହନ ଏବଂ ରେଜିଷ୍ଟ୍ରାର ଜେନେରାଲ ଆଣ୍ଡ ସେନ୍‌ସସ୍ କମିଶନର ମୃତ୍ୟୁଞ୍ଜୟ କୁମାର ନାରାୟଣ ଏବଂ ଅନ୍ୟ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

## ଜନଗଣନାକୁ ନେଇ ଶାହାଙ୍କ ସମୀକ୍ଷା ବୈଠକ

ଭାରତର ୧୬ତମ ଜନଗଣନା ୨୦୨୭ ମାର୍ଚ୍ଚ ୧ରେ ଆରମ୍ଭ ହେବ। ତେବେ ଲଦାଖ ଭଳି ବରଫ ଆଚ୍ଛାଦିତ ଅଞ୍ଚଳରେ ଏହା ୨୦୨୬ ଅକ୍ଟୋବରରୁ ପ୍ରାରମ୍ଭ ହେବ। ପ୍ରଥମ ଥର ପାଇଁ ଜନଗଣନାରେ ଜାତିଗତ ତଥ୍ୟ ସଂଗ୍ରହ କରାଯିବ। ଏ ନେଇ ସୋମବାର ବିଧିବଦ୍ଧ ଭାବେ ବିଜ୍ଞପ୍ତି ଜାରି ହେବ ବୋଲି ସୂଚନା ମିଳିଛି। ଏହି ଜନଗଣନା ଦୁଇଟି ପର୍ଯ୍ୟାୟରେ ହେବ। ପ୍ରଥମ ପର୍ଯ୍ୟାୟରେ ହାଉସଲିଷ୍ଟିଂ ଅପରେସନ (ଏଚ୍‌ଏଲ୍‌ଓ) ଏବଂ ପରେ ଜନସଂଖ୍ୟା ଗଣନା ହେବ। ଜନଗଣନା କାପାଇଁ, ପ୍ରାୟ ୩୪ ଲକ୍ଷ ଗଣନାକାରୀ ଓ ପର୍ଯ୍ୟବେକ୍ଷକ ଏବଂ ପ୍ରାୟ ୧.୩ ଲକ୍ଷ ଜନଗଣନା କାର୍ଯ୍ୟକର୍ତ୍ତାଙ୍କୁ ନିୟୋଜିତ କରାଯିବ।

କାଳ ପାଲଟିଛି ପରକୀୟା ପ୍ରୀତି

# ୫ ବର୍ଷରେ ନିଜ ସିନ୍ଦୂର ପୋଛିଛନ୍ତି ୭୮୫ ପତ୍ନୀ

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି):



ପରକୀୟାପ୍ରୀତି କାଳ ପାଲଟି ଯାଉଛି। ପତ୍ନୀଙ୍କ ଅବୈଧ ସମ୍ପର୍କ ଲାଗି ଅନେକ ସ୍ୱାମୀଙ୍କ ଜୀବନ ଯାଉଛି। ରାଜା ରଘୁବଂଶୀ ହୁଅନ୍ତୁ ଅବା ମିରଠର ସୌରଭ ରାଜପୁତ କିମ୍ବା ଭିୱାନୀର ପ୍ରବୀଣ ହତ୍ୟାକାଣ୍ଡ ସବୁଥିରେ ପତ୍ନୀ ଏବଂ ତାଙ୍କ ପ୍ରେମିକଙ୍କ ହାତ ରହିଛି। ପରକୀୟାପ୍ରୀତି ପାଇଁ ସମାଜ, ସଂସ୍କୃତି ଏବଂ ସଂସ୍କାରକୁ ବି ଦେଖୁନାହାନ୍ତି। ପ୍ରେମ ପାଇବା ପାଇଁ ଛଳ କରୁଛନ୍ତି। ମିଛ କହୁଛନ୍ତି। ଏପରିକି ଅନ୍ୟର ଜୀବନ ନେବାକୁ ମଧ୍ୟ ପଛାଉ ନାହାନ୍ତି। ଗତ କିଛି ବର୍ଷ ହେଲା ଏଭଳି ମାମଲା ଅଧିକ ବୃଦ୍ଧି ପାଇଛି। କାହାର ବିବାହ ପୂର୍ବରୁ ତ ଆଉ କାହାର ବିବାହ ପରେ ପ୍ରେମ ହେଉଛି। ଏହାର ଫଳ ନିରୀହ ସ୍ୱାମୀଙ୍କୁ ଭୋଗିବାକୁ ପଡୁଛି। ହାତ ଧରି ଘରକୁ ଆଣିଥିବା ପତ୍ନୀ ହିଁ ସ୍ୱାମୀ ପାଇଁ କାଳ ପାଲଟି ଯାଉଛି। କେଉଁଠି ନୀଳ ଡ୍ରମରେ ମୃତଦେହ ମିଳୁଛି ତ ଆଉ କେଉଁଠି ହତ୍ୟାକରି ନାଳରେ ଫୋପାଡ଼ି ଦିଆଯାଉଛି। ଏଭଳି ଅନେକ ମାମଲା ଦେଶରେ ଚର୍ଚ୍ଚାରେ ରହିଛି।

କ୍ରାଇମ ଡାଟା ଏବଂ ରିପୋର୍ଟ ଅନୁଯାୟୀ ଗତ ୫ ବର୍ଷରେ ଦେଶର ୫ ରାଜ୍ୟରେ ୭୮୫ ପତ୍ନୀ ନିଜେ ନିଜ ସିନ୍ଦୂର ପୋଛିଛନ୍ତି। ପରକୀୟାପ୍ରୀତି ପାଇଁ ସ୍ୱାମୀଙ୍କୁ ମାରି ଦିଆଯାଇଛି। ଏହି ରାଜ୍ୟ ମଧ୍ୟରେ ମଧ୍ୟପ୍ରଦେଶ, ଉତ୍ତର ପ୍ରଦେଶ, ବିହାର, ରାଜସ୍ଥାନ ଏବଂ ମହାରାଷ୍ଟ୍ର ସାମିଲ ରହିଛି। ସେହିପରି ଦେଶରେ ବର୍ଷକୁ ୨୭୫ ସ୍ୱାମୀଙ୍କୁ ହତ୍ୟା କରାଯାଉଛି। ଏହି ତଥ୍ୟ ଅନେକ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସ୍ୱାମୀଙ୍କୁ ହତ୍ୟା କରିବା ପାଇଁ ମହିଳା କାହିଁକି ଚାହୁଁଛନ୍ତି ବୋଲି ପ୍ରଶ୍ନ ଉଠୁଛି।

ରିପୋର୍ଟ ଅନୁଯାୟୀ ସ୍ୱାମୀଙ୍କ ହତ୍ୟାରେ ୟୁପି ଆଗରେ ରହିଛି। ଏଠାରେ ୨୦୨୦ରେ ୨୦ ଜଣ, ୨୦୨୧ରେ ୫୨ ଜଣ, ୨୦୨୨ରେ ୬୦ ଜଣ, ୨୦୨୩ରେ ୫୫ ଜଣ ଏବଂ ୨୦୨୪ରେ ୬୨ ଜଣ ସ୍ୱାମୀଙ୍କୁ ହତ୍ୟା କରାଯାଇଥିଲା। ଏହି କ୍ରମରେ ବିହାରରେ ୩୦ ଜଣ, ୩୫

## ବର୍ଷକୁ ୨୭୫ ସ୍ୱାମୀଙ୍କୁ କରାଯାଉଛି ହତ୍ୟା

ଜଣ , ୪୦ ଜଣ, ୩୯ ଜଣ ଏବଂ ୪୨ ଜଣ ସ୍ୱାମୀଙ୍କୁ ମାରି ଦିଆଯାଇଥିଲା। ସେହିପରି ରାଜସ୍ଥାନରେ ଗତ ୫ ବର୍ଷରେ ୨୦ ଜଣ, ୨୫ ଜଣ, ୨୮ ଜଣ, ୩୦ ଜଣ, ୩୫ ଜଣ, ମହାରାଷ୍ଟ୍ରରେ ୧୫ଜଣ, ୧୮ ଜଣ, ୨୦ ଜଣ, ୨୨ ଜଣ ଏବଂ ୨୫ ଜଣ, ମଧ୍ୟପ୍ରଦେଶରେ ୧୨ ଜଣ, ୧୫ ଜଣ, ୧୮ ଜଣ, ୨୦ ଜଣ ଏବଂ ୨୨ ଜଣ ସ୍ୱାମୀଙ୍କୁ ହତ୍ୟା କରାଯାଇଥିଲା। ୨୦୨୨ର ଏନ୍‌ସିଆରବି ରିପୋର୍ଟ ଅନୁଯାୟୀ ହତ୍ୟାରେ ପ୍ରେମ ବ୍ୟାପାର ତୃତୀୟ ବଡ଼ କାରଣ ହୋଇଛି। ଏକ ଯାଞ୍ଚରୁ ଜଣାପଡ଼ିଛି ଯେ ଭାରତରେ ପ୍ରତି ବର୍ଷ ୨୭୫ ସ୍ୱାମୀଙ୍କୁ ସ୍ତ୍ରୀ ହତ୍ୟା କରୁଛନ୍ତି। ବ୍ରିଟିଶ ମେଡିକାଲ ଜର୍ଣ୍ଣାଲ 'ଦ ଲାନସେଟ'ରେ ପ୍ରକାଶିତ ଏକ ରିପୋର୍ଟ ଅନୁଯାୟୀ ମହିଳାଙ୍କ ସମ୍ବନ୍ଧିତ ୬୦ ପ୍ରତିଶତ ହତ୍ୟା ପଛରେ ତାଙ୍କର ବର୍ତ୍ତମାନ କିମ୍ବା ପୂର୍ବତନ ପ୍ରେମିକର ହାତ ରହିଛି। ଦେଶରେ ୧୦ରୁ ଗୋଟିଏ ହତ୍ୟା ପଛରେ ପ୍ରେମିକ, ପତି କିମ୍ବା ପତ୍ନୀ ଦ୍ୱାରା କରାଯାଇଥାଏ। ୨୦୧୦ରୁ ୨୦୧୪ ମଧ୍ୟରେ ପ୍ରେମ ସମ୍ବନ୍ଧ ଏବଂ ସମ୍ପର୍କ ସମ୍ବନ୍ଧିତ ହତ୍ୟାର ଅନୁପାତ ୭ରୁ ୮ ପ୍ରତିଶତ ମଧ୍ୟରେ ଥିଲା। ମାତ୍ର ୨୦୧୫ରୁ ୨୦୨୨ ମଧ୍ୟରେ ଏହା ୧୦ରୁ ୧୧ ପ୍ରତିଶତରେ ପହଞ୍ଚି ଯାଇଛି।

# ୨୪ ଘଣ୍ଟାରେ ୧୦ କରୋନା ରୋଗୀଙ୍କ ମୃତ୍ୟୁ

## ଚିକିତ୍ସାଧୀନ ରୋଗୀସଂଖ୍ୟା ୭୩୮୩କୁ ବୃଦ୍ଧି

ନୂଆଦିଲ୍ଲୀ, ୧୫।୬ (ଏଜେନ୍ସି): ଦେଶରେ କରୋନା ମହାମାରୀ ଦ୍ରୁତଗତିରେ କାୟା ମେଲାଇବାରେ ଲାଗିଛି। ସଂକ୍ରମିତଙ୍କ ସଂଖ୍ୟା ଏବଂ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ଗତ ୨୫ ଘଣ୍ଟା ମଧ୍ୟରେ ୧୦ ଜଣ ଲୋକ ପ୍ରାଣ ହରାଇଛନ୍ତି। କରୋନାର ଏହି ନୂଆ ପ୍ରଜାତି ଦିନକରେ ସର୍ବାଧିକ ଜୀବନ ନେଇଛି। ମୃତକଙ୍କ ମଧ୍ୟରେ କେରଳରେ ୫ ଜଣ, ଦିଲ୍ଲୀରେ ୩ ଜଣ ଏବଂ ମହାରାଷ୍ଟ୍ରରେ ଜଣେ ସାମିଲ ଅଛନ୍ତି। ଜାନୁଆରୀ ପରଠାରୁ ଏ ପର୍ଯ୍ୟନ୍ତ ୯୭ ଜଣ ରୋଗୀଙ୍କ ପ୍ରାଣ ହରାଇଲେଣି। ସେହିପରି ଦେଶର ୩୧ଟି ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ସକ୍ରିୟ ମାମଲା ସଂଖ୍ୟା ୭୩୮୩ରେ ପହଞ୍ଚି ଯାଇଛି। ତେବେ ଆଶ୍ୱସ୍ତିର ବିଷୟ ଏହି କି ଯେ ରବିବାର କୌଣସି ନୂଆ ରୋଗୀ ଚିହ୍ନଟ ହୋଇନାହାନ୍ତି। ଏହି ସମୟରେ ୧୭ ଜଣ ରୋଗୀ ସୁସ୍ଥ ହୋଇଛନ୍ତି। କେରଳରେ ସର୍ବାଧିକ ୨୦୦୭ ଜଣ, ଗୁଜରାଟରେ ୧୪୪୧ ଏବଂ ପଶ୍ଚିମବଙ୍ଗରେ ୭୪୭ ରୋଗୀ ଚିକିତ୍ସାଧୀନ ଅଛନ୍ତି।



ଏହା ମଧ୍ୟରେ କରୋନା ମାମଲା ବୃଦ୍ଧିକୁ ଦେଖି ଉତ୍ତର ପ୍ରଦେଶ ସରକାର ସତର୍କତା ଅବଲମ୍ବନ କରିବାକୁ ନିର୍ଦ୍ଦେଶ ଜାରି କରିଛନ୍ତି। ଆବଶ୍ୟକୀୟ ଔଷଧ, ପିପିଇ କିଟ୍, ପରୀକ୍ଷା ସୁବିଧା, ଆଇସୋଲେସନ୍ ବେଡ୍, ଅକ୍ସିଜେନ୍ ସିଲିଣ୍ଡର, ଆଇସିୟୁ ଏବଂ ଭେଣ୍ଟିଲେଟର ପ୍ରସ୍ତୁତ ରଖିବାକୁ ସବୁ ଡାକ୍ତରଖାନାଗୁଡିକୁ କୁହାଯାଇଛି। ସେହିପରି କେରଳ ସରକାର କରୋନା ଏବଂ ଇନଫ୍ଲୁଏଞ୍ଜାର ଲକ୍ଷଣ ଥିବା ରୋଗୀଙ୍କୁ ଚିକିତ୍ସା କରିବା ୨୦୨୩ ଜୁନ୍‌ରେ ଜାରି ହୋଇଥିବା କୋଭିଡ୍ ନିର୍ଦ୍ଦେଶାବଳୀ ପାଳନ କରିବାକୁ ହସ୍ପିଟାଲଗୁଡ଼ିକୁ ନିର୍ଦ୍ଦେଶ ଦେଇଛି। ହସ୍ପିଟାଲରେ ସମସ୍ତଙ୍କ ପାଇଁ ମାସ୍କ ପିନ୍ଧିବା ବାଧ୍ୟତାମୂଳକ କରାଯାଇଛି। ଏହା ସହିତ, ଥଣ୍ଡା, କାଶ ଏବଂ ଜ୍ୱର ଭଳି ଲକ୍ଷଣ ଥିବା ରୋଗୀଙ୍କ ପାଇଁ କୋଭିଡ୍ ପରୀକ୍ଷା ବାଧ୍ୟତାମୂଳକ ହୋଇଛି।

## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି। ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। କ୍ଷମତା ଉପରେ ଭରସା ରଖନ୍ତୁ। ବୈବାହିକ ଜୀବନ ସୁଖମୟ ହେବ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ। ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ନିଜକୁ କମଜୋର ଭାବନ୍ତୁ ନାହିଁ। ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ। ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ। ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ। ପାରିବାରିକ ସୁଖ ଶାନ୍ତି ମିଳିବ। ଯାନବାହନ କ୍ରୟ କରିପାରନ୍ତି।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ। ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଜୀବନସାଥିଙ୍କ ସହଯୋଗ ଲୋଡିବେ। ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ। ରାଜନେତାଙ୍କ ପାଇଁ ଭଲ ସମୟ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ। ଧନପ୍ରାପ୍ତି ଯୋଗ ରହିଛି। ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ। କିଣାବିକାରେ ସମୟ ବିତିବ। ବୈବାହିକ ଜୀବନ ସୁଖମୟ ହେବ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ। ଆୟ ଅନୁସାରେ ବ୍ୟୟ କମ୍ ହେବ। ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି। ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ। ଅକସ୍ମାତ ଖୁସି ଖବର ପାଇବେ। ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ। ବ୍ୟବସାୟରୁ ଲାଭ ପାଇବେ। କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ। ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ। ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି। ଅଧିକ ଚିନ୍ତା କରନ୍ତୁନି। ନୂତନ ବ୍ୟବସାୟ ଆରମ୍ଭ କରିପାରିବେ। ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ମହିଳାମାନେ ଧର୍ମପରାୟଣା ହେବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ। ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ। ପରିବାର ସହିତ କିଛି ସମୟ ବିତାନ୍ତୁ। କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି। ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି। ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ। ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ। ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି। ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି।


## ଆଜିର ଇତିହାସ

- ୧୭୭୯ - ସ୍ପେନ୍ ଗ୍ରେଟ୍ ବ୍ରିଟେନ୍ ବିରୋଧରେ ଯୁଦ୍ଧ ଆରମ୍ଭ କଲା।
- ୧୯୧୧ - ନ୍ୟୁୟର୍କରେ ଆଇବିଏମ୍ କମ୍ପାନିର ସ୍ଥାପନା ହେଲା।
- ୧୯୨୫- ରାଷ୍ଟ୍ରବାଦୀ ନେତା ଚିତ୍ତରଞ୍ଜନ ଦାସଙ୍କ ଦେହାନ୍ତ।
- ୨୦୦୭ - ଭାରତୀୟ ବଂଶୋଦ୍ଭବ ସୁନିତା ୱିଲିୟମ୍ସ ମହାକାଶରେ ଅଧିକ ଦିନ ରହିଥିବା ମହିଳା ମହାକାଶଚାରୀ ହେବାର ଗୌରବ ଅର୍ଜନ କରିଥିଲେ।
- ୨୦୧୯ - ନାଇଜେରିଆରେ ବୋମା ବିସ୍ଫୋରଣରେ ୩୦ ଲୋକଙ୍କ ପ୍ରାଣହାନି।

# ଇଲେକଟ୍ରୋନିକ୍ ଟାଟୁ
## ମାନସିକ ଥକ୍କାକୁ ଚିହ୍ନଟ କରିବ



ଆମେରିକାର ବୈଜ୍ଞାନିକମାନେ ଏକ ଇଲେକଟ୍ରୋନିକ୍ ଟାଟୁ ବିକଶିତ କରିଛନ୍ତି। ଯାହାକି ମସ୍ତିଷ୍କର ଥକ୍କାପଣକୁ ମାପିବ। ଏହି ଟାଟୁକୁ ମଥାରେ ଲଗାଯିବ। ସେହିପରି ଉକ୍ତ ଟାଟୁ ଟ୍ରକ୍ ଚାଳକ ଏବଂ ଅନ୍ୟ କର୍ମଚାରୀଙ୍କୁ ସାହାଯ୍ୟ କରିବା ଆଶା କରାଯାଉଛି। ଏହା ହେଉଛି ଏକ ଅସ୍ଥାୟୀ ଟାଟୁ। ଟାଟୁଟି ମସ୍ତିଷ୍କର ବୈଦ୍ୟୁତିକ ଗତିବିଧିକୁ ମାପିଥାଏ। ଏହାର ବଡ଼ ବିଶେଷତ୍ୱ ହେଉଛି ଟାଟୁ ତୁରନ୍ତ ଫଳାଫଳ ପ୍ରଦାନ କରିଥାଏ। ଯାହାକୁ ଇଲେକଟ୍ରୋଏନସେଫେଲୋଗ୍ରାଫି (ଇଇଜି) ଏବଂ ଇଲେକଟ୍ରୋଓକୁଲୋଗ୍ରାଫି (ଇଓଜି) କୁହାଯାଏ। ଉକ୍ତ ଟାଟୁ ଚକ୍ଷୁର ଗତିକୁ ମଧ୍ୟ ଟ୍ରାକ୍ କରିଥାଏ। ବୈଜ୍ଞାନିକଙ୍କ ମତରେ, ଟେକ୍ନିକ୍ ଏବେ ମଣିଷଠାରୁ ଅଧିକ ବିକଶିତ ହେଉଛି। ଫଳରେ ମସ୍ତିଷ୍କ ଏହାର ସାଥ୍ ଦେଇ ନ ପାରି ସହଜରେ ଥକ୍କିଯାଏ। ମଣିଷ ଏକ ସନ୍ତୁଳିତ ମାନସିକ ଅବସ୍ଥାରେ ଭଲ କାମ କରିଥାଏ। ଏହାକୁ ଗୋଲଡିଲକ୍ସ ଜୋନ୍ କୁହାଯାଏ। ଏଥିରେ ଅଧିକ ଚିନ୍ତା କି ବିରକ୍ତିକର ପରିସ୍ଥିତି ନ ଥାଏ। ଏହି ସନ୍ତୁଳନ ପ୍ରତ୍ୟେକ ବ୍ୟକ୍ତିଙ୍କ ଲାଗି ଭିନ୍ନ ହୋଇଥାଏ। ତେବେ ପୂର୍ବରୁ ମାନସିକ ଥକ୍କାପଣକୁ ମାପିବା ପାଇଁ ନାସା ଟାସ୍କ ଲୋଡ୍ ଇଣ୍ଡେକସର ଉପଯୋଗ କରାଯାଉଥିଲା। ଏହା ଥିଲା ଏକ ଲମ୍ବା ସର୍ଭେ। ଲୋକେ ଏହାକୁ କାମ ପରେ ପୂରଣ କରୁଥିଲେ। ହେଲେ ଇଲେକଟ୍ରୋନିକ୍ ଟାଟୁ ଏହାକୁ ଆହୁରି ଅଧିକ ସହଜ କରିଛି। ଏହି ଟାଟୁ ହାଲୁକା ଏବଂ ଏଥିରେ ପତଳା ଷ୍ଟିକର୍ ଭଳି ସେନସର୍ ଅଛି। ସେହିପରି ପ୍ରତ୍ୟେକ ମଣିଷଙ୍କ ମସ୍ତିଷ୍କ ଅଲଗା ହୋଇଥାଏ। ତେଣୁ ମୁହଁର ଆକାରକୁ ମାପି ଏହି ଟାଟୁ ତିଆରି କରାଯାଏ। ଗବେଷକମାନେ ଛଅଜଣଙ୍କ ଉପରେ ଏହାର ପରୀକ୍ଷା କରିଥିଲେ। ଏହି ଟାଟୁ ମସ୍ତିଷ୍କର ଥକ୍କାପଣକୁ ସଠିକତାର ସହ ଅନୁମାନ ଲଗାଇଥାଏ ବୋଲି ବୈଜ୍ଞାନିକମାନେ କହିଛନ୍ତି। କେବଳ ସେତିକି ନୁହେଁ ଏହା ଅଲଗା ଅଲଗା ସ୍ତରର ଥକ୍କାକୁ ଚିହ୍ନଟ କରିବାରେ ମଧ୍ୟ ସକ୍ଷମ। ସେମାନେ ଏକ କମ୍ପ୍ୟୁଟର ମଡେଲ ତିଆରି କରିଛନ୍ତି। ଏହି ମଡେଲ ଟାଟୁ ସିଗ୍ନାଲରୁ ମାନସିକ ଥକ୍କାକୁ ଚିହ୍ନଟ କରିଥାଏ।। କେଶ ନ ଥିବା ତ୍ୱଚାରେ ଏହି ଟାଟୁ କାମ କରେ। ଗବେଷକମାନେ ଏବେ ଏହାକୁ ଇଙ୍କ ଆଧାରିତ ସେନସର୍ ସହ ଯୋଡ଼ିବା ପାଇଁ ଚେଷ୍ଟା ଚଳାଇଛନ୍ତି ଯଦ୍ଵାରା ଏହା କେଶଯୁକ୍ତ ତ୍ୱଚା ଉପରେ ମଧ୍ୟ କାମ କରିବ। ଏହାଦ୍ୱାରା ପୂରା ମସ୍ତିଷ୍କ ଉପରେ ନଜର ରଖିବା ସହଜ ହେବ। ସେହିପରି ପାରମ୍ପରିକ ଇଇଜି ଉପକରଣର ଦାମ୍ ୧୩ ଲକ୍ଷ ଟଙ୍କା ହୋଇଥିବାବେଳେ ଏହି ଟାଟୁର ବ୍ୟାଟେରି ପ୍ୟାକ୍ ୧୭ ହଜାର ଟଙ୍କା ଏବଂ ଉକ୍ତ ଟାଟୁର ଡିସପୋଜେବଲ ସେନସର୍‌ର ଦାମ୍ ୧୭୦୦ ଟଙ୍କା ରହିଛି। ଏଣୁ ଏହା ଶସ୍ତା ହୋଇଥିବାରୁ ଏହି ଟେକ୍ନିକ ସମସ୍ତଙ୍କ ପାଇଁ ସୁଲଭ ହୋଇପାରିବ। ଅନ୍ୟପକ୍ଷରେ ଏହି ଗବେଷଣା ଡିଭାଇସ୍ ଜର୍ଣ୍ଣାଲରେ ପ୍ରକାଶ ପାଇଛି।





# ‘ମେଟ୍ରୋ ଇନ୍ ଦିନୋ’
## ସାରାଙ୍କୁ ଦେଖି ସୈଫ୍‌ଙ୍କୁ ମନେ ପକାଇଲେ ଦର୍ଶକେ

ବଲିଉଡ୍ ଅଭିନେତ୍ରୀ ସାରା ଅଲ୍ଲୀ ଖାନ୍ ଏବେ ଅନୁରାଗ ବସୁଙ୍କ ଫିଲ୍ମ ‘ମେଟ୍ରୋ ଇନ୍ ଦିନୋ’ରେ ନଜର ଆସିବେ। ଏଥିରେ ତାଙ୍କ ବିପକ୍ଷରେ ଆଦିତ୍ୟ ରାୟ କପୁର ଦେଖାଯିବେ। ଇତିମଧ୍ୟରେ ଫିଲ୍ମର କଳାକାରମାନଙ୍କ ଲୁକ୍ ସାମ୍ନାକୁ ଆସିଛି। ଫିଲ୍ମରେ ସବୁଠୁ ଅଧିକ ସାରାଙ୍କ ଲୁକ୍‌କୁ ନେଇ ଚର୍ଚ୍ଚା ହେଉଛି। ଏଥିରେ ସେ ପୂରା ଅଲଗା ଅନ୍ଦାଜରେ ଦେଖାଯାଇଛନ୍ତି। କିଛି ଦିନ ପୂର୍ବରୁ ଫିଲ୍ମର ଟ୍ରେଲର୍ ଆସିଥିଲା। ଟ୍ରେଲର୍‌ରେ ଫିଲ୍ମରେ ଏକାଧିକ କାହାଣୀକୁ ଦେଖାଯାଇଛି ବୋଲି ସ୍ପଷ୍ଟ ହୋଇଛି। ତେବେ ଫିଲ୍ମରେ ସାରାଙ୍କ ଲୁକ୍ ଦେଖି ଦର୍ଶକେ ତାଙ୍କ ବାପା ସୈଫ୍ ଅଲ୍ଲୀ ଖାନ୍‌ଙ୍କ ଏକ ଫିଲ୍ମର ଲୁକ୍ ସହ ତୁଳନା କରୁଛନ୍ତି। ୨୦୧୪ରେ ଆସିଥିବା ‘ହମ୍‌ସକଲ୍’ ଫିଲ୍ମରେ ସୈଫ୍‌ଙ୍କ ଲୁକ୍ ସାରାଙ୍କ ଲୁକ୍ ସହ ମେଳ ଖାଉଛି ବୋଲି ଦର୍ଶକେ ମତ ଦେଇଛନ୍ତି। ଏହି ଫିଲ୍ମରେ ରୀତେଶ ଦେଶମୁଖ ଓ ସୈଫ୍ ଉଭୟ ଝିଅ ବେଶରେ ଦେଖାଯାଇଥିଲେ। ତେବେ ସାରା ଓ ସୈଫ୍‌ଙ୍କ ଏହି ଫଟୋ ଏବେ ସୋସିଆଲ ମିଡିଆରେ ବେଶ୍ ଭାଇରାଲ ହେଉଛି।

# ତନୋଟ ମାତା ମନ୍ଦିର
## ଦେଶଭକ୍ତି ଓ ଚମତ୍କାରର ପ୍ରତୀକ

ରାଜସ୍ଥାନ, ଜୈସଲମେର ଠାରୁ ୧୨୦ କିଲୋମିଟର ଦୂରରେ ତନୋଟ ମାତାଙ୍କ ମନ୍ଦିର ରହିଛି। ଏହି ମନ୍ଦିରଟି ଭାରତ-ପାକିସ୍ତାନ ସୀମାରେ ଅବସ୍ଥିତ। ଏହା ଏବେ ଦେଶଭକ୍ତି ଓ ଚମତ୍କାରର ପ୍ରତୀକ ପାଲଟିଛି। ତନୋଟ ମାତାଙ୍କୁ ଦେବୀ ଦୁର୍ଗାଙ୍କ ଅବତାର ବୋଲି କୁହାଯାଏ। ଦ୍ୱାଦଶ ଶତାବ୍ଦୀରେ ଜୈସଲମେରର ରାଜପୁତ ଶାସକ ମହାରାୱାଲ ଲୋନକାବତ ଏହାକୁ ନିର୍ମାଣ କରିଥିଲେ। ୧୯୬୫ ଓ ୧୯୭୧ ଭାରତ-ପାକ୍ ଯୁଦ୍ଧ ସମୟରେ ଏହି ମନ୍ଦିରର ଚମତ୍କାରକୁ ନେଇ ଆଜିବି ଚର୍ଚ୍ଚା ହୁଏ। ପାକିସ୍ତାନୀ ସେନା ଅନେକ ଥର ମନ୍ଦିରକୁ ଟାର୍ଗେଟ୍ କରିଥିବାବେଳେ ପ୍ରତିଥର ମାତାଙ୍କ କୃପାରୁ ସେମାନଙ୍କ ଯୋଜନା ପଣ୍ଡ ହୋଇଯାଇଛି। ମାତାଙ୍କ କୃପାରୁ ମନ୍ଦିରର କୌଣସି କ୍ଷତି ହୋଇ ନ ଥାଏ। ସ୍ଥାନୀୟ ଲୋକଙ୍କ ସହ ଭାରତୀୟ ସେନାର ଯବାନମାନଙ୍କ ମଧ୍ୟରେ ମନ୍ଦିରକୁ ନେଇ ଅତୁଟ ବିଶ୍ୱାସ ରହିଛି। ୧୯୬୫ ଭାରତ-ପାକ୍ ଯୁଦ୍ଧ ସମୟରେ ଏହି ମନ୍ଦିର ବେଶ୍ ଚର୍ଚ୍ଚାକୁ ଆସିଥିଲା। ପାକିସ୍ତାନ ପକ୍ଷରୁ ତନୋଟରେ ଭାରୀ ମାତ୍ରାରେ ଗୁଳିଗୋଳା ବର୍ଷଣ କରାଯାଇଥିଲା। ମନ୍ଦିର ଓ ଏହାର ଆଖପାଖ ଅଞ୍ଚଳରେ ୩୦୦୦ ବୋମା ବର୍ଷଣ କରାଯାଇଥିଲେ ମଧ୍ୟ ମନ୍ଦିରର କୌଣସି କ୍ଷତି ହୋଇ ନ ଥିଲା। ଯେଉଁ ବୋମାଗୁଡ଼ିକ ଫୁଟି ନ ଥିଲା ସେଗୁଡ଼ିକ ଆଜିବି ମନ୍ଦିର ମଧ୍ୟରେ ଏକ କାଚ ବାକ୍ସ ଭିତରେ ରଖାଯାଇଛି। ‘ବର୍ଡର’ ଫିଲ୍ମରେ ମଧ୍ୟ ଏହି ମନ୍ଦିରକୁ ଦେଖାଯାଇଛି। ଭାରତୀୟ ସୀମା ସୁରକ୍ଷା ବଳ(ବିଏସ୍‌ଏଫ୍)ର ଯବାନମାନେ ଏହି ମନ୍ଦିରର ଦେଖାଶୁଣା କରି ଥାଆନ୍ତି।







# ଅଣସର ପଞ୍ଚମୀ

**ଆଜି ହେଉଛି ମହାପ୍ରଭୁଙ୍କ ଅଣସର ସେବାର ପଞ୍ଚମ ଦିନ ବା ଅଣସର ପଞ୍ଚମୀ। ସ୍ନାନ ବେଦୀରେ ୧୦୮ ଗରା ସୁବାସିତ ଜଳରେ ସ୍ନାନ କରି ମହାପ୍ରଭୁ ଜଗନ୍ନାଥ, ଭାଇ ବଳଭଦ୍ର ଏବଂ ଭଉଣୀ ସୁଭଦ୍ରା ଜ୍ୱରରେ ପୀଡ଼ିତ ଅଛନ୍ତି। ସେଥିପାଇଁ ୧୫ ଦିନ ଅଣସର ଘରେ ଅଛନ୍ତି ତିନିଠାକୁର। ଅଙ୍ଗଲାଗି ସେବକ, ଦଇତାପତି ସେବାୟତମାନେ ଠାକୁରଙ୍କ ସୁସ୍ଥତା ପାଇଁ ବିଭିନ୍ନ ଉପଚାର ଆରମ୍ଭ କରିଛନ୍ତି। ଏହି ସମୟରେ ମହାପ୍ରଭୁ ଭକ୍ତମାନଙ୍କୁ ଦର୍ଶନ ଦେଉ ନ ଥିବାରୁ ପଟିଦିଅଁ ପୂଜା ପାଉଛନ୍ତି।**

ଦେବସ୍ନାନ ପୂର୍ଣ୍ଣିମାରେ ଦେବସ୍ନାନ ମଣ୍ଡପରେ ମହାପ୍ରଭୁ ଶ୍ରୀ ଜଗନ୍ନାଥ, ଶ୍ରୀ ବଳଭଦ୍ର, ଦେବୀ ସୁଭଦ୍ରା ଓ ଶ୍ରୀ ସୁଦର୍ଶନଙ୍କୁ ୧୦୮ ଗରା ସୁବାସିତ ଜଳରେ ସ୍ନାନ କରାଯାଇଥାଏ। ଏହାପରେ ସେମାନେ ଜ୍ୱରରେ ପୀଡ଼ିତ ହୋଇଥାନ୍ତି। ସେଥିପାଇଁ ଦେବସ୍ନାନ ପୂର୍ଣ୍ଣିମା ପରଦିନଠାରୁ ନେତ୍ରୋତ୍ସବ ପର୍ଯ୍ୟନ୍ତ ରତ୍ନସିଂହାସନରେ ତିନିଠାକୁର ଭକ୍ତମାନଙ୍କୁ ଦର୍ଶନ ଦେଇ ନ ଥାନ୍ତି। ଏହି କାଳକୁ ଅଣସର ବା ଅନବସର କୁହାଯାଏ। ଏହି ସମୟରେ ତିନିଠାକୁରଙ୍କର ଦଇତାପତି ସେବକ ୧୫ ଦିନ ପର୍ଯ୍ୟନ୍ତ ଗୁପ୍ତ ସେବା ବା ଉପଚାର କରନ୍ତି। ଠାକୁର ଅସୁସ୍ଥ ଥିବାରୁ ଅଣସର ପଣା ସମର୍ପଣ କରାଯାଇଥାଏ।

ଶ୍ରୀ ଜଗନ୍ନାଥଙ୍କ ଅଣସର ଦୁଇ ପ୍ରକାର ପାଳିତ ହୁଏ। ଗୋଟିଏ ସାଧାରଣ ଅଣସର ଏବଂ ଅନ୍ୟଟି ମହା ଅଣସର। ସାଧାରଣ ଅଣସର ୧୫ଦିନ ପାଳିତ ହୁଏ। ମହାଅଣସର ୪୫ ଦିନ ପାଇଁ ନବକଳେବର ସମୟରେ ପାଳନ କରାଯାଏ। ୧୫ ଦିନ ଅଣସରରେ ଶ୍ରୀମନ୍ଦିରରେ ପଟିଦିଅଁ ପୂଜା ପାଆନ୍ତି। ବଳଭଦ୍ର ବାସୁଦେବ ରୂପରେ ପୂଜା ପାଉଥିବା ବେଳେ, ଦେବୀ ସୁଭଦ୍ରା ଭୁବନେଶ୍ୱରୀ ଏବଂ ଜଗନ୍ନାଥ ନାରାୟଣ ରୂପରେ ପୂଜା ପାଇଥାନ୍ତି। ତେବେ ଯେଉଁ ନୀତି ବିଗ୍ରହମାନଙ୍କ ପାଖରେ ନିତିଦିନ କରାଯାଏ, ସେସବୁ ଏହି ସମୟରେ ପଟିଦିଅଁଙ୍କଠାରେ ଅନୁଷ୍ଠିତ ହୋଇଥାଏ। ସେହିପରି ପଟିଦିଅଁଙ୍କ ସହ ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ଦୋଳଗୋବିନ୍ଦ, ମଦନମୋହନ, ଲକ୍ଷ୍ମୀ, ସରସ୍ୱତୀ, ରାମକୃଷ୍ଣ, ନୃସିଂହ ଭଗବାନଙ୍କୁ ପୂଜା କରାଯାଏ।

କଥିତ ଅଛି, ମହାପ୍ରଭୁଙ୍କ ଅଣସର ସମୟରେ ଶ୍ରୀମନ୍ଦିର ଭିତରେ କୌଣସି ଘଣ୍ଟ ଅବା ଗୀତ ବୋଲା ଯାଏ ନାହିଁ। ମନ୍ଦିର ଶୂନଶାନ୍ ରହିବା ସହ ୧୫ ଦିନ ପର୍ଯ୍ୟାୟ କ୍ରମେ ଗୁପ୍ତ ନୀତି ପାଳନ କରାଯାଏ। ଅଣସର ପିଣ୍ଡିରେ ମହାପ୍ରଭୁଙ୍କ ବିଜେ ପରେ ଓଢା ଲୁଗା ଉଲାଗି ସହ ପରମ୍ପରା ଅନୁଯାୟୀ ବିଶେଷ ଦିନରେ ଫୁଲୁରି ତେଲ, ଓଷୁଅ ଲାଗି, ଚକାବିଜେ, ଚନ୍ଦନ ଲାଗି ଓ ଘଣା ଲାଗି ନୀତି ହୋଇଥାଏ। ତେବେ ଅଣସର ପଞ୍ଚମୀରେ ଫୁଲୁରି ତେଲ ଲାଗି ହେବାର ପରମ୍ପରା ଅଛି।

# ସ୍ତୁତି

# ବସୁମତୀ ସ୍ନାନ



**ଝିଅମାନଙ୍କ ଦ୍ୱାରା ପାଳନ କରାଯାଉଥିବା ରଜପର୍ବର ଚତୁର୍ଥ ଅର୍ଥାତ୍ ଶେଷ ଦିନଟି ବିଶେଷ ମହତ୍ତ୍ୱ ବହନ କରେ। ଏହିଦିନଟିକୁ ବସୁମତୀ ସ୍ନାନ ବା ଠାକୁରାଣୀ ବୁଢ଼ ଭାବେ ପାଳନ କରାଯାଏ। ଏହାର ବିଧିବିଧାନ ବୈଚିତ୍ର୍ୟମୟ। ରଜସ୍ୱଳା ନାରୀ ଯେଭଳି ଚତୁର୍ଥ ଦିନ ସ୍ନାନ କରି ଶୁଦ୍ଧ ହୁଏ। ଏହାକୁ ‘ଧରାସ୍ନାନ’, ‘ମହାଲକ୍ଷ୍ମୀ ଗାଧୁଆ’ ତଥା ‘ଶୁଦ୍ଧ ସ୍ନାନ’ ବୋଲି ମଧ୍ୟ କୁହାଯାଏ।**

ନାରୀ ସହ ମାଟି ମାଆର ନିବିଡ଼ ସମ୍ପର୍କ ରହିଛି। କଥିତ ରହିଛି ଯେ, ରଜପର୍ବରେ ଧରିତ୍ରୀ ମାତା ରଜସ୍ୱଳା ହୁଅନ୍ତି। ତିନିଦିନ ଧରି ସେ ଅଛୁତ ରହନ୍ତି। ଏହି ସମୟରେ ଠାକୁର ପୂଜା, ଭୂମି ଦହନ, ବଟାବଟି, କଟାକଟି ଆଦି ଶାରୀରିକ କାର୍ଯ୍ୟ କରିବା ପାଇଁ ନାରୀଙ୍କୁ ବାରଣ କରାଯାଇଥାଏ। ଶେଷଦିନ ବସୁଧା ମା’ଙ୍କ ପୂଜାର୍ଚ୍ଚନା କରିବାର ବିଧି ରହିଛି। ଏହା ହେଉଛି ଶୁଦ୍ଧ ଓ ପବିତ୍ର ହେବାର ପ୍ରତୀକ। ରଜସ୍ୱଳା ନାରୀ ସଦୃଶ ବସୁମତୀ ମାତା ତିନିଦିନ ଅସ୍ପୃଶ୍ୟ ହୋଇ ରହିବା ପରେ ଚତୁର୍ଥ ଦିନ ପ୍ରାତଃ କାଳରେ ଶୁଦ୍ଧ ସ୍ନାନ ପର୍ବ କରାଯାଏ। ଝିଅ, ବୋହୂମାନେ ପ୍ରାତଃରୁ ସ୍ନାନ କରନ୍ତି। ପିଢ଼ା ଉପରେ ଶିଳପୁଆ ରଖାଯାଇ କଜଳପାତି, ଲଙ୍ଗଳ ଲୁହା, କପାତୁଳା ରଖି ସେମାନେ ପୂଜାର୍ଚ୍ଚନା କରିଥାନ୍ତି। ହଳଦିପାଣିରେ ବସୁମତୀ ମା’ଙ୍କୁ ସ୍ନାନ କରାଯାଏ। ଚନ୍ଦନ, ସିନ୍ଦୂର, ଫୁଲ,ଭୋଗ ସହ ପୂଜା କରାଯାଏ। ଶୁଦ୍ଧ ସ୍ନାନ ପରେ ବସୁମାତା ସୃଜନକ୍ଷମ ହୋଇଥାନ୍ତି। ଏହିପର୍ବ ନାରୀ ଜାତି ମଧ୍ୟରେ ଉତ୍ସାହ, ଉନ୍ମାଦନା ଓ ନୂତନ ଶକ୍ତି ଜାଗ୍ରତ କରିଥାଏ।

# କେଉଁ ସ୍ଥାନରେ ଜୋତା-ଚପଲ ରଖିବା ଅଶୁଭ

**ବାସ୍ତୁ ଶାସ୍ତ୍ର ଅନୁସାରେ, ଘରେ ଠିକ୍ ସ୍ଥାନରେ ଜୋତା ଚପଲ ନ ରଖିବା ଦ୍ୱାରା ନକାରାତ୍ମକ ଶକ୍ତି ବୃଦ୍ଧି ପାଏ। ଏହା ସହ ଘରେ ଅଶାନ୍ତି ଏବଂ ଦାରିଦ୍ର୍ୟତା ଦେଖା ଦିଏ। ତେବେ କେଉଁ ସ୍ଥାନରେ ଜୋତା-ଚପଲ ରଖିବା ଅଶୁଭ, ସେ ସମ୍ପର୍କରେ ଜାଣିବା।**

**ବେଡ୍‌ରୁମ୍:** ବାସ୍ତୁ ଶାସ୍ତ୍ର ଅନୁସାରେ, ବେଡ୍‌ରୁମ୍ ଭିତରେ ତଥା ଖଟ ତଳେ ଜୋତା ଚପଲ ରଖିବା ଭଲ ନୁହେଁ। ଏଭଳି କରିବା ଦ୍ୱାରା ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦିଏ। ଏଣୁ ଜୋତାକୁ ଘର ବାହାର ଷ୍ଟାଣ୍ଡରେ ରଖନ୍ତୁ।

**ରୋଷେଇ ଘର:** ଘରର ରୋଷେଇ ଘରେ କେବେ ବି ଜୋତା ଚପଲ ରଖନ୍ତୁ ନାହିଁ। ରୋଷେଇ ଘରେ ମା’ ଅନ୍ନପୂର୍ଣ୍ଣା ବାସ କରନ୍ତି। ଏହି ସ୍ଥାନରେ ଜୋତା ଚପଲ ରଖିବା ଦ୍ୱାରା ଅପରିଷ୍କାର ଓ ନକାରାତ୍ମକ ଶକ୍ତି ଭିତରକୁ ଆସେ। ଏହା ଦ୍ୱାରା ସ୍ୱାସ୍ଥ୍ୟ ସମସ୍ୟା ଓ ଧନ ହାନି ହୋଇଥାଏ।

**ପୂଜା ଘର:** ଘରର ପୂଜା ସ୍ଥାନରେ ଦେବୀ ଦେବତା ବାସ କରନ୍ତି। ଏଣୁ ପୂଜା ଘରକୁ ଜୋତା ଚପଲ ପିନ୍ଧି ଯିବା ଅନୁଚିତ। ପୂଜା ଘରେ ଜୋତା ଚପଲ ପିନ୍ଧିଲେ ମାନସିକ ସମସ୍ୟା ସାମ୍ନା କରିବାକୁ ପଡ଼େ।

**ମୁଖ୍ୟ ଦ୍ୱାର:** ଘରର ମୁଖ୍ୟ ଦ୍ୱାର ସାମ୍ନାରେ କେବେ ବି ଜୋତା ଚପଲ ରଖନ୍ତୁ ନାହିଁ। ଏହି ସ୍ଥାନରେ ଜୋତା ଚପଲ ରଖିବା ଦ୍ୱାରା ଦେବୀ ଦେବତାଙ୍କ ମାର୍ଗ ଅବରୋଧ ହୁଏ। ଭଗବାନଙ୍କ ଆଶୀର୍ବାଦ ପ୍ରାପ୍ତି ହୁଏ ନାହିଁ। ଫଳରେ ଜୀବନରେ ବହୁ ସମସ୍ୟା ସାମ୍ନା କରିବାକୁ ପଡ଼େ।

# ଗୁରୁ ଚଣ୍ଡାଳ ଯୋଗର ପ୍ରଭାବ

**ଜାତକରେ ଗ୍ରହର ସ୍ଥିତି ଆଧାରରେ ଶୁଭ-ଅଶୁଭ ଯୋଗ ସୃଷ୍ଟି ହୁଏ। ଏମିତି ଏକ ଅଶୁଭ ଯୋଗ ହେଉଛି ଗୁରୁ ଚଣ୍ଡାଳ ଯୋଗ। ଯେତେବେଳେ ବୃହସ୍ପତି ବା ଗୁରୁ ଏବଂ ରାହୁ-କେତୁ ଜାତକରେ ଏକାଠି ହୁଅନ୍ତି, ଗୁରୁ ଚଣ୍ଡାଳ ଯୋଗ ସୃଷ୍ଟି ହୁଏ। ଏହାକୁ ବିନାଶକାରୀ ଯୋଗ ଭାବେ ବିବେଚନା କରାଯାଏ। ତେବେ ଏହା ଜୀବନ ଉପରେ କ’ଣ ପ୍ରଭାବ ପକାଏ, ସେ ସମ୍ପର୍କରେ ଜାଣିବା।**



- ଗୁରୁ ଚଣ୍ଡାଳ ଯୋଗ ଥିବା ବ୍ୟକ୍ତି ବିଶେଷ ନିଶା ସେବନ କରନ୍ତି।
- ଏହାର ପ୍ରଭାବ ସ୍ୱାସ୍ଥ୍ୟ ଉପରେ ପଡ଼ିଥାଏ। କୌଣସି ଗୁରୁତର ରୋଗରେ ପୀଡ଼ିତ ହେବାର ଆଶଙ୍କା ଅଧିକ ଥାଏ।
- ଆର୍ଥିକ ସ୍ତରରେ ସୁଦୃଢ଼ ହୋଇ ନ ଥାନ୍ତି। ରୋଜଗାର ହେଲେ ବି ଅର୍ଥ ସମସ୍ୟା ଦେଖା ଦିଏ।
- ବ୍ୟବସାୟ ହେଉ ଅବା ଚାକିରି, କୌଣସି କ୍ଷେତ୍ରରେ ଦୀର୍ଘ ସମୟ ଟିକି ରହିପାରନ୍ତି ନାହିଁ।
- ଲଗାତାର ଜୀବନରେ କ୍ଷତି ସହିବାକୁ ପଡ଼େ।
- ଏଭଳି ଲୋକେ ଖୁବଶୀଘ୍ର ଅବସାଦ ଦେଇ ଗତି କରନ୍ତି।

ଦୁଲୀପ ଟ୍ରଫି ଫର୍ମାଟରେ ପରିବର୍ତ୍ତନ

# ରଣଜୀ ଟ୍ରଫି ଗ୍ରୁପ-ଏ'ରେ ଓଡ଼ିଶା





ନୂଆଦିଲ୍ଲୀ,୧୫।୬ (ଏଜେନ୍ସି): ୨୦୨୫-୨୬ ଘରୋଇ କ୍ରିକେଟ ସିଜନ ଲାଗି ବିସିସିଆଇ ପକ୍ଷରୁ ଖେଳସୂଚୀ ଘୋଷଣା କରାଯାଇଛି। ଏହି କ୍ରମରେ ଦୁଲୀପ ଟ୍ରଫିରୁ ଘରୋଇ ସିଜନ ଆରମ୍ଭ ହେବ ଓ ଅକ୍ଟୋବର ୧ରୁ ୫ ତାରିଖ ଯାଏ ଇରାନି କପ୍ ଖେଳାଯିବ। ଅଗଷ୍ଟ ୨୮ରୁ ସିଜନ ଆରମ୍ଭ ହେବା ସହ ଆନ୍ତଃଜୋନ୍ ଭିତ୍ତିରେ ଦୁଲୀପ ଟ୍ରଫି ଖେଳାଯିବାର କାର୍ଯ୍ୟକ୍ରମ ସ୍ଥିର କରାଯାଇଛି। ଘରୋଇ କ୍ରିକେଟର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଟୁର୍ଣ୍ଣାମେଣ୍ଟ ରଣଜୀ ଟ୍ରଫି ଅକ୍ଟୋବର ୧୫ରୁ ଆରମ୍ଭ ହେବ। ଓଡ଼ିଶା ଏଥର ରଣଜୀ ଟ୍ରଫି ଏଲିଟ୍ ଗ୍ରୁପ୍-ଏ'ରେ ସ୍ଥାନ ପାଇଛି। ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡକୁ ଏଥର ଓଡ଼ିଶା ସହ ଏଲିଟ୍ ଗ୍ରୁପ୍-ଏ'ରେ ମୁକାବିଲା କରିବାକୁ ପଡ଼ିବ। ବିଶଦ୍ ଖେଳସୂଚୀ ପରେ ପ୍ରକାଶ ପାଇବ। ସେହିପରି ବିସିସିଆଇ ଆପେକ୍ସ କାଉନ୍ସିଲ ବୈଠକରେ ଅନେକ ପରିବର୍ତ୍ତନ କରାଯାଇଛି। ସୟଦ ମୁସ୍ତାକ ଅଲୀ ଟି-୨୦ ଓ ବରିଷ୍ଠ ମହିଳା ଟି-୨୦ ଟ୍ରଫିରେ ଉଭୟ ଗ୍ରୁପ୍ ଲିଗ୍ ପର୍ଯ୍ୟାୟ ଓ ସୁପର ଲିଗ୍ ପର୍ଯ୍ୟାୟ ଖେଳାଯିବାକୁ ନିଷ୍ପତ୍ତି ହୋଇଛି। ଏହା ବ୍ୟତୀତ ବରିଷ୍ଠ ଘରୋଇ ଲିଷ୍ଟ-ଏ' ଓ ଟି-୨୦ ଟୁର୍ଣ୍ଣାମେଣ୍ଟରେ ପ୍ଲେଟ୍ ଡିଭିଜନ ସୃଷ୍ଟି କରାଯାଇଛି।

### ଆନ୍ତଃଜୋନ୍ ଭିତ୍ତିରେ ଖେଳାଯିବ ମହିଳା ଚ୍ୟାଲେଞ୍ଜର୍ସ

ଚଳିବର୍ଷ ଦୁଲୀପ୍ ଟ୍ରଫି ପୂର୍ବ ଫର୍ମାଟକୁ ଫେରିଛି। ବରିଷ୍ଠ ମହିଳା ଚ୍ୟାଲେଞ୍ଜର୍ସ ମଧ୍ୟ ସମାନ ଫର୍ମାଟରେ ଖେଳାଯିବ। ଚଳିତବର୍ଷ ଦୁଲୀପ୍ ଟ୍ରଫି ଆନ୍ତଃଜୋନ୍ ଭିତ୍ତିରେ ଖେଳାଯିବ। ଏଥର ୬ଟି ଜୋନ ଯଥା ପୂର୍ବାଞ୍ଚଳ, ପଶ୍ଚିମାଞ୍ଚଳ, ଦକ୍ଷିଣାଞ୍ଚଳ, କେନ୍ଦ୍ରାଞ୍ଚଳ, ଉତ୍ତରାଞ୍ଚଳ ଓ ଉତ୍ତରପୂର୍ବାଞ୍ଚଳ ଅଂଶଗ୍ରହଣ କରିବେ। ଖେଳାଳିମାନେ ନିଜ ଜୋନ୍‌କୁ ପ୍ରତିନିଧିତ୍ୱ କରିବେ। ପୂର୍ବରୁ ଟିମ-ଏ, ବି, ସି ଓ ଡି' ଭାବରେ ଜାତୀୟ ମନୋନୟନ କମିଟି ଦ୍ୱାରା ଖେଳାଳି ଚୟନ କରାଯାଇ ଦଳ ଗଠନ କରାଯାଇଥିଲା। ଏହାକୁ ଏବର୍ଷ ବନ୍ଦ କରିଦିଆଯାଇଛି। ଜୋନାଲ ଚୟନ କମିଟି ଏଥର ଖେଳାଳି ଚୟନ କରିବେ। ବରିଷ୍ଠ ମହିଳା ଚ୍ୟାଲେଞ୍ଜର୍ସ ମଧ୍ୟ ଜୋନାଲ ଫର୍ମାଟରେ ୬ଟି ଦଳକୁ ନେଇ ଖେଳାଯିବ। ଉଭୟ ଟୁର୍ଣ୍ଣାମେଣ୍ଟ ରାଉଣ୍ଡ ରବିନ ଫର୍ମାଟରେ ଖେଳାଯିବ।

### ଅକ୍ଟୋବର ୧୫ରୁ ରଣଜୀ ଟ୍ରଫି

ଘରୋଇ କ୍ରିକେଟର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଟୁର୍ଣ୍ଣାମେଣ୍ଟ ଅକ୍ଟୋବର ୧୫ରୁ ଆରମ୍ଭ ହେବ। ଗତବର୍ଷ ଭଳି ଏହା ଦୁଇଟି ପର୍ଯ୍ୟାୟରେ ଖେଳାଯିବ। ପ୍ରଥମ ପର୍ଯ୍ୟାୟ ପରେ ସୀମିତ ଓଭର କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଦେଶର ବିଭିନ୍ନ ଭାଗରେ ଜଳବାୟୁର ସ୍ଥିତିକୁ ଆଖି ଆଗରେ ରଖି ଏହି ଟୁର୍ଣ୍ଣାମେଣ୍ଟର ଖେଳସୂଚୀରେ ପରିବର୍ତ୍ତନ କରାଯାଇଛି। ଏହି ଟୁର୍ଣ୍ଣାମେଣ୍ଟ ଲାଗି କେଉଁ ଗ୍ରୁପ୍‌ରେ କେଉଁ ଦଳ ସ୍ଥାନ ପାଇବ ତାହା ସ୍ଥିର କରାଯାଇଛି। ରଣଜୀ ଟ୍ରଫି ଏଲିଟ୍ ଗ୍ରୁପ୍-ଏ'ରେ ଏଥର ଓଡ଼ିଶା ପ୍ରତିଦ୍ୱନ୍ଦ୍ୱୀ ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡ ସହ ସ୍ଥାନ ପାଇଛି। ଏଲିଟ୍ ଗ୍ରୁପ୍‌ରେ ୩୦ଟି ଦଳ ଓ ପ୍ଲେଟ୍ ଗ୍ରୁପ୍‌ରେ ୫ଟି ଦଳକୁ ସ୍ଥାନ ଦିଆଯାଇଛି। ପ୍ଲେଟ୍ ଗ୍ରୁପ୍‌ରେ ମେଘାଳୟ, ମିଜୋରାମ, ସିକ୍କିମ, ମଣିପୁର ଓ ଅରୁଣାଚଳ ପ୍ରଦେଶକୁ ସ୍ଥାନ ମିଳିଛି।

### ସୁପରଲିଗ୍ ଓ ପ୍ଲେଟ୍ ଡିଭିଜନ

ଚଳିତ ସିଜନଠାରୁ ବିସିସିଆଇ ଦ୍ୱାରା ଆୟୋଜିତ ଏକାଧିକ ଟୁର୍ଣ୍ଣାମେଣ୍ଟରେ ସୁପର ଲିଗ୍ ଓ ପ୍ଲେଟ୍ ଡିଭିଜନ ସୃଷ୍ଟି ହେବ। ବରିଷ୍ଠ ପୁରୁଷ ଓ ମହିଳା ଟି-୨୦ ଟୁର୍ଣ୍ଣାମେଣ୍ଟରେ ପ୍ରଥମଥର ଲାଗି ସୁପର ଲିଗ୍ ପର୍ଯ୍ୟାୟ ଖେଳାଯିବ। ଅଂଶଗ୍ରହଣକାରୀ ଦଳଗୁଡ଼ିକୁ ୪ଟି ଗ୍ରୁପ୍‌ରେ ଭାଗ କରାଯିବ। ପ୍ରତ୍ୟେକ ଗ୍ରୁପ୍‌ର ୨ ଶ୍ରେଷ୍ଠ ଦଳ ସୁପର ଲିଗ୍‌କୁ ଉନ୍ନୀତ ହେବେ। ଉନ୍ନୀତ ହୋଇଥିବା ୮ଟି ଦଳକୁ ପୁନର୍ବାର ୨ଟି ଗ୍ରୁପ୍‌ରେ ଭାଗ କରାଯିବ। ଗ୍ରୁପ୍ ପର୍ଯ୍ୟାୟ ରାଉଣ୍ଡ ରବିନ ଲିଗ୍ ଭିତ୍ତିରେ ଖେଳାଯିବ। ପ୍ରତ୍ୟେକ ଗ୍ରୁପ୍‌ର ଶ୍ରେଷ୍ଠ ଦଳ ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବେ।

ସେହିପରି ବିଜୟ ହଜାରେ ଟ୍ରଫି, ବରିଷ୍ଠ ମହିଳା ଦିନିକିଆ ଟୁର୍ଣ୍ଣାମେଣ୍ଟ ଓ ପୁରୁଷ ୨୩ ବର୍ଷରୁ କମ୍ ଷ୍ଟେଟ୍ ଟ୍ରଫିରେ ପ୍ଲେଟ୍ ଡିଭିଜନ ସୃଷ୍ଟିହେବ। ୨୦୨୪-୨୫ ସିଜନରେ ଶେଷ ୬ଟି ସ୍ଥାନ ଅଧିକାର କରିଥିବା ଦଳ ପ୍ଲେଟ୍ ଡିଭିଜନ୍‌ରେ ଖେଳିବେ। ଚଳିତ ସିଜନଠାରୁ ପ୍ଲେଟ୍ ଡିଭିଜନରେ ପ୍ରଥମସ୍ଥାନ ଅଧିକାର କରିଥିବା ଦଳ କେବଳ ଏଲିଟ ଡିଭିଜନକୁ ଉନ୍ନୀତ ହେବ। ସେହିପରି ଏଲିଟ ଗ୍ରୁପ୍‌ରେ ଶେଷ ସ୍ଥାନ ହାସଲ କରିଥିବା ଦଳ ପ୍ଲେଟ୍ ଲିଗ୍‌କୁ ଖସି ଆସିବ।

### କଟକରେ ବରିଷ୍ଠ ମହିଳା ପ୍ଲେଟ୍ ଲିଗ୍ ଦିନିକିଆ

ଏଥର ଘରୋଇ କ୍ରିକେଟରେ ବରିଷ୍ଠ ମହିଳା କ୍ରିକେଟ ପ୍ଲେଟ୍ ଲିଗ୍ ଦିନିକିଆ ମ୍ୟାଚ୍ କଟକରେ ଖେଳାଯିବ। ଏହି ପ୍ରତିଯୋଗିତା ଫେବୃଆରୀ ୬ରୁ ଆରମ୍ଭ ହୋଇ ୧୬ ତାରିଖ ଯାଏ ଚାଲିବ। ଏହି ପ୍ରତିଯୋଗିତା ବ୍ୟତୀତ ଗୋଟିଏ ଭେନ୍ୟୁରେ ଅନ୍ୟ କୌଣସି ଟୁର୍ଣ୍ଣାମେଣ୍ଟ ଆୟୋଜନ କରିବାକୁ ଓଡ଼ିଶା ସୁଯୋଗ ପାଇନାହିଁ। ଅନ୍ୟ ଟୁର୍ଣ୍ଣାମେଣ୍ଟର ଘରୋଇ ମ୍ୟାଚ୍‌ର ସୂଚୀ ପରେ ଜଣାପଡ଼ିବ।

## ବିସିସିଆଇ ୨୦୨୫-୨୬ ଖେଳସୂଚୀ

| | | |
|---|---|---|
| ଦୁଲୀପ ଟ୍ରଫି | : | ଅଗଷ୍ଟ ୨୮ ରୁ ସେପ୍ଟେମ୍ବର ୧୫ |
| ଇରାନି କପ୍ | : | ଅକ୍ଟୋବର ୧ରୁ ୫ |
| ରଣଜୀ ଟ୍ରଫି-୧ | : | ଅକ୍ଟୋବର ୧୫ରୁ ନଭେମ୍ବର ୧୯ |
| ରଣଜୀ ଟ୍ରଫି-୨ | : | ଜାନୁଆରୀ ୨୨ରୁ ଫେବୃଆରୀ ୧, ୨୦୨୬ |
| ରଣଜୀ ନକ୍‌ଆଉଟ | : | ଫେବୃଆରୀ ୬ରୁ ୨୮, ୨୦୨୬ |
| ମୁସ୍ତାକ ଅଲି ଟି-୨୦ | : | ନଭେମ୍ବର ୨୬ରୁ ଡିସେମ୍ବର ୧୮ |
| ବିଜୟ ହଜାରେ ଟ୍ରଫି | : | ଡିସେମ୍ବର ୨୪ରୁ ଜାନୁଆରୀ ୧୮ |
| ସିକେ ନାଇଡୁ ଟ୍ରଫି | : | ଅକ୍ଟୋବର ୧୬ରୁ ଜାନୁଆରୀ ୧୨, ୨୦୨୬ |
| ୨୩ ବର୍ଷରୁ କମ୍ ଷ୍ଟେଟ୍ ଟ୍ରଫି | : | ନଭେମ୍ବର ୧୦ରୁ ଡିସେମ୍ବର ୧ |
| ବିନୁ ମଙ୍କଡ ଟ୍ରଫି | : | ଅକ୍ଟୋବର ୯ ରୁ ନଭେମ୍ବର ୧ |
| ୧୯ ବର୍ଷରୁ କମ୍ ଦିନିକିଆ ଚ୍ୟାଲେଞ୍ଜର | : | ନଭେମ୍ବର ୫ରୁ ୧୧ |
| କୁଚ୍ ବେହାର ଟ୍ରଫି | : | ନଭେମ୍ବର ୧୬ରୁ ଜାନୁଆରୀ ୨୦, ୨୦୨୬ |
| ବିଜୟ ମର୍ଚ୍ଚାଣ୍ଟ ଟ୍ରଫି | : | ଡିସେମ୍ବର ୭ରୁ ଜାନୁଆରୀ ୨୮ । |

### ମହିଳା କ୍ରିକେଟ୍

| | | |
|---|---|---|
| ଅକ୍ଟୋବର ୮ ରୁ ୩୧ | : | ବରିଷ୍ଠ ମହିଳା ଏଲିଟ୍ ଟି-୨୦ |
| ନଭେମ୍ବର ୪ରୁ ୧୪ | : | ଆନ୍ତଃଜୋନ୍ ଟି-୨୦ |
| ଫେବୃଆରୀ ୬ରୁ ୨୮ | : | ବରିଷ୍ଠ ମହିଳା ଏଲିଟ୍ ଦିନିକିଆ ଟ୍ରଫି |
| ମାର୍ଚ୍ଚ ୨୦ରୁ ଏପ୍ରିଲ ୩ | : | ଆନ୍ତଃଜୋନ୍ ମଲ୍ଟି ଡେ ଟ୍ରଫି |

### ରଣଜୀ ଏଲିଟ୍ ଗ୍ରୁପ୍

ଗ୍ରୁପ-ଏ: ଓଡ଼ିଶା, ତାମିଲନାଡୁ, ବରୋଦା, ଝାଡଖଣ୍ଡ, ଉତ୍ତରପ୍ରଦେଶ, ଆନ୍ଧ୍ର ଓ ନାଗାଲାଣ୍ଡ।

ଗ୍ରୁପ-ବି: ସୌରାଷ୍ଟ୍ର, ଚଣ୍ଡିଗଡ଼, କର୍ଣ୍ଣାଟକ, ମହାରାଷ୍ଟ୍ର, ମଧ୍ୟପ୍ରଦେଶ, ପଞ୍ଜାବ ଓ ଗୋଆ।

ଗ୍ରୁପ-ସି: ଗୁଜରାଟ, ହରିୟାଣା, ସର୍ଭିସେସ୍, ବେଙ୍ଗଲ, ରେଳବାଇ, ତ୍ରିପୁରା, ଉତ୍ତରାଖଣ୍ଡ, ଆସାମ।

ଗ୍ରୁପ-ଡି: ମୁମ୍ବାଇ, ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ, ଦିଲ୍ଲୀ, ହାଇଦରାବାଦ୍, ରାଜସ୍ଥାନ, ଛତିଶଗଡ଼, ପୁଡୁଚେରୀ।

### ରଣଜୀ ପ୍ଲେଟ୍ ଗ୍ରୁପ୍

ମେଘାଳୟ, ମିଜୋରାମ, ସିକ୍କିମ, ମଣିପୁର, ଅରୁଣାଚଳ ପ୍ରଦେଶ ଓ ବିହାର।

### କେଉଁ ଗ୍ରୁପ୍‌ରେ ସ୍ଥାନ ପାଇଛି ଓଡ଼ିଶା

**ସୟଦ ମୁସ୍ତାକ ଅଲୀ ଟି-୨୦:**
ଏଲିଟ୍ ଗ୍ରୁପ-ଏ: ମୁମ୍ବାଇ, ବିଦର୍ଭ, ଆନ୍ଧ୍ର, କେରଳ, ରେଳବାଇ, ଆସାମ, ଛତିଶଗଡ଼ ଓ ଓଡ଼ିଶା।

**ବିଜୟ ହଜାରେ ଟ୍ରଫି :**
ଏଲିଟ୍ ଗ୍ରୁପ-ଡି : ହରିୟାଣା, ଗୁଜରାଟ, ରେଳବାଇ, ଆନ୍ଧ୍ର, ସୌରାଷ୍ଟ୍ର, ଦିଲ୍ଲୀ, ସର୍ଭିସେସ୍ ଓ ଓଡ଼ିଶା।

**ସିକେ ନାଇଡୁ ଟ୍ରଫି :**
ଏଲିଟ୍ ଗ୍ରୁପ-ବି : ମୁମ୍ବାଇ, ରାଜସ୍ଥାନ, ବେଙ୍ଗଲ, ହରିୟାଣା, ହାଇଦରାବାଦ୍, ବିଦର୍ଭ, ଆସାମ ଓ ଓଡ଼ିଶା।

**୨୩ ବର୍ଷରୁ କମ୍ ପୁରୁଷ ଷ୍ଟେଟ୍ ଟ୍ରଫି :**
ଏଲିଟ୍ ଗ୍ରୁପ-ବି : ଗୁଜରାଟ, ଆନ୍ଧ୍ର, ଜମ୍ମୁ-କଶ୍ମୀର, ଝାଡଖଣ୍ଡ, ମୁମ୍ବାଇ, ଆସାମ, ଗୋଆ ଓ ଓଡ଼ିଶା।

**ବିନୁ ମଙ୍କଡ ଟ୍ରଫି :**
ଏଲିଟ୍ ଗ୍ରୁପ-ଏ : ଗୁଜରାଟ, ଆନ୍ଧ୍ର, ବିଦର୍ଭ, ଗୋଆ, ବରୋଦା ଓ ଓଡ଼ିଶା।

**କୁଚ୍ ବେହାର ଟ୍ରଫି :**
ଏଲିଟ୍ ଗ୍ରୁପ-ସି: ମହାରାଷ୍ଟ୍ର, ଆନ୍ଧ୍ର, କର୍ଣ୍ଣାଟକ, ଉତ୍ତରାଖଣ୍ଡ, ହିମାଚଳ ।

**ବିଜୟ ମର୍ଚ୍ଚାଣ୍ଟ ଟ୍ରଫି :**
ଏଲିଟ୍ ଗ୍ରୁପ-ବି: ପଞ୍ଜାବ, ରାଜସ୍ଥାନ, ଛତିଶଗଡ଼, ପଣ୍ଡିଚେରୀ, ବିହାର ଓ ଓଡ଼ିଶା।

**ବରିଷ୍ଠ ମହିଳା ଟି-୨୦ ଟ୍ରଫି :**
ଏଲିଟ୍ ଗ୍ରୁପ-ସି : ମଧ୍ୟପ୍ରଦେଶ, ଆନ୍ଧ୍ର, କର୍ଣ୍ଣାଟକ, ହରିୟାଣା, ହାଇଦରାବାଦ୍, ଛତିଶଗଡ଼, ତ୍ରିପୁରା ଓ ଓଡ଼ିଶା।

**ବରିଷ୍ଠ ମହିଳା ଦିନିକିଆ ଟ୍ରଫି :**
ଏଲିଟ୍ ଗ୍ରୁପ-ଏ: ଏମ୍‌ପି, ୟୁପି, ମହାରାଷ୍ଟ୍ର, କର୍ଣ୍ଣାଟକ, ବରୋଦା, ଆସାମ, ପଣ୍ଡିଚେରୀ।

● ଏଫ୍ଆଇଏଚ୍ ପ୍ରୋ ଲିଗ୍: ଭାରତୀୟ ପୁରୁଷ ଓ ମହିଳା ହକି ଦଳ ପରାସ୍ତ

# ଅଷ୍ଟ୍ରେଲିଆଠୁ ଡବଲ୍ ଝଟ୍‌କା



ଅନ୍ତୱେର୍ପ, ୧୫।୬ (ଏଜେନ୍ସି): ଚଳିତ ଏଫ୍ଆଇଏଚ୍ ପ୍ରୋ ଲିଗ୍‌ର ଚଳିତ ୟୁରୋପ୍ ଲେଗ୍‌ରେ ରବିବାର ଖେଳାଯାଇଥିବା ଦୁଇଟି ମ୍ୟାଚରେ ଭାରତର ଉଭୟ ପୁରୁଷ ଓ ମହିଳା ହକି ଦଳ ଅଷ୍ଟ୍ରେଲିଆ ନିକଟରୁ ହାରିଯାଇଛି। ଫଳରେ ଅଷ୍ଟ୍ରେଲିଆ ଗୋଟିଏ ଦିନରେ ଭାରତର ପୁରୁଷ ଓ ମହିଳା ଦଳକୁ ପରାସ୍ତ କରି ହକି ଦଳ ଡବଲ୍ ଝଟ୍‌କା ଦେଇଛି।

**କ୍ରମାଗତ ୬ଷ୍ଠ ପରାଜୟ:**
ଏଫ୍ଆଇଏଚ୍ ପ୍ରୋ ଲିଗ୍‌ରେ ହର୍‌ମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧିନ ଭାରତୀୟ ପୁରୁଷ ହକି ଦଳ ୟୁରୋପ୍ ପର୍ଯ୍ୟାୟରେ ନୈରାଶ୍ୟଜନକ ପ୍ରଦର୍ଶନ ଜାରି ରଖି କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି। ରବିବାର ଅଷ୍ଟ୍ରେଲିଆ ନିକଟରୁ ଭାରତ ୨-୩ ଗୋଲରେ ମ୍ୟାଚ୍ ହାରିଥିଲା। ପ୍ରଥମାର୍ଦ୍ଧରେ ଅଷ୍ଟ୍ରେଲିଆ ୩ଟି ଯାକ ଗୋଲ୍ ଦେଇଥିଲା। ଭାରତ ପକ୍ଷରୁ ସଞ୍ଜୟ ଓ ଦିଲ୍‌ପ୍ରୀତ୍ ସିଂହ ଗୋଲ୍ ଦେଇଥିଲେ ମଧ୍ୟ ଦଳକୁ ପରାଜୟରୁ ରକ୍ଷା କରିପାରି ନ ଥିଲେ। ୟୁରୋପ୍ ଲେଗ୍ ପୂର୍ବରୁ ଭାରତ ପ୍ରୋ ଲିଗ୍‌ରେ ୮ ମ୍ୟାଚ୍ ଖେଳି ୫ ବିଜୟ ସହ ୧୫ ପଏଣ୍ଟ ପାଇ ୪ର୍ଥ ସ୍ଥାନରେ ଥିଲା। କିନ୍ତୁ କ୍ରମାଗତ ୬ଟି ମ୍ୟାଚ୍ ହାରିବା ପରେ ବର୍ତ୍ତମାନ ୧୪ ମ୍ୟାଚରୁ ୯ ପରାଜୟ ସହ ସେହି ସମାନ ୧୫ ପଏଣ୍ଟ ପାଇ ୭ମ ସ୍ଥାନକୁ ଖସିଯାଇଛି। ଭାରତ ପରବର୍ତ୍ତୀ ମ୍ୟାଚରେ ଜୁନ ୨୧ରେ ବେଲ୍‌ଜିୟମକୁ ଭେଟିବ।

**ପୁଣି ହାରିଲା ମହିଳା ଦଳ:**
ମହିଳା ପ୍ରୋ ଲିଗ୍‌ରେ ଭାରତ କ୍ରମାଗତ ଦ୍ୱିତୀୟ ଦିନରେ ଅଷ୍ଟ୍ରେଲିଆ ନିକଟରୁ ପରାଜୟ ସାମ୍ନା କରିଛି। ଲଣ୍ଡନରେ ଶନିବାର ଖେଳାଯାଇଥିବା ପ୍ରଥମ ମ୍ୟାଚରେ ଅଷ୍ଟ୍ରେଲିଆ ମହିଳା ହକି ଦଳ ୩-୨ ଗୋଲରେ ଭାରତକୁ ହରାଇଥିଲା। ରବିବାର ମଧ୍ୟ ଅଷ୍ଟ୍ରେଲିଆ ଏହି ବିଜୟଧାରା ବଜାୟ ରଖି ୨-୧ ଗୋଲରେ ସାଲିମା ଟେଟେଙ୍କ ନେତୃତ୍ୱାଧୀନ ଭାରତୀୟ ଦଳକୁ ମାତ୍ ଦେଇଛି। ପ୍ରୋ ଲିଗ୍‌ର ଚଳିତ ସଂସ୍କରଣରେ ଭାରତର ଏହା ୧୨ତମ ମ୍ୟାଚରୁ ୭ମ ପରାଜୟ ଥିଲା। ୯ ପଏଣ୍ଟ ସହ ଦଳ ବର୍ତ୍ତମାନ ୭ମ ସ୍ଥାନରେ ରହିଛି।

ଅନ୍ତର୍ଜାତୀୟ ହକିରେ ୪୦୦ ମ୍ୟାଚ୍

# ଦିଲୀପଙ୍କ କ୍ଲବ୍‌ରେ ମନପ୍ରୀତ୍



ଅନ୍ତୱେର୍ପ, ୧୫।୬ (ଏଜେନ୍ସି): ଭାରତୀୟ ହକି ଦଳର ପୂର୍ବତନ ଅଧିନାୟକ ତଥା ଭେଟେରାନ ମିଡ୍‌ଫିଲ୍ଡର ମନପ୍ରୀତ୍ ସିଂହ ରବିବାର ଏକ ସ୍ୱତନ୍ତ୍ର କ୍ଲବରେ ସାମିଲ ହୋଇଛନ୍ତି। ଦ୍ୱିତୀୟ ଭାରତୀୟ ପୁରୁଷ ଖେଳାଳି ଭାବେ ମନପ୍ରୀତ୍ ଅନ୍ତର୍ଜାତୀୟ ହକିରେ ୪୦୦ ମ୍ୟାଚ୍ ଖେଳିବାର ସୌଭାଗ୍ୟ ଲାଭ କରିଛନ୍ତି। ରବିବାର ଏଠାରେ ଖେଳାଯାଇଥିବା ଏଫ୍ଆଇଏଚ୍ ପ୍ରୋ ଲିଗ୍ (ପୁରୁଷ)ର ଅଷ୍ଟ୍ରେଲିଆ ବିପକ୍ଷ ମୁକାବିଲା ଖେଳି ମନପ୍ରୀତ୍ ଏହି ମାଇଲଖୁଣ୍ଟ ହାସଲ କରିଛନ୍ତି। ବର୍ତ୍ତମାନ ହକି ଇଣ୍ଡିଆର ସଭାପତି ଥିବା ପଦ୍ମଶ୍ରୀ ଦିଲୀପ ତିର୍କୀ (୪୧୨ ମ୍ୟାଚ୍) ପ୍ରଥମ ଭାରତୀୟ ପୁରୁଷ ହକି ଖେଳାଳି ଭାବେ ୪୦୦ କିମ୍ବା ଏହାଠାରୁ ଊର୍ଦ୍ଧ୍ୱ ମ୍ୟାଚ୍ ଖେଳିବାର ରେକର୍ଡ କରିଥିଲେ। ବର୍ତ୍ତମାନ ମନପ୍ରୀତ୍ ଏହି କ୍ଲବରେ ସାମିଲ ହୋଇଛନ୍ତି। ଏହି ଅବସରରେ ଅଷ୍ଟ୍ରେଲିଆ ହକି ପକ୍ଷରୁ ମନପ୍ରୀତ୍‌ଙ୍କୁ ସମସ୍ତ ଖେଳାଳିଙ୍କ ଦସ୍ତଖତ ସମ୍ବଳିତ ଏକ ସ୍ୱତନ୍ତ୍ର ଜର୍ସି ଉପହାର ଆକାରରେ ପ୍ରଦାନ କରାଯାଇଥିଲା।

୨୦୧୧ରେ ମାତ୍ର ୧୯ ବର୍ଷ ବୟସରେ ଭାରତ ପକ୍ଷରୁ ପଦାର୍ପଣ କରିଥିବା ମନପ୍ରୀତ୍ ଦୁଇ ଦୁଇଥର ଅଲିମ୍ପିକ ପଦକ ବିଜୟୀ ଭାରତୀୟ ଦଳର ସଦସ୍ୟ ରହିଛନ୍ତି। ମନପ୍ରୀତ୍‌ଙ୍କ ନେତୃତ୍ୱରେ ଭାରତ ୨୦୨୦ ଟୋକିଓ ଅଲିମ୍ପିକ୍ସରେ ଐତିହାସିକ କାଂସ୍ୟ ପଦକ ସଫଳତା ପାଇଥିଲା। ମନପ୍ରୀତ୍ ଭାରତର ସର୍ବୋଚ୍ଚ କ୍ରୀଡ଼ା ସମ୍ମାନ ମେଜର ଧ୍ୟାନଚାନ୍ଦ ଖେଳରତ୍ନ ପୁରସ୍କାର (୨୦୨୧) ସମେତ ଅର୍ଜୁନ (୨୦୧୮), ବର୍ଷର ଶ୍ରେଷ୍ଠ ହକି ଖେଳାଳି (୨୦୧୯) ପୁରସ୍କାର ଜିତିଛନ୍ତି।

### କ୍ୱିନ୍ସ କ୍ଲବ୍ ଚାମ୍ପିଅନସିପ୍: ମାରିଆ ବୟୋଜ୍ୟେଷ୍ଠ ଚାମ୍ପିଅନ

ଲଣ୍ଡନ, ୧୫।୬ (ଏଜେନ୍ସି): ୫୨ ବର୍ଷ ପରେ ଖେଳାଯାଇଥିବା କ୍ୱିନ୍ସ କ୍ଲବ ଡବ୍ଲ୍ୟୁଟିଏ ୫୦୦ ଇଭେଣ୍ଟ ମହିଳା ଟେନିସ ଟୁର୍ଣ୍ଣାମେଣ୍ଟରେ ଜର୍ମାନୀର ଯୋଗ୍ୟତା ଅର୍ଜନକାରୀ ଖେଳାଳି ତାତ୍‌ଜାନା ମାରିଆ ଚାମ୍ପିଅନ ହୋଇଛନ୍ତି। ରବିବାର ଖେଳାଯାଇଥିବା ଫାଇନାଲରେ ମାରିଆ ୬-୩, ୬-୪ ସିଧାସଳଖ ସେଟ୍‌ରେ ବିଶ୍ୱ ମାନ୍ୟତାର ୧୫ତମ ସ୍ଥାନରେ ରହିଥିବା ଆମେରିକାର ଆମଣ୍ଡା ଆନିସିମୋଭାଙ୍କୁ ପରାସ୍ତ କରିଛନ୍ତି। ଏଥିସହ ୩୭ ବର୍ଷୀୟା ମାରିଆ କ୍ୱିନ୍ସ କ୍ଲବରେ ଚାମ୍ପିଅନ ହେବାରେ ବୟୋଜ୍ୟେଷ୍ଠ ଖେଳାଳି ହୋଇଛନ୍ତି। ଉଲ୍ଲେଖଯୋଗ୍ୟ, ୧୯୭୩ରେ ଶେଷଥର ଲାଗି କ୍ୱିନ୍ସ କ୍ଲବରେ ମହିଳା ଟୁର୍ଣ୍ଣାମେଣ୍ଟ ଆୟୋଜିତ ହୋଇଥିଲା। ସେହିବର୍ଷ ରୁଷିଆର ଓଲଗା ମୋରୋଜୋଭା ଚାମ୍ପିଅନ ହୋଇଥିଲେ।

## ଜାତୀୟ କରାଟେ ୮ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୩୬ ପଦକ



ଭୁବନେଶ୍ୱର, ୧୫।୬ (ସମିସ): ଉତ୍ତରାଖଣ୍ଡର ଡେରାଡୁନଠାରେ ଗତ ୧୨ ତାରିଖରୁ ଚାଲିଥିବା ଜାତୀୟ ଉପକନିଷ୍ଠ, କନିଷ୍ଠ ଓ ଯୁବ କରାଟେ ପ୍ରତିଯୋଗିତା ରବିବାର ଉଦ୍‌ଯାପିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ଓଡ଼ିଶା ଦଳ ପ୍ରଭାବୀ ପ୍ରଦର୍ଶନ କରି ମୋଟ୍ ୩୬ ପଦକ ବିଜୟୀ ହୋଇ ୪ର୍ଥ ସ୍ଥାନ ହାସଲ କରିଛି। ଯେଉଁଥିରେ ୮ ସ୍ୱର୍ଣ୍ଣ, ୧୩ ରୌପ୍ୟ ଓ ୧୫ କାଂସ୍ୟ ପଦକ ରହିଛି। ଶେଷ ଦିନରେ ଓଡ଼ିଶା ପାଇଁ ବୈଭବ ପଟ୍ଟନାୟକ ୧୧ ବର୍ଷରୁ କମ୍ ବାଳକ କାଟାରେ ସ୍ୱର୍ଣ୍ଣପଦକ ଜିତିଥିଲେ। ସେହିଭଳି ନୀତିକ ମହନ୍ତ, ବିଶ୍ୱଦୀପ ବେହେରା ଓ ଅଭିଜ୍ଞାନ ଦାଶ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ଅପରପକ୍ଷରେ ବ୍ୟକ୍ତିଗତ ବିଭାଗରେ ୫ଜଣ ଓ ଦଳଗତ ବିଭାଗରେ ଓଡ଼ିଶା ଗୋଟିଏ କାଂସ୍ୟ ପଦକ ହାସଲ କରିଥିଲା।

ଏହି ସଫଳତା ଲାଗି ଓଡ଼ିଶା ରାଜ୍ୟ କରାଟେ ଡୋ ସଂଘ ତରଫରୁ ସମସ୍ତ ଖେଳାଳି, ପ୍ରଶିକ୍ଷକ ଓ ମ୍ୟାନେଜରଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଯାଇଛି। ପ୍ରଶିକ୍ଷକ ଭାବେ ଦୀପକ କୁମାର ସାମନ୍ତରା, ସନ୍ତୋଷ ମହାରଣା, ରାଜେନ୍ଦ୍ର ସାମଲ, କେ.ଜି.କେ. ପ୍ରତିହାରୀ, ସୁସମିନୀ ପାଲଟାସିଂ, କୃଷ୍ଣଚନ୍ଦ୍ର ମହାରଣା, ଭାଲେନା ଭାଲେଣ୍ଟିନା, ଦେବେନ୍ଦ୍ର ରଣା ଦଳ ସହ ଗସ୍ତ କରିଥିଲେ। ସେହିଭଳି ଅବିନାଶ ପୁହରି ମ୍ୟାନେଜର ଓ ରାଜୀବ ସିଂ ଅଫିସିଆଲ୍ ଦାୟିତ୍ୱରେ ରହିଥିଲେ।

## ୧୧ ବର୍ଷରୁ କମ୍ ଖୋର୍ଦ୍ଧା ଜିଲ୍ଲା ଚେସ୍ ଅକ୍ଷରା ଓ ସତ୍ୟସ୍ୱରୂପ ଚାମ୍ପିଅନ

ଭୁବନେଶ୍ୱର, ୧୫।୬ (ସମିସ): ଅକ୍ଷରା ହାନଗା ଓ ସତ୍ୟସ୍ୱରୂପ ମିଶ୍ର ଚଳିତବର୍ଷ ୧୧ ବର୍ଷରୁ କମ୍ ଖୋର୍ଦ୍ଧା ଜିଲ୍ଲା ଚେସ୍ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ବାଳିକା ବିଭାଗରେ ଅକ୍ଷରା ଓ ବାଳକ ବିଭାଗରେ ସତ୍ୟସ୍ୱରୂପ ୫ ରାଉଣ୍ଡ ବିଶିଷ୍ଟ ଟୁର୍ଣ୍ଣାମେଣ୍ଟରେ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ଅନ୍ୟ ବାଳିକା ପ୍ରତିଯୋଗୀଙ୍କ ମଧ୍ୟରେ ଅନିଷା ଆଚାର୍ଯ୍ୟ ରନର୍ସ ଅପ୍ ଓ ଶ୍ରୀୟାଦିତ୍ୟ ପଟ୍ଟନାୟକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ବାଳକ ବିଭାଗରେ ଆର୍ଯ୍ୟାଂଶ ମିଶ୍ର ଦ୍ୱିତୀୟ ଓ ନମନ ରାଜ ତୃତୀୟ ସ୍ଥାନ ହାସଲ କରିଥିଲେ। ଏହି ପ୍ରତିଯୋଗିତାରେ ୫୫ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଖେଳ ଶେଷରେ ସିଭି ରମଣ ଗ୍ଲୋବାଲ ୟୁନିଭର୍ସିଟିର ପ୍ରୋ ଭାଇସ୍ ଚାନ୍ସେଲର ଗୁଣ୍ଡା ଶ୍ରୀଦେବୀ ମୁଖ୍ୟ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ବୋଲି ଆୟୋଜକ ଖୋର୍ଦ୍ଧା ଜିଲ୍ଲା ଚେସ ସଂଘ ସମ୍ପାଦକ ଶୁଭାଶିଷ ପଟ୍ଟନାୟକ ଜଣାଇଛନ୍ତି। ଭବେଶ ମହାନ୍ତି, ସ୍ୱୟଂଶୁ ସତ୍ୟକାମ ପ୍ରମୁଖ ଉପସ୍ଥିତ ଥିଲେ। ସୁଶାନ୍ତ ଷଡଙ୍ଗୀ, ସନ୍ତୋଷ ମହାପାତ୍ର ପ୍ରମୁଖ ଖେଳ ପରିଚାଳନାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ।

ଖଣ୍ଡିତର ସର୍ବଭାରତୀୟ କବାଡ଼ି

# ପୁରୁଷ ସେମିଫାଇନାଲରେ ପୁରୀ, ଭୋପାଳ



ରସୁଲପୁର,୧୫।୬(ସମିସ): ପୁରୀର ଶ୍ରୀ ଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟ ଓ ଭୋପାଳ ଦଳ ରସୁଲପୁର ବ୍ଲକ୍ ଖଣ୍ଡିତର ଠାରେ ଚାଲିଥିବା ୭୦ତମ ସର୍ବ ଭାରତୀୟ କବାଡି ପ୍ରତିଯୋଗିତାର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ରବିବାର ଖେଳାଯାଇଥିବା କ୍ୱାର୍ଟର ଫାଇନାଲ ମୁକାବିଲାରେ ପୁରୀ ଟିମ୍ ଜବରଦସ୍ତ ଖେଳ ପ୍ରଦର୍ଶନ କରି ୪୦- ୧୭ ପଏଣ୍ଟରେ ଗୁଜରାଟକୁ ପରାସ୍ତ କରି ଦ୍ୱିତୀୟ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଥିଲା। ପୂର୍ବରୁ ଖେଳାଯାଇଥିବା ପ୍ରଥମ କ୍ୱାର୍ଟର ଫାଇନାଲରେ ଭୋପାଳ ଦଳ ମଧ୍ୟ ଦମ୍‌ଦାର ଖେଳିଥିଲା। ଏହି ମୁକାବିଲାକୁ ଭୋପାଳ ୩୩-୨୧ ପଏଣ୍ଟରେ ନାଗପୁର ଟିମ୍‌କୁ ପରାସ୍ତ କରି ପ୍ରଥମ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଥିଲା। ଆସନ୍ତାକାଲି ବା ସୋମବାର ଅନ୍ୟ ଦୁଇଟି କ୍ୱାର୍ଟର ଫାଇନାଲ ମୁକାବିଲା ହେବ। ୩ୟ କ୍ୱାର୍ଟର ଫାଇନାଲ୍‌ରେ ପୁଲ୍ ଏ'ର ବିଳାସପୁର ସହ ପୁଲ୍ ଡି'ର ଭଞ୍ଜନଗର, ୪ର୍ଥ କ୍ୱାର୍ଟର ଫାଇନାଲ୍‌ରେ ପୁଲ୍-ଡି ର ଦିଲ୍ଲୀ ସହ ପୁଲ୍ ଏ'ର କଟକ ମୁହାଁମୁହିଁ ହେବେ। ଷ୍ଟାର୍ ଖଚିତ ରେଳବାଇ ଦଳର ଭଲ ଖେଳ ପ୍ରଦର୍ଶନ ସତ୍ତ୍ୱେ କ୍ୱାର୍ଟର ଫାଇନାଲ୍‌ରେ ପ୍ରବେଶ କରିନପାରିବା ଦର୍ଶକ ମାନଙ୍କୁ ନିରାଶ କରିଥିଲା।

ପୂର୍ବରୁ ଆଜି ସକାଳେ ଅନୁଷ୍ଠିତ ପ୍ରଥମ ମ୍ୟାଚ୍‌ରେ ନାଗପୁର ଏନ୍ଏସଏସ ପଶ୍ଚିମବଙ୍ଗକୁ ୪୭-୧୧ପଏଣ୍ଟର ଏକ ବଡ ବ୍ୟବଧାନ ହରାଇଥିଲା। ସେହିପରି ବିଳମ୍ବରେ ଆରମ୍ଭ ହୋଇଥିବା ମହିଳା ବିଭାଗର ଆଜିର ପ୍ରଥମ ମ୍ୟାଚ୍‌ରେ ଦକ୍ଷିଣ ପୂର୍ବ ରେଳବାଇ ୩୧-୨୦ ପଏଣ୍ଟରେ କିଟ୍ ବିଶ୍ୱବିଦ୍ୟାଳୟକୁ ହରାଇଥିଲା। ଆଜିର ୨ୟ ମ୍ୟାଚ୍ ତଥା ପୁରୁଷ ବିଭାଗର ୧୬ତମ ମ୍ୟାଚ୍‌ରେ ବିଳାସପୁର ୩୪-୨୩ ପଏଣ୍ଟରେ କଟକକୁ ହରାଇଥିଲା। ୧୭ତମ ମ୍ୟାଚ୍‌ରେ କିନ୍ତୁ ଓଡିଶାର ଏସଜେଏସୟୁ ପୁରୀ କଡ଼ା ମୁକାବିଲାରେ ଭୋପାଳକୁ ୨୩-୧୯ ପଏଣ୍ଟରେ ହରାଇଥିଲା। ତେବେ ଗତକାଲି ଭଳି ଆଜି ମଧ୍ୟ ରାଜ୍ୟ ବାହାରର ଦଳ ମାନଙ୍କର ଦବଦବା ରହିଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS